୭୯ତମ
ସ୍ୱାଧୀନତା ଦିବସ ଅବସରରେ
'ସକାଳ' ପରିବାର ତରଫରୁ
ହାର୍ଦ୍ଦିକ ଶୁଭେଚ୍ଛା ।।

ସ୍ୱାଧୀନତା ଦିବସ ଉପଲକ୍ଷେ
୧୫ ତାରିଖ 'ସକାଳ'
କାର୍ଯ୍ୟାଳୟ ଛୁଟି ରହୁଥିବାରୁ
ପରବର୍ତ୍ତୀ ସଂସ୍କରଣ
୧୭ ତାରିଖ (ରବିବାର)
ପ୍ରକାଶ ପାଇବ



- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

PANIKOILI | ♦VOLUME- 43 ♦ISSUE-52 ♦FRIDAY ♦15 AUGUST 2025 ♦PAGE-12 ♦₹ 6.00

♦ବର୍ଷ-୪୩ ♦ସଂଖ୍ୟା-୫୨ ♦ଶୁକ୍ରବାର ♦୧୫ ଅଗଷ୍ଟ ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦

DADLS-41



## ୭୯ତମ ସ୍ୱାଧୀନତା ଦିବସର ଅଭିନନ୍ଦନ ଓ ଶୁଭେଚ୍ଛା

## ବିକଶିତ ଭାରତ@୨୦୪୭ ମାର୍ଗରେ ଓଡ଼ିଶାର ସମାବେଶୀ ବିକାଶ

### ସୁରକ୍ଷିତ ହେଉଛି ଓଡ଼ିଆ ଅସ୍ମିତା, ବିକଶିତ ହେଉଛି ଐତିହ୍ୟ

ପୁରୀର ପ୍ରସିଦ୍ଧ 'ସାହିଯାତ'କୁ ମିଳିଛି **୧୭ ଲକ୍ଷ** ଟଙ୍କାର ଅନୁଦାନ

'ବରପୁତ୍ର ଐତିହ୍ୟ ଗ୍ରାମ' ଯୋଜନାର ଶୁଭାରମ୍ଭ

### ସଶକ୍ତ ମହିଳା, ବିକଶିତ ଓଡ଼ିଶା

'ସୁଭଦ୍ରା' ଯୋଜନାରେ **୧ କୋଟି** ମହିଳା ଉପକୃତ, କୋଟିଆ ପଞ୍ଚାୟତରୁ ୧୭୮୩

**୧୭ ଲକ୍ଷ** 'ଲକ୍ଷପତି ଦିଦି' ସୃଷ୍ଟି କରି ସାରା ଦେଶରେ ସବୁଠୁ ଆଗରେ ଓଡ଼ିଶା

### କୃଷି ଓ କୃଷକଙ୍କ କଲ୍ୟାଣରେ ସମର୍ପିତ ଲୋକଙ୍କ ସରକାର

ଗୋପାଳକଙ୍କୁ ପ୍ରୋତ୍ସାହିତ କରୁଛି 'ମୁଖ୍ୟମନ୍ତ୍ରୀ କାମଧେନୁ ଯୋଜନା'

'ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ' ଯୋଜନାରେ **୧୧୭ ପ୍ରକାର** କୃଷି ଉଦ୍ୟୋଗ ପାଇଁ **୧ କୋଟି** ଟଙ୍କା ଯାଏଁ ରିହାତି

### ଲୋକଙ୍କ ସରକାରରେ ସ୍ୱାସ୍ଥ୍ୟ ସେବାକୁ ଗୁରୁତ୍ୱ

ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା, ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ଏବଂ ଆୟୁଷ୍ମାନ୍ ବୟୋ ବନ୍ଦନା ଯୋଜନା କାର୍ଯ୍ୟକାରୀ

### ସୁଲଭ ଓ ସୁରକ୍ଷିତ ଯାତାୟାତ ଏବଂ ଉନ୍ନତ ପରିବହନ ଓ ପର୍ଯ୍ୟଟନ ବ୍ୟବସ୍ଥା

ଭୁବନେଶ୍ୱରରୁ ଆବୁଧାବିକୁ ସିଧାସଳଖ ବିମାନ ଚଳାଚଳ ଆରମ୍ଭ

ସୁବର୍ଣ୍ଣପୁରରୁ-ପୁରୁଣାକଟକକୁ ରେଳ ସଂଯୋଗ

୧୦୦ ଗୋଟି ଇ-ବସ୍ ସେବାର ଶୁଭାରମ୍ଭ

### ଲୋକଙ୍କ ସରକାରରେ ସାମାଜିକ ସୁରକ୍ଷାକୁ ପ୍ରାଧାନ୍ୟ

କାର୍ଯ୍ୟରତ ପଞ୍ଚାୟତିରାଜ ପ୍ରତିନିଧିଙ୍କ ମୃତ୍ୟୁରେ **୨ ଲକ୍ଷ** ଟଙ୍କାର ଅନୁକମ୍ପାମୂଳକ ସହାୟତା ରାଶି ଓ ଅକ୍ଷମତା କ୍ଷେତ୍ରରେ **୧ ଲକ୍ଷରୁ ୨ ଲକ୍ଷ** ଟଙ୍କା ପର୍ଯ୍ୟନ୍ତ ଆର୍ଥିକ ସହାୟତା

ପରିମଳ (ସ୍ୱରେଜ ଓ ସେପ୍‌ଟିକ୍ ଟାଙ୍କି ସଫେଇ) କର୍ମଚାରୀଙ୍କ ପାଇଁ **୧୦ ଲକ୍ଷ** ଟଙ୍କାର ଜୀବନ ବୀମା, କର୍ମକ୍ଷେତ୍ରରେ ଜୀବନହାନି ହେଲେ **୩୦ ଲକ୍ଷ** ଟଙ୍କାର ସହାୟତା ରାଶି

### ସବୁ ଜିଲ୍ଲାରେ ଶିଳ୍ପ, ସବୁ ଜିଲ୍ଲାରେ ଉଦ୍ୟୋଗୀ

ଘରୋଇ ପୁଞ୍ଜିନିବେଶରେ ଦେଶରେ ଓଡ଼ିଶା ୧ ନମ୍ବର ୨୦୨୫ ଏପ୍ରିଲରୁ ଜୁନ ମଧ୍ୟରେ ସାରା ଦେଶର ମୋଟ ଘରୋଇ ପୁଞ୍ଜିନିବେଶର ୪୦% ଓଡ଼ିଶାରେ

DMF ପାଣ୍ଠି ସଂଗ୍ରହରେ ମଧ୍ୟ ସାରା ଦେଶରେ ସବୁଠୁ ଆଗରେ ଓଡ଼ିଶା

### ଲୋକଙ୍କ ସରକାରରେ ସୁଶାସନ ଓ ସୁରକ୍ଷାକୁ ପ୍ରାଧାନ୍ୟ, ନ୍ୟାୟିକ ବ୍ୟବସ୍ଥା ସୁଦୃଢ଼

ଦୁର୍ନୀତି ଓ ଦୁର୍ନୀତିଗ୍ରସ୍ତଙ୍କ ପ୍ରତି ସରକାରଙ୍କ 'ଶୂନ୍ୟ ସହନଶୀଳ' ନୀତି ଅବଲମ୍ବନ ପ୍ରଶସ୍ତ କରୁଛି ସୁଶାସନ ଓ ଗରିବ କଲ୍ୟାଣ

ଲୋକଙ୍କ ସରକାରରେ ସୁଦୃଢ଼ ହେଉଛି ସହାୟତା ବ୍ୟବସ୍ଥା, ଜରୁରୀକାଳୀନ ପ୍ରଶମନ ପାଇଁ 'ଡାଏଲ ୧୧୨ ଯୋଜନା'ର ସମ୍ପ୍ରସାରଣ

### ଯୁବ ସଶକ୍ତିକରଣ ପାଇଁ ଉତ୍ସର୍ଗୀକୃତ ଲୋକଙ୍କ ସରକାର

ସରକାରୀ ଚାକିରି ଆବେଦନ ବୟସ ସୀମା **୩୨ ରୁ ୪୨** କୁ ବୃଦ୍ଧି

ଗତ ଏକ ବର୍ଷରେ ବିଭିନ୍ନ ସରକାରୀ ପଦବୀରେ ମିଳିଛି **୨୮ହଜାର**ରୁ ଅଧିକ ନିଯୁକ୍ତି, ଚଳିତବର୍ଷ ଆଉ **୪୦ ହଜାର** ସରକାରୀ ଚାକିରୀ ଦେବାର ଲକ୍ଷ୍ୟ

### ଜନଜାତି ଉନ୍ନତିରେ ଲୋକଙ୍କ ସରକାର

'ମାଧୋ ସିଂ ହାତ ଖର୍ଚ୍ଚ ଯୋଜନା'ରେ **୩ ଲକ୍ଷ** ଯୋଗ୍ୟ ଆଦିବାସୀ ଛାତ୍ରଛାତ୍ରୀଙ୍କୁ ମିଳୁଛି ବାର୍ଷିକ **୫ ହଜାର** ଟଙ୍କା

'ଆମେ ପଢ଼ିବା ଆମ ଭାଷାରେ' ଯୋଜନାରେ **୧୭ଟି** ଆଦିବାସୀ ଭାଷାରେ ମିଳୁଛି ମାତୃଭାଷା ଆଧାରିତ ପ୍ରାଥମିକ ଶିକ୍ଷା

### ସୁଦୃଢ଼ ହେଉଛି ଶିକ୍ଷା ବ୍ୟବସ୍ଥା ସୁନିଶ୍ଚିତ ହେଉଛି ଭବିଷ୍ୟତ

ଗୁଣାତ୍ମକ ଶିକ୍ଷାର ସୁନିଶ୍ଚିତତା ପାଇଁ ପ୍ରଥମ ପର୍ଯ୍ୟାୟରେ **୮୩୫** 'ଗୋଦାବରୀଶ ମିଶ୍ର ଆଦର୍ଶ ବିଦ୍ୟାଳୟ'

ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ 'ମାଗଣା ଛାତ୍ରାବାସ ସୁବିଧା'

### ବିକଶିତ ଓଡ଼ିଶା ପାଇଁ ବିକଶିତ ଗାଁ ଓ ସମୃଦ୍ଧ ସହର

'ପିଏମ୍-ଆବାସ' ଓ 'ଅନ୍ତ୍ୟୋଦୟ ଗୃହ ଯୋଜନାରେ **୨.୬୫ ଲକ୍ଷ** ଲୋକଙ୍କୁ ମିଳିଛି ପକ୍କା ଘର

ମହାନଗର ନିଗମରେ ପରିଣତ ହେବ ପୁରୀ ପୌରପାଳିକା

### ପରିବେଶ ଅନୁକୂଳ ବିକାଶକୁ ପ୍ରାଧାନ୍ୟ ଦେଉଛନ୍ତି ଲୋକଙ୍କ ସରକାର

ଅକ୍ଷୟ ଶକ୍ତି ବ୍ୟବହାରରେ ଅଗ୍ରଣୀ ଓଡ଼ିଶା

ସୌରଶକ୍ତିସମ୍ପନ୍ନ ହୋଇଛି **୬୦୩ଟି** ସରକାରୀ କୋଠା

### ଲୋକଙ୍କ ସରକାରରେ ସୁନିଶ୍ଚିତ ହେଉଛି ଛାତ୍ରୀଙ୍କ ସୁରକ୍ଷା

ଉଚ୍ଚ ଶିକ୍ଷାନୁଷ୍ଠାନରେ ଛାତ୍ରୀଙ୍କ ସୁରକ୍ଷା, ଆତ୍ମରକ୍ଷା ଓ ସଶକ୍ତିକରଣ ସୁନିଶ୍ଚିତତା ପାଇଁ ଐତିହାସିକ ପଦକ୍ଷେପ 'ଶକ୍ତିଶ୍ରୀ'

ଛାତ୍ରୀଙ୍କ ସାଥି 'ଶକ୍ତିଶ୍ରୀ ମୋବାଇଲ ଆପ୍'

### ଓଡ଼ିଆ ଅସ୍ମିତାର ପରିଚୟ ବୁଣାକାରଙ୍କୁ ମିଳୁଛି ସମ୍ମାନ

ଓଡ଼ିଶାରେ ବୟନ ଶିଳ୍ପର ଅଭିବୃଦ୍ଧି ପାଇଁ 'ଓଡ଼ିଶା ଟେକ୍ସ-୨୦୨୫'ରେ **୧୬୦**ରୁ ଅଧିକ ଉଦ୍ୟୋଗପତିଙ୍କ ସହିତ **୩୩ ଏମଓୟୁ** ସ୍ୱାକ୍ଷରିତ, **୮ ହଜାର କୋଟି** ପୁଞ୍ଜି ନିବେଶ ପ୍ରସ୍ତାବ ପ୍ରାପ୍ତ-**୫୩,୩୦୦** ନିଯୁକ୍ତି ସୁଯୋଗ ସୃଷ୍ଟି

### ଲୋକଙ୍କ ସରକାରରେ ତ୍ୱରାନ୍ୱିତ ହେଉଛି ସାମଗ୍ରିକ ବିକାଶଧାରା

ଦୁର୍ଗମ ତଥା ପଛୁଆ ଅଞ୍ଚଳର ଉତ୍ପାଦକୁ ରାଜ୍ୟ ଓ ଜାତୀୟସ୍ତରରେ ପ୍ରୋତ୍ସାହିତ କରିବ 'ଆକାଂକ୍ଷା ହାଟ'

'ଡିଜିଟାଲ ଇ-ମାର୍କେଟ ପ୍ଲେସ'ରେ ଉପଲବ୍ଧ ହେବ ଆକାଂକ୍ଷୀ ଜିଲ୍ଲାର ଉତ୍ପାଦ

ସୂଚନା ଓ ଲୋକସମ୍ପର୍କ ବିଭାଗ, ଓଡ଼ିଶା ସରକାର

OIPR-15001/13/0954/2526

# ରାଜ୍ୟରେ ବର୍ଷକୁ ମରୁଛନ୍ତି ୮୪ ହାତୀ

ଭୁବନେଶ୍ୱର,୧୪।୮ (ସମିସ): ହାତୀମୃତ୍ୟୁ ରୋକିବାକୁ ଅନେକ ଯୋଜନା କାର୍ଯ୍ୟକାରୀ କରାଯାଇଥିଲେ ହେଁ ରାଜ୍ୟରେ ହାତୀ ମୃତ୍ୟୁ ସଂଖ୍ୟା ଦୃଷ୍ଟାନ୍ତମୂଳକ ଭାବେ ବଢ଼ି ଚାଲିବା ଚିନ୍ତାର କାରଣ ହୋଇଛି। ୨୦୧୦-୧୧ରୁ ୨୦୨୪-୨୫ ଅର୍ଥାତ ୧୫ ବର୍ଷ ମଧ୍ୟରେ ରାଜ୍ୟରେ ୧୨୧୪ ହାତୀଙ୍କ ଜୀବନ ଯାଇଛି। 'ୱାଇଲ୍ଡ ଲାଇଫ୍ ସୋସାଇଟି ଅଫ୍ ଓଡ଼ିଶା' ପକ୍ଷରୁ ପ୍ରକାଶିତ ତଥ୍ୟରେ ଦଶନ୍ଧିୱାରୀ ହାତୀ ମୃତ୍ୟୁ ସଂଖ୍ୟାରେ ଦ୍ରୁତ ବୃଦ୍ଧି ଘଟିଥିବା ଦର୍ଶାଯାଇଛି। ୨୦୨୪-୨୫ରେ ବିଦ୍ୟୁତ୍ ଆଘାତ ଯୋଗୁଁ ୩୨ ହାତୀଙ୍କ ଜୀବନ ଯାଇଛି। ଯାହାକି କୌଣସି ବର୍ଷରେ ଏକ୍ଷେତ୍ରରେ ସର୍ବାଧିକ ହାତୀ ମୃତ୍ୟୁ ବୋଲି ଏହି ରିପୋର୍ଟରେ ଉଲ୍ଲେଖ ରହିଛି।

ରିପୋର୍ଟ ଅନୁସାରେ, ୧୯୯୦-୨୦୦୦ ମସିହା ଅର୍ଥାତ୍ ପ୍ରଥମ ଦଶନ୍ଧିରେ ବାର୍ଷିକ ହାରାହାରି ୩୩ଟି ହାତୀଙ୍କ ମୃତ୍ୟୁ ହେଉଥିଲା। ଦ୍ୱିତିୟ ଦଶନ୍ଧିରେ ଏହି ସଂଖ୍ୟା ୪୬କୁ ବୃଦ୍ଧି ପାଇଥିବା ବେଳେ ଗତ ଦଶନ୍ଧି ଅର୍ଥାତ ୨୦୧୦-୨୦୨୫ ମଧ୍ୟରେ ବାର୍ଷିକ ହାରାହାରି ୮୪ ଟି ଲେଖାଏଁ ହାତୀଙ୍କ ଜୀବନ ଯାଉଛି। ୧୫ ବର୍ଷ ମଧ୍ୟରେ ୧୨୧୪ ହାତୀଙ୍କ ପ୍ରାଣ ହାନୀ ହୋଇଥିବା ବେଳେ ଏଥିରେ ୪୬୦ ଅର୍ଥାତ ସଂଖ୍ୟାର ୩୮ ପ୍ରତିଶତ ହାତୀଙ୍କ ଜୀବନ ଅସ୍ୱାଭାବିକ ଭାବେ ଯାଇଛି। ୨୬୦ ହାତୀର ମୃତ୍ୟୁର କାରଣ ଜଣାପଡ଼ି ନ ଥିବା ବେଳେ ବିଦ୍ୟୁତ୍ ଆଘାତ ଯୋଗୁଁ ସର୍ବାଧିକ ୨୨୦ ହାତୀଙ୍କ ଜୀବନ ଯାଇଛି।



■ ୧୫ ବର୍ଷରେ ଯାଇଛି ୧୨୧୪ ହାତୀଙ୍କ ଜୀବନ
■ ୨୦୨୪ରେ ବିଦ୍ୟୁତ୍ ଆଘାତରେ ୩୨ଟି ମୃତ୍ୟୁ

ସେହିପରି ଶିକାର ଯୋଗୁଁ ୧୨୧, ରେଳ ଦୁର୍ଘଟଣାରେ ୪୫, ରାସ୍ତା ଦୁର୍ଘଟଣାରେ ୭ଟି ହାତୀଙ୍କ ଜୀବନ ଯାଇଥିବା ରିପୋର୍ଟରେ ଉଲ୍ଲେଖ ରହିଛି। ହାତୀ ମୃତ୍ୟୁକୁ ନେଇ ଟାଟା ପାୱାରର ଅବହେଳାକୁ ଅନେକାଂଶରେ ଦାୟୀ କରାଯାଇଛି। ମୁଣ୍ଡ ଉପରେ ଯାଇଥିବା ବିଦ୍ୟୁତ୍ ତାର ଦୁର୍ବଳ ବିଦ୍ୟୁତ୍ ଖୁଣ୍ଟି ଯୋଗୁଁ ହାତୀ ପ୍ରାଣ ହରାଉଛନ୍ତି। ବିଦ୍ୟୁତ୍ ଆଘାତଜନିତ ହାତୀ ମୃତ୍ୟୁ କମାଇବାକୁ ୨୦୧୦ରେ ପରିବେଶ ମନ୍ତ୍ରଣାଳୟ ପକ୍ଷରୁ ଏକ ତଦନ୍ତ କମିଟି ଗଠନ କରାଯିବା ସହ ଅନେକ ସୁପାରିସ କରାଯାଇଥିଲା। ହେଲେ ଏଥିରୁ ଅଧିକାଂଶ ପରାମର୍ଶ ବର୍ତ୍ତମାନ ପର୍ଯ୍ୟନ୍ତ ଲାଗୁ କରାଯାଇ ନାହିଁ। ବଡ଼ କଥା ହେଉଛି ଯେ ଗତ ୧୫ ବର୍ଷ ମଧ୍ୟରେ ବିଦ୍ୟୁତ୍ ଆଘାତରେ ୨୨୦ ହାତୀଙ୍କ ଜୀବନ ଯାଇଥିବାବେଳେ ଏହି ସମୟ ମଧ୍ୟରେ ବନ୍ୟପ୍ରାଣୀ (ସଂରକ୍ଷଣ) ଆଇନ୍, ୧୯୭୨ ଅନୁଯାୟୀ ଜଣେ ହେଲେ ଦୋଷୀ ସାବ୍ୟସ୍ତ ହୋଇନାହାନ୍ତି। ଯାହାକୁ ନେଇ 'ୱାଇଲ୍ଡ ଲାଇଫ୍ ସୋସାଇଟି ଅଫ୍ ଓଡ଼ିଶା' ସମ୍ପାଦକ ଡଃ ବିଶ୍ୱଜିତ ମହାନ୍ତି ଉଦ୍‌ବେଗ ପ୍ରକାଶ କରିବା ସହ ବନ ବିଭାଗର ବିଫଳତା ଯୋଗୁଁ ହାତୀଙ୍କ ସୁରକ୍ଷାରେ ତ୍ରୁଟି ହେଉଥିବା ସେ କହିଛନ୍ତି।

ଅନ୍ୟପଟେ ରାଜ୍ୟରେ ବର୍ତ୍ତମାନ ହାତୀଙ୍କ ସଂଖ୍ୟା ସ୍ଥିର ଥିବା ପରିଲକ୍ଷିତ ହୋଇଛି। ୧୯୭୯ ମସିହାରେ ରାଜ୍ୟରେ ୨୦୪୪ ହାତୀ ଥିଲେ। ମୁଖ୍ୟତଃ ମୟୂରଭଞ୍ଜ, କେନ୍ଦୁଝର, ସମ୍ବଲପୁର, ଅନୁଗୁଳ, ସୁନ୍ଦରଗଡ଼ ଏବଂ କଟକ ପରି ସମୃଦ୍ଧ ଜଙ୍ଗଲ ଆଦିରେ ହାତୀଙ୍କ ସଂଖ୍ୟା ସୀମିତ ଥିଲା। ହେଲେ ଏବେ ହାତୀଙ୍କ ସଂଖ୍ୟା ୨୪ଟି ଜିଲ୍ଲାକୁ ବ୍ୟାପ୍ତ ହୋଇଥିଲେ ମଧ୍ୟ ସଂଖ୍ୟାରେ କୌଣସି ବୃଦ୍ଧି ହୋଇପାରୁ ନାହିଁ। ୨୦୨୪ ମସିହାରେ ହୋଇଥିବା ଶେଷ ହାତୀ ଗଣନା ଅନୁଯାୟୀ ଓଡ଼ିଶାରେ ୨୦୯୮ଟି ହାତୀ ଥିଲେ। ଅଧିକାଂଶ ହାତୀ ବାସ କରୁଥିବା ଭାରତୀୟ ରାଜ୍ୟ ତୁଳନାରେ ଓଡ଼ିଶାରେ ଅଧିକ ହାତୀଙ୍କର ପ୍ରାଣହାନୀ ହେଉଛି। ଚିନ୍ତାର କାରଣ ଏହା ଯେ ସମ୍ପୃକ୍ତ ରାଜ୍ୟଗୁଡ଼ିକରେ ଓଡ଼ିଶା ତୁଳନାରେ ଦୁଇଗୁଣ କିମ୍ବା ତିନିଗୁଣ ଅଧିକ ହାତୀ ରହୁଥିଲେ ମଧ୍ୟ ଓଡ଼ିଶାର ମୃତ୍ୟୁ ସଂଖ୍ୟା ଅନ୍ୟ ରାଜ୍ୟ ତୁଳନାରେ ଅଧିକ ରହୁଛି।

### ବନ କର୍ମଚାରୀଙ୍କୁ ମାସିକିଆ 'ଫୁଟ୍ ପାଟ୍ରୋଲିଂ' ଟାର୍ଗେଟ୍

## ଡିଏଫ୍ଓ ଚାଲିବେ ୧୫ କିମି, ସ୍କ୍ୱାଡ୍‌ଙ୍କୁ ୧୦୦ କିମି

ଭୁବନେଶ୍ୱର,୧୪।୮ (ସମିସ): ରାଜ୍ୟରେ ବନ୍ୟପ୍ରାଣୀ ଓ ଜଙ୍ଗଲ ସୁରକ୍ଷାର ସୁନିଶ୍ଚିତ ପାଇଁ ବନ ବିଭାଗ ଏକ ଅଭିନବ ଉପାୟ ଆପଣାଇଛି। ବନ ବିଭାଗ ଅଧୀନରେ କାର୍ଯ୍ୟରତ ସମସ୍ତ କ୍ଷେତ୍ରସ୍ତରୀୟ ଅଧିକାରୀଙ୍କ ପାଇଁ ମାସିକ 'ଫୁଟ୍ ପାଟ୍ରୋଲିଂ' ଧାର୍ଯ୍ୟ କରାଯାଇଥିବା ବେଳେ ଏହାକୁ ପାଳନ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଏହି ନିୟମ ଅନୁଯାୟୀ ରାଜ୍ୟର ସମସ୍ତ ପ୍ରୋଟେକ୍ସନ ସ୍କ୍ୱାର୍ଡଙ୍କୁ ମାସିକ ୧୦୦ କିମି ପାଦରେ ଚାଲି ଚାଲି ପାଟ୍ରୋଲିଂ ଟାର୍ଗେଟ୍ ଦିଆଯାଇଥିବା ବେଳେ ଫରେଷ୍ଟ ଗାର୍ଡଙ୍କୁ ୭୫ କିମି, ଫରେଷ୍ଟରଙ୍କୁ ୭୫ କିମି, ଫରେଷ୍ଟ ରେଞ୍ଜ ଅଫିସରଙ୍କୁ ୫୦ କିମି, ଏସିଏଫ୍‌ଙ୍କୁ ୨୫ କିମି, ଡିଏଫ୍ଓଙ୍କୁ ୧୫ କିମି ଓ ଆର୍‌ସିସିଏଫଙ୍କୁ ଅତି କମ୍‌ରେ ୧୦ କିମି ଚାଲି ଚାଲି ପାଟ୍ରୋଲିଂ କରିବା ବାଧ୍ୟତାମୂଳକ ଦର୍ଶାଯାଇଛି। ଏହି ଫୁଟ୍ ପାଟ୍ରୋଲିଂ ପରିମାଣ ଓଏଫ୍‌ଏମ୍‌ଏସ୍ ଆପ୍‌ରେ ରେକର୍ଡ ହେବା ସହ ନିଜ ନିଜ ଅଧିକାରୀଙ୍କ ଦ୍ୱାରା ଅନୁମୋଦନ ହେବା ଆବଶ୍ୟକ। ସେହିପରି ପାଟ୍ରୋଲିଂ କରୁଥିବା କ୍ଷେତ୍ରସ୍ତରୀୟ କର୍ମଚାରୀମାନେ ସମ୍ବେଦନଶୀଳ ଅଞ୍ଚଳକୁ ଗସ୍ତ କରିବେ। ଯୁଗ୍ମ ଓ ଆକସ୍ମିକ ପାଟ୍ରୋଲିଂ ପାଇଁ କୁହାଯାଇଥିବା ବେଳେ ମାସିକ ପାଟ୍ରୋଲିଂ ରିପୋର୍ଟ ରେଞ୍ଜ, ବନଖଣ୍ଡ ଓ ସର୍କଲ ସ୍ତରରେ ସମୀକ୍ଷା ହେବ ବୋଲି କୁହାଯାଇଛି। କୌଣସି ପ୍ରକ୍ସି ପାଟ୍ରୋଲିଂକୁ ଦୃଷ୍ଟି ଦିଆଯିବା ସହ ଏଥିପାଇଁ ବରଦାସ୍ତ କରାଯିବ ନାହିଁ ବୋଲି ବିଭାଗ ପକ୍ଷରୁ ଜାରି ଚିଠିରେ ଦର୍ଶାଯାଇଛି।

### ■ ନିଜକୁ ବାଇକ୍‌ରେ ବାନ୍ଧି କେନାଲକୁ ପଶିଗଲେ

## ଯୁବକ ମୃତ

ସାରସକଣା,୧୪।୮ (ସମିସ): ସାରସକଣା ବ୍ଲକ ଝାରପୋଖରିଆ ଥାନା ଅନ୍ତର୍ଗତ ଶୀର୍ଷା ପଞ୍ଚାୟତର ଚାଉଳଘେରି ଗ୍ରାମ ନିକଟ ଦେଇ ଯାଇଥିବା ସୁବର୍ଣ୍ଣରେଖା କେନାଲ ଭିତରୁ ଆଜି ଜଣେ ଯୁବକଙ୍କ ମୃତଦେହ ଉଦ୍ଧାର ହୋଇଛି। ଯୁବକଜଣଙ୍କ ହେଲେ, ଶାଳବଣି ଗ୍ରାମର ବିଜୟ ମହାନ୍ତଙ୍କ ପୁଅ ରତିକାନ୍ତ ମହାନ୍ତ। ଆଜି ଦିନ ବେଳେ ସେ ନିଜକୁ ଦଉଡ଼ିରେ ବାଇକ ସହ ବାନ୍ଧି କେନାଲକୁ ପଶି ଯାଇଥିଲେ। ସ୍ଥାନୀୟ ଲୋକଙ୍କଠାରୁ ଖବର ପାଇ ଅଗ୍ନିଶମ ବାହିନୀ ଘଟଣାସ୍ଥଳରେ ପହଞ୍ଚି ତାଙ୍କୁ ଉଦ୍ଧାର କରିଥିଲା। କିନ୍ତୁ ସେତେବେଳକୁ ତାଙ୍କର ମୃତ୍ୟୁ ହୋଇସାରିଥିଲା। ତେବେ କେଉଁ କାରଣରୁ ସେ ଏପରି ଚରମ ପଦକ୍ଷେପ ନେଇଛନ୍ତି, ତାହା ଜଣାପଡ଼ିନାହିଁ।

### କେନ୍ଦ୍ର ଓବିସି ତାଲିକାରେ ସାମିଲ ପ୍ରସଙ୍ଗ

## ଆସନ୍ତା ୨୦ରେ ଜନଶୁଣାଣି କରିବେ ରାଷ୍ଟ୍ରୀୟ ପଛୁଆ ବର୍ଗ ଆୟୋଗ

**ଭୁବନେଶ୍ୱର,୧୩।୮ (ସମିସ):** କେନ୍ଦ୍ର ଓବିସି ତାଲିକାରେ ଓଡ଼ିଶାର ବିଭିନ୍ନ ଜାତିକୁ ଯୋଡ଼ିବା ପାଇଁ ଜନଶୁଣାଣି ଆସନ୍ତା ୨୦ ତାରିଖରେ ଅନୁଷ୍ଠିତ ହେବ। ରାଷ୍ଟ୍ରୀୟ ପଛୁଆ ବର୍ଗ ଆୟୋଗ (ଏନସିବିସି) ଅଧ୍ୟକ୍ଷ ହଂସରାଜ ଗଙ୍ଗାରାମ ଆହିରଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱରରେ ସାର୍ବଜନୀନ ଶୁଣାଣି ହେବ। ଏନେଇ ଏନସିବିସିଙ୍କ କାର୍ଯ୍ୟାଳୟ ପକ୍ଷରୁ ରାଜ୍ୟ ମୁଖ୍ୟ ଶାସନ ସଚିବଙ୍କୁ ଚିଠି ଲେଖି ଅବଗତ କରାଯାଇଛି।

**ତାଲିକାରେ ଯୋଡ଼ିହେବାକୁ ଅପେକ୍ଷାରେ ଏକାଧିକ ଜାତି**

ସୂଚନାଯୋଗ୍ୟ ଯେ କେନ୍ଦ୍ର ଓବିସି ତାଲିକାରେ ରାଜ୍ୟର ବିଭିନ୍ନ ଜାତି, ସମ୍ପ୍ରଦାୟଙ୍କୁ ଯୋଡ଼ିବା ପାଇଁ ଏନସିବିସିକୁ ରାଜ୍ୟ ଏସସି, ଏସଟି ଉନ୍ନୟନ, ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆବର୍ଗ କଲ୍ୟାଣ ବିଭାଗ ପକ୍ଷରୁ ରିପୋର୍ଟ ପ୍ରଦାନ କରାଯାଇଥିଲା। ସେହିପରି ବିଭିନ୍ନ ବ୍ୟକ୍ତିବିଶେଷ, ସଂଗଠନ ମଧ୍ୟ ତାଲିକାରେ ସାମିଲ ଓ ବାଦ୍ ଦେବା ନେଇ ଆୟୋଗଙ୍କ ନିକଟରେ ଦାବି ରଖିଥିଲେ। ଏହାକୁ ଦୃଷ୍ଟିରେ ରଖି ଆସନ୍ତା ୨୦ ତାରିଖରେ ଆୟୋଗ ଭୁବନେଶ୍ୱରରେ ଜନଶୁଣାଣି କରିବାକୁ ନିଷ୍ପତ୍ତି ନେଇଛନ୍ତି। ଏଥିରେ ବିଭିନ୍ନ ଜାତି, ସମ୍ପ୍ରଦାୟର ପ୍ରତିନିଧିମାନେ ଉପସ୍ଥିତ ରହି ନିଜର ଦାବି ରଖିପାରିବେ। ଶୁଣାଣିରେ ଓଡ଼ିଶା ସରକାରଙ୍କ ରିପୋର୍ଟ ସହ ଅନ୍ୟାନ୍ୟ ବ୍ୟକ୍ତିଗତ ଆବେଦନଗୁଡ଼ିକୁ ବିଚାର କରାଯିବ। ଶୁଣାଣି ସମୟରେ ମୁଖ୍ୟ ଶାସନ ସଚିବ ସମସ୍ତ ପୂର୍ଣ୍ଣାଙ୍ଗ ତଥ୍ୟ ସହ ଆବଶ୍ୟକୀୟ କାଗଜପତ୍ର ସାଙ୍ଗରେ ଆଣି ଆସିବାକୁ ଚିଠିରେ ଉଲ୍ଲେଖ କରାଯାଇଛି।


ସୂଚନାଯୋଗ୍ୟ ଯେ ରାଜ୍ୟରେ ବର୍ତ୍ତମାନ ୨୧୧ ପ୍ରକାରର ଜାତି ପଛୁଆ ବର୍ଗର ସୁବିଧା ସୁଯୋଗ ଉପଭୋଗ କରୁଛନ୍ତି। ମାତ୍ର କେନ୍ଦ୍ର ସ୍ତରରେ ସେମାନଙ୍କ ମଧ୍ୟରୁ ଅଧିକାଂଶ ଏହି ସୁବିଧା ପାଇପାରୁ ନାହାନ୍ତି। ବର୍ଷ ବର୍ଷ ଧରି ସେମାନେ ଓବିସି ତାଲିକାରୁ ବଞ୍ଚିତ ହୋଇ ଆସୁଥିବା ବେଳେ କେନ୍ଦ୍ରୀୟ ତାଲିକାରେ ସାମିଲ ହେବାକୁ ବିଭିନ୍ନ ସମୟରେ ଦାବି କରି ଆସୁଛନ୍ତି।











# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-52 ♦FRIDAY ♦15 AUGUST 2025 ♦PAGE-12 ♦₹ 6.00

୭୯ ତମ ସ୍ୱାଧୀନତା ଦିବସ

♦ବର୍ଷ-୪୩ ♦ସଂଖ୍ୟା-୫୨ ♦ଶୁକ୍ରବାର ♦୧୫ ଅଗଷ୍ଟ ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


### ଏସ୍ଆଇଆର୍ ମାମଲା: ଇସିଙ୍କୁ ସୁପ୍ରିମ୍‌କୋର୍ଟଙ୍କ ନିର୍ଦ୍ଦେଶ

# ୬୫ ଲକ୍ଷ ଭୋଟରଙ୍କ ତଥ୍ୟ ସାର୍ବଜନୀନ କର

■ **ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି):** ବିହାରରେ ନିର୍ବାଚନ କମିସନ ପକ୍ଷରୁ ଚାଲିଥିବା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ (ଏସ୍ଆଇଆର୍) ପ୍ରକ୍ରିୟାକୁ ନେଇ କଠୋର ଆଭିମୁଖ୍ୟ ଗ୍ରହଣ କରିଛନ୍ତି ସୁପ୍ରିମ କୋର୍ଟ। ତାଲିକା ସଂଶୋଧନ ବେଳେ ଯେଉଁ ୬୫ ଲକ୍ଷ ଭୋଟରଙ୍କ ନାମ କଟାଯାଇଛି ସେମାନଙ୍କ ସଂପର୍କରେ ସଂପୂର୍ଣ୍ଣ ତଥ୍ୟ ଲୋଡ଼ିଛନ୍ତି। ଏହି ଭୋଟରଙ୍କ ନାମ ତାଲିକା ସହିତ ସେମାନେ କାହିଁକି ବାଦ୍ ପଡ଼ିଛନ୍ତି, ତାହାର କାରଣ ଦର୍ଶାଇବା ଲାଗି କୁହାଯାଇଛି। ଏହାର ପୂର୍ଣ୍ଣାଙ୍ଗ ବିବରଣୀ ଆଞ୍ଚଳିକ ଭାଷାର ସମ୍ବାଦପତ୍ର ସହିତ ଜାତୀୟ ସମ୍ବାଦପତ୍ର, ଟିଭି ଓ ରେଡିଓ ପ୍ରକାଶ ଓ ପ୍ରସାର କରିବା ଲାଗି ସର୍ବୋଚ୍ଚ ଅଦାଲତ କମିସନଙ୍କୁ କହିଛନ୍ତି।

ବିହାରରେ ଏସ୍ଆଇଆର୍ ପାଇଁ ଜୁନ୍ ୨୪ରେ ନିର୍ବାଚନ କମିସନ ନେଇଥିବା ନିଷ୍ପତ୍ତିକୁ ଚାଲେଞ୍ଜ କରି ଆଗତ ପିଟିସନ ଉପରେ ଶୁଣାଣି କରି ଜଷ୍ଟିସ ସୂର୍ଯ୍ୟକାନ୍ତ ଏବ ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କୁ ନେଇ ଗଠିତ ବେଞ୍ଚ ଆଜି ନିର୍ବାଚନ କମିସନଙ୍କୁ ଉପରୋକ୍ତ ନିର୍ଦ୍ଦେଶ ଦେଇଛନ୍ତି। ଏହି ଆଦେଶ କାର୍ଯ୍ୟକାରୀ ହୋଇଛି କି ନାହିଁ ଏବଂ ଯଦି ହୋଇଛି କେତେ ହୋଇଛି ତାହାର କଂପ୍ଲାୟନ୍ସ ରିପୋର୍ଟ ମାମଲାର ପରବର୍ତ୍ତୀ ଶୁଣାଣି (ଅଗଷ୍ଟ ୨୨ ତାରିଖ) ପୂର୍ବରୁ ଦାଖଲ କରିବାକୁ କହିଛନ୍ତି।



**ସମ୍ବାଦପତ୍ର, ଟିଭି ଓ ରେଡିଓରେ ବାଦ୍ ପଡ଼ିଥିବା ଭୋଟରଙ୍କ ବିବରଣୀ ପ୍ରକାଶ କର**

**ଆଧାର କାର୍ଡ ଦେଖାଇ ନାମ ସାମିଲ କରିପାରିବେ ଭୋଟର**

କୋର୍ଟ କହିଛନ୍ତି ଯେ ଭୋଟର ତାଲିକାରେ ଯେଉଁମାନଙ୍କୁ ମୃତ ଦର୍ଶାଯାଇଛି କିମ୍ବା ଯେଉଁମାନେ ଅନ୍ୟ ରାଜ୍ୟକୁ ପଳାଇଛନ୍ତି ବୋଲି କୁହାଯାଉଛି ସେମାନଙ୍କର ତାଲିକା ସମସ୍ତ ପଞ୍ଚାୟତ ସ୍ତରୀୟ ଅଫିସ, ଜିଲ୍ଲା ସ୍ତରୀୟ ରିଟର୍ଣ୍ଣି ଅଫିସର କାର୍ଯ୍ୟାଳୟରେ ଲଗାଇବାକୁ ହେବ। ଟିଭି, ରେଡିଓ, ଇଂରାଜୀ ସମ୍ବାଦପତ୍ର ସମେତ ଆଞ୍ଚଳିକ ଭାଷା ସମ୍ବାଦପତ୍ରରେ ଏହି ତଥ୍ୟ ସଂପର୍କରେ ସୂଚନା ଦେବାକୁ ପଡ଼ିବ। ଏହାସହିତ କୋର୍ଟ ଆଉ ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ଶୁଣାଇ କହିଛନ୍ତି ଯେ ଯେଉଁ ଭୋଟରଙ୍କର ନାମ ▶ପୃଷ୍ଠା-୭

### ଫାଟିଲା ବାଦଲ; ଧସିଲା ପାହାଡ଼

# ୪୦ ମୃତ, ୨୦୦ ନିଖୋଜ

■ **ଶ୍ରୀନଗର, ୧୪।୮ (ଏଜେନ୍ସି):** ଜମ୍ମୁ-କଶ୍ମୀରର କିସ୍ତୱାର ଜିଲ୍ଲାରେ ଆଜି ବାଦଲଫଟା ବର୍ଷା ଯୋଗୁଁ ବଡ଼ ଧରଣର ବିପର୍ଯ୍ୟୟ ଘଟି ୪୦ ଜଣ ଲୋକ ପ୍ରାଣ ହରାଇଥିବା ବେଳେ ୨୦୦ରୁ ଅଧିକ ଲୋକ ନିଖୋଜ ଥିବା ଆଶଙ୍କା କରାଯାଉଛି। ବର୍ତ୍ତମାନ ସୁଦ୍ଧା ୧୨୦ ଜଣଙ୍କୁ ଉଦ୍ଧାର କରାଯାଇଛି। ସେମାନଙ୍କ ମଧ୍ୟରୁ ୩୮ ଜଣଙ୍କ ଅବସ୍ଥା ସଙ୍କଟାପନ୍ନ ରହିଛି। ଉଦ୍ଧାର କାର୍ଯ୍ୟ ଚାଲିଥିବାରୁ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା ରହିଛି। ମୃତକଙ୍କ ମଧ୍ୟରେ ଦୁଇ ଜଣ ସିଆଇଏସଏଫ୍ ଯବାନ ରହିଥିବା ଜଣାପଡ଼ିଛି।

ମିଳିଥିବା ସୂଚନା ଅନୁଯାୟୀ ଆଜି ଅପରାହ୍ଣ ୧୨ଟା ୩୦ରେ ବାଦଲ ଫଟା ବର୍ଷା କାରଣରୁ କିସ୍ତୱାର ଜିଲ୍ଲାର ଚୋସିତି ଗ୍ରାମ ଧ୍ୱଂସ ହୋଇଯାଇଛି। ପାର୍ବତ୍ୟ ଅଞ୍ଚଳରେ ଥିବା ଏହି ଗ୍ରାମରେ ହଜାର ହଜାର ଶ୍ରଦ୍ଧାଳୁ ଏକ ଧାର୍ମିକ କାର୍ଯ୍ୟକ୍ରମ ପାଇଁ ଏକତ୍ରିତ ହେଉଥିବା ବେଳେ ଏଭଳି ବିପର୍ଯ୍ୟୟ ଘଟିଛି। ପାହାଡରୁ ବୋହି ଆସିଥିବା ପାଣି ଓ ଆବର୍ଜନାରେ ଅନେକ ଲୋକ ଭାସି ଯାଇଛନ୍ତି। ମଚାଇଲ ମାତା ମନ୍ଦିର ଯିବା ଲାଗି ଶ୍ରଦ୍ଧାଳୁ ବିଭିନ୍ନ ଗାଡ଼ିରେ ଆସି ଏଠାରେ ଏକାଠି ହୋଇଥିଲେ। ଏଠାରୁ ସେମାନେ ଚାଲି ଚାଲି ମନ୍ଦିର ଯାଇଥାନ୍ତେ। ବର୍ଷା ବେଳେ ଏହି ଗାଁରେ ଲଙ୍ଗରରେ ଶ୍ରଦ୍ଧାଳୁମାନେ ଏକାଠି ଖାଉଥିଲେ। ସେମାନଙ୍କୁ ସୁରକ୍ଷା ଦେବାଲାଗି ପାଖରେ ନିରାପତ୍ତା ଯବାନଙ୍କର କ୍ୟାମ୍ପ ମଧ୍ୟ ଲାଗିଥିଲା। ଏହି କ୍ୟାମ୍ପ ମଧ୍ୟ ଭାସିଯାଇଛି। ▶ପୃଷ୍ଠା-୭



**କିସ୍ତୱାରରେ ପ୍ରକୃତିର ତାଣ୍ଡବ**



### ମନ୍ତ୍ରୀଙ୍କ ନାଲିଆଖି, ସଚିବଙ୍କ ଚେତାବନୀ ପ୍ରଭାବହୀନ

# ଜିଦ୍‌ରେ ଅଟଳ ରାଜସ୍ୱ ଅମଲା

■ **ଭୁବନେଶ୍ୱର, ୧୪।୮ (ସମିସ):** ରାଜସ୍ୱ ମନ୍ତ୍ରୀ ନାଲି ଆଖି ଦେଖାଇଲେ, ସଚିବ ଦରମା ବନ୍ଦ କରିବାକୁ ଧମକ ଦେଲେ; ମାତ୍ର ଏହି ଚେତାବନୀ ରାଜସ୍ୱ ଅମଲା ସଂଘ ଉପରେ କୌଣସି ପ୍ରଭାବ ପକାଇବାକୁ ସମର୍ଥ ହୋଇ ନାହିଁ। ଦାବି ପୂରଣ ପାଇଁ ରାଜ୍ୟର ୧୦ ହଜାର ଅମଲାଙ୍କ କାର୍ଯ୍ୟବନ୍ଦ ଆନ୍ଦୋଳନ ୪ ଦିନରେ ପହଞ୍ଚିଛି। ଫଳରେ ସାରା ରାଜ୍ୟରେ ରାଜସ୍ୱ କାର୍ଯ୍ୟ ଗୁରୁତର ପ୍ରଭାବିତ ହୋଇଛି। ବ୍ଲକ୍, ତହସିଲ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥା, ପଞ୍ଚାୟତିରାଜ ସଂସ୍ଥାରେ କାର୍ଯ୍ୟ ଗୁରୁତର ପ୍ରଭାବିତ ହୋଇଛି । ଆଲୋଚନା ପରିବର୍ତ୍ତେ ସରକାର ଆନ୍ଦୋଳନକୁ ଦବାଇବାକୁ କରୁଥିବା ଉଦ୍ୟମକୁ ସଂଘ ତୀବ୍ର ବିରୋଧ କରିଛି। ଯେ ପର୍ଯ୍ୟନ୍ତ ସରକାର ସେମାନଙ୍କର ଦାବି ପୂରଣ ନ କରିଛନ୍ତି, ସେ ପର୍ଯ୍ୟନ୍ତ ଆନ୍ଦୋଳନ ▶ପୃଷ୍ଠା-୭

**୧୫ ଦିନରେ ଦାବି ପୂରଣ ପ୍ରତିଶ୍ରୁତି ଦେଇଥିଲେ ମନ୍ତ୍ରୀ**

**୩୦ ଜିଲ୍ଲାର ୧୦ ହଜାର ରାଜସ୍ୱ ଅମଲାଙ୍କ କାର୍ଯ୍ୟବନ୍ଦ**

### ଲଘୁଚାପ ସକ୍ରିୟ

# ଲାଗି ରହିବ ବର୍ଷା

■ **ଭୁବନେଶ୍ୱର, ୧୪।୮ (ସମିସ):** ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ବିଶେଷ କରି ଦକ୍ଷିଣ ଓଡ଼ିଶାର ବିଭିନ୍ନ ଜିଲ୍ଲାରେ ବର୍ଷାର ପ୍ରଭାବ ଅଧିକ ରହିଥିବା ବେଳେ ଆଭ୍ୟନ୍ତରୀଣ ଓ ଉତ୍ତର ଓଡ଼ିଶାରେ କୋହଲା ପାଗ ସାଙ୍ଗକୁ କାଁ ଭାଁ ବର୍ଷା ଅନୁଭୂତ ହେଉଛି। ଶୁକ୍ରବାର ଗଜପତି, ରାୟଗଡ଼ା, କୋରାପୁଟ, ନବରଙ୍ଗପୁର ଆଦି ଜିଲ୍ଲାର କିଛି ସ୍ଥାନରେ ପ୍ରବଳ ବର୍ଷା ଆଶଙ୍କା ରହିଛି। ବାକି ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଜପତି, ଗଞ୍ଜାମ, ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼, ସମ୍ବଲପୁର, ଦେବଗଡ଼, ଅନୁଗୁଳ, ଢେଙ୍କାନାଳ, କେନ୍ଦୁଝର ଓ ମୟୂରଭଞ୍ଜରେ ମଧ୍ୟ ବର୍ଷା ଆଶଙ୍କା ରହିଛି। ଅନ୍ୟପଟେ ଗୁରୁବାର ଗୋପାଳପୁରରେ ସର୍ବାଧିକ ୪୨ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ବାରିପଦାରେ ୨୫, ନୟାଗଡ଼ରେ ୧୯, ▶ପୃଷ୍ଠା-୭







# ଜିଲ୍ଲାରେ ୧୧୨ ଗୃହରକ୍ଷୀ ପଦବୀ ପାଇଁ ୬୮୯୮ ପରୀକ୍ଷାର୍ଥୀ

ପାଣିକୋଇଲି,୧୪।୮ (ସମିସ): ଯାଜପୁର ଜିଲ୍ଲାର ମୋଟ ୧୧୨ଟି ହୋମଗାର୍ଡ ପଦବୀ ପାଇଁ ଆସନ୍ତା ୧୭ରେ ପରୀକ୍ଷା ହେବାକୁ ସ୍ଥିର ହୋଇଛି। ଲିଖିତ ପରୀକ୍ଷା ପାଇଁ ୬୮୯୮ ଜଣ ପରୀକ୍ଷାର୍ଥୀ ଯୋଗ୍ୟ ବିବେଚିତ ହୋଇଛନ୍ତି। ୧୧୨ ପଦବୀ ପାଇଁ ମୋଟ ୮୪୭୨ ଜଣ ଆବେଦନ କରିଥିବା ବେଳେ ଯାଞ୍ଚରେ ୧୫୭୪ କଟିବା ପରେ ଏଥି ପାଇଁ ଜିଲ୍ଲାରୁ ୫ଟି କେନ୍ଦ୍ରକୁ ସ୍ଥିର କରାଯାଇଛି। ଯାଜପୁର ଏନସି କଲେଜରେ ଯାଜପୁର ଥାନାର ୪୭୯ଜଣ, ଯାଜପୁର ସଦର ଥାନାର ୫୭୮ଜଣ, କୁଆଖିଆ ଥାନାର ୬୦୦ଜଣ, ବରୀ ଥାନାର ୪୮୧ଜଣ, ମଙ୍ଗଳପୁର ଥାନାର ୧୯୪ଜଣ ମୋଟ ୨୩୩୨ଜଣ ପରୀକ୍ଷା ଦେବେ। ସେହିପରି ବରୁଣେଶ୍ୱର ମହାବିଦ୍ୟାଳୟ ବିଂଝାରପୁର ଠାରେ ବିଂଝାରପୁର ଥାନାର ୩୯୨ଜଣ, ଅଳକୁଣ୍ଡ ଥାନାର ୧୫୯ ଜଣ, ଦଶରଥପୁର ଥାନାର ୨୦୯ଜଣ ମୋଟ ୭୬୦ଜଣ ମୋଟ ୭୬୦ଜଣ ପରୀକ୍ଷା ଦେବେ। ବ୍ୟାସନଗର ସ୍ୱୟଂଶାସିତ ମହାବିଦ୍ୟାଳୟ ଯାଜପୁରରୋଡରେ ଯାଜପୁରରୋଡ ଥାନାର ୨୨୧ ଜଣ, କୋରେଇ ଥାନାର ୪୮୯ ଜଣ, ପାଣିକୋଇଲି ଥାନାର ୩୭୫ଜଣ, କଳିଙ୍ଗନଗର ଥାନାର ୨୯୩ଜଣ, ସୁକିନ୍ଦା ଥାନାର ୨୯୩ଜଣ, ଜଖପୁରା ଥାନାର ୨୦ଜଣ, ଟମକା ଥାନାର ୧୮୧ଜଣ, କାଳିଆପାଣି ଥାନାର ୧୨୭ଜଣ ମୋଟ ୨୦୦୯ ଜଣ ପରୀକ୍ଷା ଦେବେ। ବି.ବି ସ୍ୱୟଂସାଶିତ ମହାବିଦ୍ୟାଳୟ ଚଣ୍ଡିଖୋଲରେ ଧର୍ମଶାଳା ଥାନାର ୫୦୭ଜଣ, ଜେନାପୁର ଥାନାରେ ୩୪୧ଜଣ, ବାଲିଚନ୍ଦ୍ରପୁର ଥାନାରେ ଥାନାର ୧୯୧ଜଣ ମୋଟ ୧୨୩୦ ଜଣ ପରୀକ୍ଷା ଦେବେ। ସରକାରୀ ହାଇସ୍କୁଲ ଚଣ୍ଡିଖୋଲଠାରେ ବଡଚଣା ଥାନାର ୨୯୦ଜଣ, ବୈରୀ ଥାନ ଥାନାର ୧୨୭ ଜଣ, ବ୍ରହ୍ମବରଦା ଥାନାର ୧୪୧ ଜଣ ମୋଟ ୫୫୮ ଜଣ ପରୀକ୍ଷା ଦେବାକୁ ସ୍ଥିର ହୋଇଛି। ପରୀକ୍ଷା କେନ୍ଦ୍ରସ୍ଥଳକୁ ମୋବାଇଲ, ଇଲେକ୍ଟ୍ରୋନିକ୍ସ, ଡିଜିଟାଲ ଘଣ୍ଟା ନେବାକୁ ବାରଣ କରାଯାଇଥିବା ବେଳେ ସିରିଏଲ ନମ୍ବର ଟୋକନ ୯ଓରିଜିନାଲ, ଆଧାରକାର୍ଡ ଓରିଜିନାଲ, ବ୍ଲୁ/ବ୍ଲାକ ପେନ, ପାସପୋର୍ଟ ସାଇଜର କଲର ଫଟୋ ୧ଟା ନେବାକୁ କୁହାଯାଇଛି। ଏଥିନିମନ୍ତେ ପାଣିକୋଇଲି ସ୍ଥିତ ଜିଲ୍ଲା ପୁଲିସ ମୁଖ୍ୟାଳୟ ପକ୍ଷରୁ ପ୍ରେସ୍ ବିଜ୍ଞପ୍ତିରେ ଜଣାଯାଇଛି।

## କଂଗ୍ରେସର 'ଭୋଟ ଚୋର ଗାଦି ଛାଡ଼' କାର୍ଯ୍ୟକ୍ରମ




ଯାଜପୁରି,୧୪।୮ (ସମିସ): ରାହୁଲ ଗାନ୍ଧୀଙ୍କ ଭୋଟ ଚୋରିର ତଥ୍ୟ ପ୍ରମାଣକୁ ଦେଶବ୍ୟାପୀ ସମର୍ଥନ କରୁଥିବା ବେଳେ ପ୍ରାୟତଃ ୨୫ରୁ ଅଧିକ ରାଜନୈତିକ ଦଳ ପକ୍ଷରୁ ଆନ୍ଦୋଳନକୁ ଓହ୍ଲାଇଛନ୍ତି। ଘଟଣାକୁ ଲୋକଲୋଚନକୁ ଆଣିବା ପାଇଁ ଅଖିଳ ଭାରତ କଂଗ୍ରେସ କମିଟି ସଭାପତି ମଲ୍ଲିକାର୍ଜୁନ ଖଡଗେ ଓଡିଶାର ସମସ୍ତ ଜିଲ୍ଲାରେ ମଶାଲ ଶୋଭଯାତ୍ରା କରାଯିବା ପାଇଁ ପ୍ରଦେଶ କଂଗ୍ରେସ କମିଟି ସଭାପତି ଭକ୍ତଚରଣ ଦାସଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଯାଜପୁର ଜିଲ୍ଲା କଂଗ୍ରେସ ପକ୍ଷରୁ ମଧ ମଶାଲ ଶୋଭାଯାତ୍ରା ଆୟୋଜିତ ହୋଇଯାଇଛି। ଜିଲ୍ଲାର କଂଗ୍ରେସ କମିଟିର ଜିଲ୍ଲା ସଂଯୋଜକ ମନୋଜ କୁମାର ରାଉତଙ୍କ ଆହ୍ୱାନ କ୍ରମେ ଶତାଧିକ କଂଗ୍ରେସ ନେତୃବୃନ୍ଦ ଛାତ୍ର, ଯୁବ, ମହିଳା, ଦଳିତ କଂଗ୍ରେସ ଓ ସେବା ଦଳର ଶତାଧିକ କର୍ମୀମାନେ ଉପସ୍ଥିତ ହୋଇ ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟରୁ ମଶାଲ ଶୋଭାଯାତ୍ରାରେ ବାହାରି ସହର ପରିକ୍ରମା କରିଥିଲା। ପ୍ରଦେଶ କଂଗ୍ରେସ କମିଟି ପକ୍ଷରୁ ଜିଲ୍ଲାର ପର୍ଯ୍ୟବେକ୍ଷକ ଭାବେ ମୋହନ ହେମ୍ବ୍ରମ ଯୋଗଦେଇଥିଲେ। ଗାନ୍ଧୀ ଛକରେ ପ୍ରତିବାଦ ସଭା ଅନୁଷ୍ଠିତ ହୋଇଥିଲା। ଶୋଭାଯାତ୍ରରେ ବରିଷ୍ଠ ନେତା ସନ୍ତୋଷ ନନ୍ଦ, ଶ୍ରୀନାଥ ମିଶ୍ର, ଅଜୟ ସାମଲ, ବନ୍ଦିତା ପରିଡ଼ା, କିଶାନ ପଣ୍ଡା, ପସିସିର ପ୍ରବକ୍ତା ପଦ୍ମାକର ଗୁରୁ, ସୁଦିପ କୁମାର କର, କନକଲତା ମଲ୍ଲିକ, ଦୁର୍ଯ୍ୟୋଧନ ବେହେରା, ଗଦାଧର ଦାସ, ବିଦ୍ୟାଧର ମହାନ୍ତି, ମାନସ କର, ଭାଷ୍କର ମହାନ୍ତି, ଆଲୋକ ବେହେରା ପ୍ରମୁଖ ସାମିଲ ଥିଲେ।

## ପିଜୁଳି ଗଛରୁ ପଡ଼ି ହୋମଗାର୍ଡଙ୍କ ମୃତ୍ୟୁ

ବିଞ୍ଝାରପୁର,୧୪।୮(ସମିସ): ବିଞ୍ଝାରପୁର ଥାନାର କାର୍ଯ୍ୟରତ ହୋମଗାର୍ଡ ଦୀନବନ୍ଧୁ ମଲ୍ଲିକ (୫୩)ଙ୍କ ଗୁରୁବାର ଅପରାହ୍ନରେ ପିଜୁଳି ଗଛରୁ ପଡ଼ି ମୃତ୍ୟୁ ଘଟିଛି। ବିଞ୍ଝାରପୁର ଥାନାରେ କାର୍ଯ୍ୟରତ ହୋମଗାର୍ଡ ଦୀନବନ୍ଧୁ ମଲ୍ଲିକ ଗୁରୁବାର ଅପରାହ୍ନ ସମୟରେ ପୁରୁଣା ଥାନା ପରିସରରେ ଥିବା ପିଜୁଳି ଗଛକୁ ଚଢି ପିଜୁଳି ପାରୁଥିଲେ। ସେ ଗଛ ଉପରୁ ତଳକୁ ପଡିଯାଇ ଗୁରୁତର ହୋଇ ପଡ଼ିଥିଲେ। ଦୀନବନ୍ଧୁଙ୍କୁ ତୁରନ୍ତ ଘଟଣାସ୍ଥଳରୁ ଉଦ୍ଧାର କରାଯାଇ ନିକଟସ୍ଥ ବିଞ୍ଝାରପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଚିକିତ୍ସା ପାଇଁ ନିଆଯାଇଥିଲା। ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ଦୀନବନ୍ଧୁଙ୍କ ମୃତ୍ୟୁ ଖବର ଜଣାପଡିଲା ପରେ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯିବା ସହ ପରିବାର ଲୋକ ଓ ଗ୍ରାମବାସୀ ମୃତଦେହ ମେଡ଼ିକାଲ ଛକ ରାଜ ରାସ୍ତାରେ ରଖି କ୍ଷତି ପୂରଣ ଦାବି କରି ରାସ୍ତା ଅବରୋଧ କରିଥିଲେ। ଥାନା ଅଧିକାରୀ ବାମଦେବ ନନ୍ଦ ପହଞ୍ଚି ଦାବିକୁ ଗୁରୁତ୍ୱ ଦେବାକୁ ପ୍ରତିଶ୍ରୁତି ଦେବାରୁ ରାସ୍ତା ଅବରୋଧ ହଟିଥିଲା।

## ଜନ୍ମମାଟିରେ ଯବାନଙ୍କ ଶେଷକୃତ୍ୟ ସମ୍ପନ୍ନ

ଧର୍ମଶାଳା/କୁଆଖିଆ,୧୪।୮ (ସମିସ): ଜନ୍ମମାଟିରେ ଯବାନଙ୍କୁ ତୋପ ସଲାମୀ ସହ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ରସୁଲପୁର ବ୍ଲକ ଅଧୀନ କଲଣ ପଞ୍ଚାୟତ ଶୁଳିଆ ଗ୍ରାମର ଯବନା (ଆର୍ମି ଜିଡି) ଦୈତାରୀ ନାୟକଙ୍କ ବଡପୁଅ ଧର୍ମେନ୍ଦ୍ର ନାୟକ(୨୮) ରାଜସ୍ଥାନ ଯୋଧପୁର ରେଳଷ୍ଟେସନରେ ଟ୍ରେନରୁ ଖସିପଡିବାରୁ ତାଙ୍କର ମୃତ୍ୟୁ ଘଟିଥିଲା। ବୁଧବାର ତାଙ୍କ ମରଶରୀର ଭୁବନେଶ୍ୱର ବିମାନ ବନ୍ଦରରେ ପହଞ୍ଚିଥିଲା। ଗୁରୁବାର ପୂର୍ବାହ୍ନରେ ମରଶରୀରକୁ ଜନ୍ମମାଟି ଶୁଳିଆ ଗ୍ରାମକୁ ଅଣାଯାଇଥିଲା। ମରଶରୀର ଗାଁରେ ପହଞ୍ଚିବା କ୍ଷଣି ଅଞ୍ଚଳରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ଗାଁର ଶତାଧିକ ଯୁବକ ହାତରେ ଜାତୀୟ ପତାକା ଧରି ଶୋଭାଯାତ୍ରାରେ ସାମିଲ ହୋଇ ମୃତ ଯବାନ ଅମର ରହେ ସ୍ଲୋଗାନ ଦେଇଥିଲେ। ଧର୍ମଶାଳା ଫିଜିକାଲ ଏକାଡେମୀ ଓ ଧର୍ମଶାଳା ଡିଫେନ୍ସ କ୍ଲବ ପକ୍ଷରୁ ଓ ଜାରକାରେ ଧର୍ମଶାଳା ବିଡିଓ ଜ୍ୟୋତିର୍ମୟ କର, ସମାଜସେବୀ ମିନତୀ ସାହୁ, କ୍ୟାପଟେନ ତ୍ରିଲୋଚନ ବିଶ୍ୱାଳ ଓ ଯୁବନେତା ଶୀତାଂଶୁ ଶେଖର ସାହୁ ପ୍ରମୁଖ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ଜାରକା, ବାରବାଟୀ, ସିଂହାପୁର ବଜାର ଆଦି ପରିକ୍ରମା କରିବା ପରେ ମରଶରୀକୁ ସସମ୍ମାନେ ଗାଁ ଶ୍ମଶାନକୁ ନିଆଯାଇଥିଲା। ଶୋଭାଯାତ୍ରାରେ ନିଆଯାଉଥିବା ବେଳେ ରାସ୍ତାରେ ମଧୁପୁର ହାଇସ୍କୁଲ-କଲଣର ସମରଶିକ୍ଷାର୍ଥୀ ବାହିନୀ, ଶୁଳିଆ ଉପ୍ରା ବିଦ୍ୟାଳୟର ଓ ମଧୁପୁର ଡିଗ୍ରୀ କଲେଜ-କଲଣ ସମେତ ବହୁ ସ୍ୱେଚ୍ଛାସେବୀ ଅନୁଷ୍ଠାନର କାର୍ଯ୍ୟକର୍ତ୍ତା, ବିଭିନ୍ନ ଶିକ୍ଷାନୁଷ୍ଠାନର ବିଦ୍ୟାର୍ଥୀମାନେ ମରଶରୀରକୁ ସମ୍ମାନ ଜଣାଇବା ସହ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ସ୍ଥଳ ସେନାବାହିନୀର ଅଧିକାରୀ, ସୈନିକମାନଙ୍କ ପକ୍ଷରୁ ତୋପ ସଲାମୀ ପ୍ରଦାନ କରାଯିବା ସହ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରାଯାଇଥିଲା। ଜିଲ୍ଲା ଓ ବ୍ଲକ ପ୍ରଶାସନ ଠାରୁ ଆରମ୍ଭ କରି ଜନପ୍ରତିନିଧିମାନେ ଉପସ୍ଥିତ ରହି ମୃତ ଯବାନଙ୍କ ଶେଷ ଦର୍ଶନ କରିଥିଲେ। ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ଦେବୀ ପ୍ରସାଦ ମହାନ୍ତି, ରସୁଲପୁର ତହସିଲଦାର ସିଦ୍ଧାର୍ଥ କୁମାର ବେହେରା, ବିଡିଓ ସତ୍ୟାନନ୍ଦ ଦାଶ, ଥାନା ଅଧିକାରୀ ଚିନ୍ମୟୀ ସାହୁଙ୍କ ସମେତ ବହୁ ଜନପ୍ରତିନିଧିମାନେ ଯୋଗଦେଇ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ମୃତ ଯବନାଙ୍କ ସାନଭାଇ ଜିତେନ୍ଦ୍ର ନାୟକ ମୁଖାଗ୍ନି ଦେଇଥିବା ବେଳେ ପରିବାରବର୍ଗ ଉପସ୍ଥିତ ଥିଲେ।

## ଗୁଟଖା ଖାଇବାକୁ କେନ୍ଦ୍ରକରି ୨ ପରିବାରଙ୍କ ମଧ୍ୟରେ ତୁମୁଳକାଣ୍ଡ

ଯାଜପୁର, ୧୪।୮ (ସମିସ): ଗୁଟଖା ଖାଇବାକୁ କେନ୍ଦ୍ରକରି ୨ ଜଣଙ୍କ ମଧ୍ୟରେ ଯୁକ୍ତିତର୍କ ଓ ପରେ ପାରିବାରିକ ଆକ୍ରମଣକୁ ନେଇ ଯାଜପୁର ସଦର ଥାନାରେ ୨ଟି ପୃଥକ ଏତଲା ହୋଇଛି। ବୁଧବାର ଦିନ ଯାଜପୁର ବ୍ଲକ୍ ଭୁବନେଶ୍ୱରପୁର ପଞ୍ଚାୟତ ଯମୁନା ଗ୍ରାମରେ ସନ୍ଧ୍ୟା ସମୟରେ ମଞ୍ଜୁଲତା ଦଳେଙ୍କ ପୁଅ ମନୋଜ ଦଳେଇ ପାଖ ପାନ ଦୋକାନକୁ ସଫଲ ଖାଇବାକୁ ଯାଇଥିଲେ। ସେଠାରେ ପାନ ଦୋକାନୀଙ୍କ ସହ ଗେହ୍ଲ ହେବାରୁ ଉଭୟଙ୍କ ମଧ୍ୟରେ ଯୁକ୍ତିତର୍କ ଓ ପରେ ପାଟିତୁଣ୍ଡ ହୋଇଥିଲା। ଏହାକୁ କେନ୍ଦ୍ରକରି ରାତି ପ୍ରାୟ ୧୨ଟା ସମୟରେ ଯମୁନା ଗ୍ରାମର ଅଶୋକ ଦଳେଇ, ବବୁଲ ଦଳେଇ, ତପନ ଦଳେଇ, ନାରଣ ଦଳେଇ, ତୋଫାନ ଦଳେଇ, ଚନ୍ଦନ ଦଳେଇ, ମୃଷା ଦଳେଇ ପ୍ରମୁଖ ସଂଘବଦ୍ଧ ହୋଇ ଘରେ ପଶି ଠେଙ୍ଗା ଓ କଟୁରୀ ସାହାଯ୍ୟରେ ମଞ୍ଜୁଲତା ଦଳେଇଙ୍କ ପରିବାର ଉପରେ ମରଣାନ୍ତକ ଆକ୍ରମଣ କରିଥିଲେ। ଏ ନେଇ ମଞ୍ଜୁଲତା ଦଳେଇ ଯାଜପୁର ସଦର ଥାନାରେ ଗୁରୁବାର ଦିନ ଏକ ଲିଖିତ ଅଭିଯୋଗ କରିଥିଲେ। ଏହି ଲିଖିତ ଅଭିଯୋଗକୁ ଭିତିକରି ସଦର ପୁଲିସ ଥାନା କେସ୍ ନଂ୨୭୧/୨୫ ମାମଲା ରୁଜୁ କରି ଘଟଣାର ତଦନ୍ତ ଜାରି ରଖିଛି। ସେହିପରି ଅପରପକ୍ଷରେ ଅନୀତା ଦଳେଇ ମଞ୍ଜୁଲତା ଦଳେଇଙ୍କ ସମେତ ତାଙ୍କ ପରିବାର ଲୋକଙ୍କ ନାମରେ ଏକ ଲିଖିତ ଅଭିଯୋଗ କରିଛନ୍ତି। ଏହି ଲିଖିତ ଅଭିଯୋଗକୁ ଭିତି କରି ଥାନା କେସ୍ ନଂ୨୭୨/୨୫ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛି ପୁଲିସ। ଉଭୟ ପରିବାର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଚିକିତ୍ସିତ ହେଉଥିବାବେଳେ ଅଧିକ ଗୁରୁତର ହେବାରୁ ଡାକ୍ତର ତାଙ୍କୁ କଟକ ବଡମେଡିକାଲକୁ ସ୍ଥାନାନ୍ତରିତ ହୋଇଛନ୍ତି। ଉଭୟ ପକ୍ଷରୁ ପୁଲିସ କାହାରିକୁ ଗିରଫ କରି ନ ଥିବା ସୂଚନା ମିଳିଛି।


■ ଯାଜଦାନୀ କାରଖାନାରେ ଶ୍ରମିକ ମୃତ

## ୧୬ ଲକ୍ଷ କ୍ଷତିପୂରଣ ସହ ଜଣକୁ ଚାକିରି ଦେବାକୁ ପ୍ରତିଶ୍ରୁତି

ଯଖପୁରା,୧୪।୮ (ସମିସ): କଳିଙ୍ଗନଗର ଶିଳ୍ପାଞ୍ଚଳର ବିଭିନ୍ନ କାରଖାନାରେ ଦିନକୁ ଦିନ ଶ୍ରମିକ ମୃତ୍ୟୁ ଘଟଣା ବଢ଼ିବାରେ ଲାଗିଛି। ବିଶେଷ କରି ଯଖପୁରା ଥାନା ଅନ୍ତର୍ଗତ କାରଖାନାରେ ଲୁଚାଛପା ଘଟଣା ଘଟୁଛି। ଘଟଣା ଘଟୁଥିଲେ ସୁଦ୍ଧା ଅନେକ ସମୟରେ ତାକୁ ଚାପିବାକୁ ଚେଷ୍ଟା କରାଯାଉଛି। ସେମିତି ଏକ ଘଟଣା ଦଶମାଣିଆ ମୌଜାର ଯାଜଦାନୀ ଷ୍ଟିଲ ପ୍ଲାଣ୍ଟରେ ଘଟିଛି। ଆଜି ଦିନ ୧୧ଟା ସମୟରେ କାମ କରୁଥିବା ସମୟରେ ଢେଙ୍କାନାଳ ଜିଲ୍ଲାର ନିହଲପ୍ରସାଦ ଥାନା ଅନ୍ତର୍ଗତ ବେଗା ପଞ୍ଚାୟତର ବଡ଼ପୋଖରୀ ଗ୍ରାମର ରାମସିଂ ଜେରେଇଙ୍କ ପୁତ୍ର ଦଶରଥ ଜେରେଇ (୨୧)ଙ୍କ ମୃତ୍ୟୁ ଘଟିଥିବା ସମୟରେ ଜଣେ ଗୁରୁତର ଆହତ ହୋଇଛନ୍ତି। ଏସ୍ଏମଏସ ସାଇଟ୍‌ରେ କ୍ରେନ ସଫେଇ କାର୍ଯ୍ୟ କରୁଥିବା ସମୟରେ ଦଶରଥ ଓ ଅନ୍ୟ ଜଣେ ଶ୍ରମିକ ଉପରେ କ୍ରେନ କାଣ୍ଟ ଖସି ପଡ଼ିଥିଲା। କାଣ୍ଟ ପଡ଼ିଯିବା ଯୋଗୁଁ କାଣ୍ଟ ତଳେ ମୃତ ଶ୍ରମିକ ଜଣକ ଚାପି ହୋଇ ରହିଯାଇଥିଲେ। ହାଇଡ୍ରା ସାହାଯ୍ୟରେ କାଣ୍ଟ ତଳୁ ଶ୍ରମିକଙ୍କ ମୃତ ଦେହକୁ ଉଦ୍ଧାର କରାଯାଇଥିଲା। ଫଳରେ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଥିଲା ବୋଲି କିଛି ଶ୍ରମିକ କହିଛନ୍ତି। ମାତ୍ର କାରଖାନା ପକ୍ଷରୁ ଶ୍ରମିକ ଜଣକ ବଞ୍ଚିଥିବାର ନାଟକ କରି ତାର ଶବକୁ ଗାଏବ କରିବା ପାଇଁ ସୁଚିନ୍ତିତ ଚକ୍ରାନ୍ତ କରାଯାଇଥିଲା। ମାତ୍ର ତାହା ଫସର ଫାଟିଥିଲା। ଫଳରେ ଶବଟି ବଞ୍ଚିଛି ଆଉ ତାର ଚିକିତ୍ସା ପାଇଁ ଟାଟା ମେଡିକା ଡାକ୍ତରଖାନା ନିଆଯାଇଥିଲା। ସେଠାରୁ ଚିକିତ୍ସା ପାଇଁ ତାକୁ କଟକ ନିଆଯାଇଥିଲା ମାତ୍ର ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ମୃତ ଦଶରଥଙ୍କ ଗ୍ରାମର ଶତାଧିକ ଲୋକ ଆସି କାରଖାନା ସମ୍ମୁଖରେ ଧାରଣା ଦେଉଥିଲେ। କ୍ଷତିପୂରଣ ପାଇଁ ଜିଦ ଧରି ବସିରହିଥିବା ପରିବାର,ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଓ କାରଖାନା କର୍ତ୍ତୃପକ୍ଷ ବୈଠକରେ ମୃତ ପରିବାରକୁ ୧୫ଲକ୍ଷ ୫୦ହାଜର ଓ ଶେଷକୃତ୍ୟ ସମ୍ପନ୍ନ ପାଇଁ ୫୦ହଜାର ଦେବାପାଇଁ ପ୍ରତିଶ୍ରୁତି ଦେଲେ। ପିତା ରାମ ସିଂଙ୍କୁ ସେହି କାରଖାନାରେ ନିଯୁକ୍ତି ଦିଆଯିବା ପାଇଁ ପ୍ରତିଶ୍ରୁତି ଦେଇଥିଲେ।

## ଟ୍ରେନ ଲାଇନରେ ଯୁବକଙ୍କ ହାତ କଟିଲା

ଦାନଗଦି,୧୪।୮ (ସମିସ): ଦକ୍ଷିଣ-ପୂର୍ବ ରେଳପଥର ବାଲୁଙ୍ଗାବନ୍ଧୀ ଗାଁ ନିକଟରେ ଆଜି ସକାଳୁ ଦ୍ରୁତଗାମୀ ଟ୍ରେନରେ ଜଣେ ଯୁବକର ଗୋଟିଏ ହାତ କଟି ଯାଇଛି। ଯୁବକ ଜଣକ ଗୁରୁତର ଅବସ୍ଥାରେ ତଳପଡି ଚିତ୍କାର କରୁଥିବାବେଳେ ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ପ୍ରଥମେ ଦାନଗଦି ଡାକ୍ତରଖାନାକୁ ନେଇଥିଲେ। ତାଙ୍କ ଅବସ୍ଥା ସଂକଟପନ୍ନ ହେବାରୁ ତାଙ୍କୁ କଟକ ବଡ଼ ଡାକ୍ତରଖାନାକୁ ପଠାଇ ଦିଆଯାଇଛି। ଆହତ ଯୁବକଙ୍କ ଘର ଓଡ଼ପଡା ଅଞ୍ଚଳରେ ଓ ତାଙ୍କ ନାଁ ମଙ୍ଗୁଳି ଖୁଣ୍ଟିଆ ବୋଲି ଜଣାପଡିଛି। ଯୁବକ ଜଣକ କୌଣସି କାରଣରୁ ବାଲୁଙ୍ଗାବନ୍ଧୀ ଗାଁ ନିକଟରେ ଟ୍ରେନ ଲାଇନ ଉପରେ ଆତ୍ମହତ୍ୟା କରିବାକୁ ଯାଇ ଲାଇନ ଉପରେ ଶୋଇଥିବାବେଳେ ବାମ ହାତ ଉପରେ ଟ୍ରେନ ଚଢ଼ିଯିବାରୁ ବାମହାତର ବାହୁ ନିକଟରୁ ହାତଟି କଟିଯାଇଥିଲା।




## ବିଦ୍ୟାଳୟରେ ଜନ୍ମାଷ୍ଟମୀ ପର୍ବ ପାଳିତ

ଯାଜପୁର, ୧୪।୮(ସମିସ): ଯାଜପୁର ବସଷ୍ଟାଣ୍ଡ ନିକଟରେ ଥିବା ଭେଙ୍କଟେଶ୍ୱର ପ୍ଲେ ସ୍କୁଲରେ ଜନ୍ମାଷ୍ଟମୀ ପର୍ବ ମହାସମାରୋହରେ ପାଳିତ ହୋଇଯାଇଛି। କୁନି କୁନି ଛାତ୍ରଛାତ୍ରୀଙ୍କୁ ଶ୍ରୀକୃଷ୍ଣ ଓ ରାଧା ବେଶରେ ସଜ୍ଜିତ କରାଯାଇଥିଲା। ବିଦ୍ୟାଳୟ ପରିସରରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷିତ ହୋଇଥିଲା। ଏହି କାର୍ଯ୍ୟକ୍ରମକୁ ବିଦ୍ୟାଳୟର ପ୍ରଧାନଶିକ୍ଷକ ତୁଷାରକାନ୍ତ ବିଶ୍ୱାଳଙ୍କ ନେତୃତ୍ୱରେ ଶିକ୍ଷୟିତ୍ରୀ ଅନାମିକା ମହାନ୍ତି, ମୀତାରାଣୀ ବାରିକ, ଅମ୍ରିତା ରାଉଳ, ମଧୁସ୍ମିତା ତ୍ରିପାଠୀ, କ୍ରିଷ୍ଣାରାଣୀ ଦାସ, ମଂଜୁଲତା ସାମଲ ପ୍ରମୁଖ ଉପସ୍ଥିତ ରହି ପରିଚାଳନା କରିଥିଲେ।

## ଚିତାଲୋ ଡିଗ୍ରୀ କଲେଜ ଇଂରାଜୀ ଅଧ୍ୟାପକଙ୍କ ନାମରେ ମାମଲା

ଯାଜପୁର,୧୪।୮(ସମିସ): ଚିତାଲୋ +୩ ଡିଗ୍ରୀ କଲେଜ ଇଂରାଜୀ ଅଧ୍ୟାପକ ନାରାୟଣ ସେଠୀଙ୍କ ନାମରେ ଯାଜପୁର ସଦର ଥାନାରେ ମାମଲା ରୁଜୁ କରାଯାଇଛି। ବାହାର ରାଜ୍ୟରେ ବିଇଡି କରାଇଦେବା କହି କିଛି ଛାତ୍ରଛାତ୍ରୀଙ୍କଠାରୁ ଲକ୍ଷାଧିକ ଟଙ୍କା ନେଇଥିଲେ। କିନ୍ତୁ ଚଳିତ ବର୍ଷ ଅନେକ ଛାତ୍ରଛାତ୍ରୀଙ୍କଠାରୁ ଦୁଇ ବର୍ଷ ପାଠ୍ୟକ୍ରମ ଦେୟ ବାବଦକୁ ଲକ୍ଷାଧିକ ଟଙ୍କା ନେଇଥିଲେ ମଧ ପରୀକ୍ଷା ସମାପ୍ତ ପରେ ସାର୍ଟିଫିକେଟ ପାଇନଥିଲେ। ଛାତ୍ରଛାତ୍ରୀ ସାର୍ଟିଫିକେଟ ନ ପାଇବାରୁ ପରୀକ୍ଷା ଦେଇଥିବା ଛାତ୍ରଛାତ୍ରୀ ଆନ୍ଧ୍ରପ୍ରଦେଶ ଯାଇ ସଂପୃକ୍ତ ପରୀକ୍ଷା ଦେଇଥିବା ମହାବିଦ୍ୟାଳୟରେ ଛାତ୍ରଛାତ୍ରୀ ପଚାରିବାରୁ ପାଠ୍ୟକ୍ରମ ଦେୟ ଦିଆଯାଇନଥିବାରୁ ସାର୍ଟିଫିକେଟ ପ୍ରଦାନ କରାଯିବ ନାହିଁ ବୋଲି କହିଥିଲେ। ଏ ନେଇ ଛାତ୍ରଛାତ୍ରୀ ସଂପୃକ୍ତ ଅଧ୍ୟାପକ ନାରାୟଣ ସେଠୀଙ୍କୁ ବାରମ୍ବାର ପଚାରିବାରୁ କୌଣସି ଉତ୍ତର ନ ଦେଇ ଚୁପ୍ ରହିବା ସହ ବିଭ୍ରାନ୍ତିକର ତଥ୍ୟ ଉପସ୍ଥାପନ କରିଥିଲେ। ଛାତ୍ରଛାତ୍ରୀ ନିରାଶ ହେଲା ପରେ ଯାଜପୁର ସଦର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗକୁ ଭିତ୍ତି କରି ସଦର ପୁଲିସ ଏକ ମାମଲା ରୁଜୁ କରି ସଂପୃକ୍ତ ଅଧ୍ୟାପକ ନାରାୟଣ ସେଠୀକୁ ଥାନାକୁ ଆଣି ପଚରାଉଚରା କରିଥିଲା। ପଚରାଉଚରା ସମୟରେ ସମସ୍ତ ତଥ୍ୟ ପଦାକୁ ଆସିଥିଲା। ଇଂରାଜୀ ଅଧ୍ୟାପକ ନାରାୟଣ ସେଠୀ ଥାନାରେ କିଛି ଛାତ୍ରଛାତ୍ରୀଙ୍କୁ ତାଙ୍କର ଅର୍ଥ ଫେରାଇ ଦେବା ନେଇ ଲିଖିତ ପ୍ରତିଶ୍ରୁତି ଦେଇଥିଲେ। ଯାହାଫଳରେ ସଦର ପୁଲିସ ନାରାୟଣ ସେଠୀକୁ ଥାନାରେ ଜାମିନ (ନୋଟିସ) ପ୍ରଦାନ କରିଥିଲେ।






### କାର୍ଯ୍ୟକ୍ଷେତ୍ରରେ ବିଶିଷ୍ଟ ସେବା

# ଓଡ଼ିଶାର ୨ଜଣଙ୍କୁ ମିଳିବ ରାଷ୍ଟ୍ରପତି ପଦକ

**୯ ଜଣଙ୍କୁ ସାହସିକତା, ୧୧ ଜଣଙ୍କୁ ଉଲ୍ଲେଖନୀୟ ସେବା ପଦକ**

ଭୁବନେଶ୍ୱର,୧୪।୮(ସମିସ): ସ୍ୱାଧୀନତା ଦିବସ ଅବସରରେ ଦେଶରେ ବୀରତା ଏବଂ ସେବା କ୍ଷେତ୍ରରେ ଉତ୍କର୍ଷ ହାସଲ କରିଥିବା ବ୍ୟକ୍ତିବିଶେଷମାନଙ୍କୁ ସମ୍ମାନିତ କରାଯିବ। ତନ୍ମଧ୍ୟରୁ କାର୍ଯ୍ୟ କ୍ଷେତ୍ରରେ ବିଶିଷ୍ଟ ସେବା ପାଇଁ ଓଡ଼ିଶାରୁ ୨ ଜଣଙ୍କୁ ରାଷ୍ଟ୍ରପତି ପଦକ ମିଳିବ। ସେମାନେ ହେଲେ, ଏଏସ୍‌ପି ରବୀନ୍ଦ୍ର ପଣ୍ଡା ଏବଂ କମାଣ୍ଡାଣ୍ଟ ନରେଶ ପଟେଲ। ସେହିପରି ଭାବେ ଓଡ଼ିଶାରୁ ୯ ଜଣ ସାହସିକତା ପଦକ ପାଇବାକୁ ଯୋଗ୍ୟ ବିବେଚିତ ହୋଇଥିବା ବେଳେ ୧୧ଜଣଙ୍କୁ ଉଲ୍ଲେଖନୀୟ ସେବା ପାଇଁ ପଦକ ମିଳିବ। ଏନେଇ ଗୃହ ମନ୍ତ୍ରାଳୟ ପକ୍ଷରୁ ତାଲିକା ପ୍ରକାଶ ପାଇଛି।

ଓଡ଼ିଶାର ଯେଉଁ ୯ ଜଣ ସାହସିକତା ପୁରସ୍କାର ପାଇବେ, ସେମାନଙ୍କ ମଧ୍ୟରେ ସବ୍-ଇନ୍ସପେକ୍ଟର୍ ଅମରେଶ ଚନ୍ଦ୍ର ନରେନ୍ଦ୍ର, କନେଷ୍ଟବଳ ଜିତେନ୍ଦ୍ର କୁମାର ନାୟକ, ଓଏପିଏଫ୍ ଅର୍ଜୁନ ମଲ୍ଲିକ, ଓଏପିଏଫ୍ ଯୁଧିଷ୍ଠିର ମଲ୍ଲିକ, ହାବିଲଦାର ଅଶ୍ୱିନୀ କୁମାର ବାଗ, କମାଣ୍ଡୋ ଡମ୍ବରୁଧର ଭୋଇ, ନବୀନ କୁମାର ସାହୁ, ପ୍ରଦୀନ ଶେଷ୍ଠ ଏବଂ ଅଭିମନ୍ୟୁ ମାଝୀ ରହିଛନ୍ତି। ସେହିପରି ୧୧ଜଣ ଅଧିକାରୀଙ୍କୁ ଉଲ୍ଲେଖନୀୟ ସେବା ପାଇଁ ମଧ୍ୟ ପୁଲିସ ପଦକ ପ୍ରଦାନ କରାଯିବ। ଅଧିକାରୀମାନେ ହେଲେ, ସହକାରୀ ମହାନିରୀକ୍ଷକ ମହେଶ୍ୱର ସେଠୀ, ଅତିରିକ୍ତ ପୁଲିସ ଅଧୀକ୍ଷକ ପ୍ରଦୀପ କୁମାର ପ୍ରଧାନ, ଅତିରିକ୍ତ ପୁଲିସ ଅଧୀକ୍ଷକ ଦେବେନ୍ଦ୍ର ନାରାୟଣ ଦାଶ, ଉପ ପୁଲିସ ଅଧୀକ୍ଷକ ଆଶିଷ କୁମାର ରାଉତ, ଇନ୍ସପେକ୍ଟର୍ ଏ. ଶ୍ରୀନିବାସ ଦୋରା, ଉପ ପୁଲିସ ଅଧୀକ୍ଷକ ହେମାମାଳିନୀ ନାୟକ, କମାଣ୍ଡାଣ୍ଟ ସୂର୍ଯ୍ୟନାରାୟଣ ମଲ୍ଲିକ, ଇନ୍ସପେକ୍ଟର୍ ସନ୍ତୋଷ କୁମାର ମିର୍ଦ୍ଧା, ସହକାରୀ ସବ-ଇନ୍ସପେକ୍ଟର୍ ଅରୁଣ କୁମାର ସାମନ୍ତ, ସହକାରୀ ସବ-ଇନ୍ସପେକ୍ଟର୍ ଅରବିନ୍ଦ ଦାସ ଏବଂ କନେଷ୍ଟବଳ ଚିନ୍ମୟୀ ରାଉତ।

ସୂଚନାଯୋଗ୍ୟ, ଗୃହ ମନ୍ତ୍ରଣାଳୟ ପକ୍ଷରୁ ୧,୦୯୦ ଜଣ ପୁଲିସ, ଅଗ୍ନିଶମ, ହୋମଗାର୍ଡ, ନାଗରିକ ପ୍ରତିରକ୍ଷା ଏବଂ ସୁଧାର ସେବା କର୍ମଚାରୀଙ୍କୁ ସାହସିକତା ତଥା ସେବା ପଦକ ପ୍ରଦାନ ପାଇଁ ନାମ ଘୋଷଣା କରାଯାଇଛି। ତନ୍ମଧ୍ୟରୁ ବିଶିଷ୍ଟ ସେବା ପାଇଁ ୯୯ଜଣଙ୍କୁ ରାଷ୍ଟ୍ରପତି ପଦକ, ୨୩୩ ଜଣଙ୍କୁ ସାହସିକତା ପଦକ ଏବଂ ପ୍ରଶଂସନୀୟ ସେବା ପାଇଁ ୭୫୮ଜଣଙ୍କୁ ପଦକ ମିଳିବ।

### ରାଜ୍ୟରେ କୁକୁର କାମୁଡ଼ା ଉଦ୍‌ବେଗଜନକ

# ୬ ମାସରେ ଦେଢ଼ଲକ୍ଷ ନେଲେଣି ଆଣ୍ଟିରାବିଜ୍

ଭୁବନେଶ୍ୱର, ୧୪।୮(ସମିସ): ରାଜ୍ୟରେ କୁକୁର କାମୁଡ଼ା ଆହତଙ୍କ ସଂଖ୍ୟା ଉଦ୍‌ବେଗଜନକ ଭାବେ ବଢ଼ିବାରେ ଲାଗିଛି। ଏହି ସଂଖ୍ୟା ଭୁବନେଶ୍ୱରରେ ସବୁଠାରୁ ଅଧିକ। କୁକୁର ବନ୍ଧ୍ୟାକରଣ ପାଇଁ ଲାଗିଥିବା ହାଇକୋର୍ଟଙ୍କ କଟକଣା ଉଠିଯିବା ପରେ ବି ଅପରେସନ୍ ବିଳମ୍ବିତ ହେଉଥିବାରୁ ଏହି ସଂଖ୍ୟା ଆହୁରି ବଢ଼ିବ ବୋଲି ଆଶଙ୍କା ପ୍ରକାଶ ପାଇଛି। ଅନ୍ୟପଟେ ଭୁବନେଶ୍ୱର ସମେତ ଉପକଣ୍ଠ ଓ ପଡ଼ୋଶୀ ଜିଲ୍ଲାର ଆହତ ଭୁବନେଶ୍ୱର ଉପରେ ନିର୍ଭର କରୁଥିବାରୁ କ୍ୟାପିଟାଲ ହସ୍‌ପିଟାଲ୍ ଉପରେ ଚାପ ମଧ୍ୟ ବଢ଼ିଛି। ବଡ଼କଥା ହେଉଛି, ଗତ ବର୍ଷକ ଭିତରେ ସାରା ରାଜ୍ୟରେ ପାଖାପାଖି ଦେଢ଼ଲକ୍ଷ ଲୋକଙ୍କୁ ଆଣ୍ଟିରାବିଜ୍ ଟିକା ଦିଆଯାଇଛି। ଏହାର ପାଖାପାଖି ୮୫ ପ୍ରତିଶତ ଲୋକଙ୍କୁ କୁକୁର କାମୁଡ଼ା ପାଇଁ ଏହି ଇଞ୍ଜେକ୍ସନ୍ ଦିଆଯାଇଛି। ଏଥିରୁ ଜଣାଯାଇଛି ଯେ ରାଜ୍ୟରେ ମାସକୁ ୧୫ରୁ ୨୦ ହଜାର ଲୋକ କୁକୁର କାମୁଡ଼ାର ଶିକାର ହେଉଛନ୍ତି।

୨୦୨୧ ମସିହାରେ ସାରା ରାଜ୍ୟରେ ୫୯ ହଜାର ୮୫ ଆଣ୍ଟିରାବିଜ୍ ଟିକା ଦିଆଯାଇଥିଲା। ୨୦୨୨ରେ ଏହି ସଂଖ୍ୟା ୬୪ ହଜାର ୬୪୨ରେ ପହଞ୍ଚିଥିଲା। ୨୦୨୩ରେ ୮୮ହଜାର ୧୪୮ ଜଣଙ୍କୁ ଆଣ୍ଟି-ରାବିଜ୍ ଦିଆଯାଇଥିବା ବେଳେ ୨୦୨୪ରେ ୧ଲକ୍ଷ ୧୦ ହଜାର ଲୋକଙ୍କୁ ଦିଆଯାଇଥିଲା। ଗତ ୪ ବର୍ଷର ଏହି ଅଲୋଡ଼ା ରେକର୍ଡ ଚଳିତବର୍ଷର ମାତ୍ର ୬ ମାସରେ ଭାଙ୍ଗି ଯାଇଛି। ମାତ୍ର ୬ମାସରେ ରାଜ୍ୟବ୍ୟାପୀ ଦେଢ଼ଲକ୍ଷ ଲୋକ ଏହି ଇଞ୍ଜେକସନ୍ ନେଇସାରସଲେଣି।

ବିଶେଷକରି, ଭୁବନେଶ୍ୱରର କୁକୁର କାମୁଡ଼ା

**୫ ବର୍ଷରେ ବଢ଼ିଲାଣି ୫ଗୁଣ, ରାଜ୍ୟବ୍ୟାପୀ ଆଲୋଡ଼ନ**

ବହୁ ପରିମାଣରେ ବୃଦ୍ଧି ପାଇଛି। ହାଇକୋର୍ଟଙ୍କ କଟକଣା ଯୋଗୁଁ ପାଖାପାଖି ୨ବର୍ଷ ହେବ କୁକୁର ବନ୍ଧ୍ୟାକରଣ ବନ୍ଦ ରହିଥିଲା। ତେଣୁ ଓଡ଼ିଶାରେ କୁକୁର କାମୁଡ଼ା ସଂଖ୍ୟା ବଢ଼ିବା ସ୍ୱାଭାବିକ ବୋଲି ବିଶେଷଜ୍ଞମାନେ କହିଛନ୍ତି। ଗତ ମେ' ମାସରୁ କଟକଣା ଉଠିଥିଲେ ମଧ୍ୟ ବିଏମ୍‌ସି ଏହି କାର୍ଯ୍ୟକ୍ରମକୁ ତ୍ୱରିତ ବେଗରେ କରିପାରୁନି। ଫଳରେ ଏହି ସଂଖ୍ୟା ଆଗକୁ ଆହୁରି ବଢ଼ିପାରେ ବୋଲି ଆଶଙ୍କା ପ୍ରକାଶ ପାଇଛି।

ଏଣେ, ଏଥିଯୋଗୁଁ କ୍ୟାପିଟାଲ୍ ହସ୍ପିଟାଲ ଉପରେ ଚାପ ବଢ଼ିବାରେ ଲାଗିଛି। ରାଜଧାନୀ ଓ ଆଖପାଖ ଜିଲ୍ଲା ହସ୍ପିଟାଲରେ ଆଣ୍ଟିରାବିଜ୍ ଇଞ୍ଜେକସନ୍ ମିଳୁ ନଥିବାରୁ ପୁରୀ, ନୟାଗଡ଼, ଖୋର୍ଦ୍ଧା ଆଦି ଜିଲ୍ଲାମାନଙ୍କରୁ ରୋଗୀମାନେ ଏଠାକୁ ଆସୁଛନ୍ତି। ନେଉଳ, ବିରାଡ଼ି ଓ କୁକୁର କାମୁଡ଼ା ପାଇଁ ଏହି ଆଣ୍ଟିରାବିଜ୍ ଇଞ୍ଜେକସନ୍ ଦିଆଯାଉଛି। ଆଣ୍ଟିରାବିଜ୍ ଦିଆଯାଇଥିବା ଆହତମାନଙ୍କ ମଧ୍ୟରେ ପ୍ରାୟ ୮୫ ପ୍ରତିଶତ କୁକୁର କାମୁଡ଼ା ପାଇଁ ଦିଆଯାଇଛି।

ବିଶେଷଜ୍ଞଙ୍କ କହିବା ଅନୁସାରେ, ସହରାଞ୍ଚଳରେ ଧନୀକ ଓ ଉଚ୍ଚ ମଧ୍ୟବିତ୍ତ ପରିବାରଙ୍କ ମଧ୍ୟରେ କୁକୁର ପାଳିବା ଏକପ୍ରକାର ପ୍ରତିଯୋଗିତା ଚାଲିଛି। ସେହି ଅନୁସାରେ ପୋଷା କୁକୁରଙ୍କ ସଂଖ୍ୟା ବୃଦ୍ଧି ପାଉଛି। କିଛି ଲୋକ ସଉକରେ ଏକରୁ ଅଧିକ କୁକୁର ପାଳୁଛନ୍ତି। ତେଣୁ କୁକୁର କାମୁଡ଼ା ସଂଖ୍ୟା ବୃଦ୍ଧି ପାଉଛି। ଏହାସହ ଡିସେମ୍ବର ଓ ଜାନୁଆରୀରେ କୁକୁରଙ୍କ ପ୍ରଜନନ ସମୟ ହୋଇଥିବାରୁ ବୁଲା କୁକୁର କାମୁଡ଼ା ସଂଖ୍ୟା ବୃଦ୍ଧି ପାଇଛି।

ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ନୀଳକଣ୍ଠ ମିଶ୍ର କହିଛନ୍ତି, ପାଗଳା କୁକୁରଠୁ ସତର୍କ ରୁହନ୍ତୁ। ୬ ମାସରେ ଦେଢ଼ ଲକ୍ଷ କୁକୁର କାମୁଡ଼ା ମାମଲା ଆସିଛି। ଚଳିତ ବର୍ଷର ଜୁନ ୧୦ ଯାଏଁ ଦେଢ଼ ଲକ୍ଷରୁ ଅଧିକ କୁକୁର କାମୁଡ଼ା ମାମଲା ଆସିଲାଣି। ରାଜ୍ୟରେ ମାସକୁ ୨୦ ହଜାରରୁ ୩୦ହଜାର କାମୁଡା ମାମଲା ଆସୁଛି। ସବୁ ପାଗଳ କୁକୁର କାମୁଡ଼ି ନଥାନ୍ତି। ଏଆରଭି ସବୁ ହସ୍ପିଟାଲରେ ଦିଆଯାଇଛି। ବଲାଙ୍ଗୀରରେ ଦୁଇଟି ମୃତ୍ୟୁ ମାମଲା ଆସିଛି। ଯାହାର ଯାଞ୍ଚ ହେଉଛି। ଯଦି ଠିକ୍ ସମୟରେ ଟିକା ନେଇ ନ ଥିବେ, ତେବେ ରାବିଜ ବା ଜଳାନ୍ତକ ବୃଦ୍ଧି ହୋଇଥାଏ। ରାଜ୍ୟରେ ଆଇସିଭିସି କାର୍ଯ୍ୟକ୍ରମ ଚାଲିଛି। ଲୋକଙ୍କୁ ସଚେତନ କରାଯାଉଛି। ପୌର ସଂସ୍ଥା ପକ୍ଷରୁ ବନ୍ଧ୍ୟାକରଣ କରିବା ମଧ୍ୟ ଜରୁରୀ ବୋଲି ସେ କହିଛନ୍ତି।

ସ୍ୱାସ୍ଥ୍ୟ ବିଭାଗ ଜଳାତଙ୍କ ରୋଗକୁ "ନୋଟିଫାଏବୁଲ୍' ଘୋଷଣା କରିଛି। ତେଣୁ ରୋଗୀ ସଂପର୍କରେ ସୂଚନା ଦେବାକୁ ସମସ୍ତ ଘରୋଇ ଓ ସରକାରୀ ହସ୍ପିଟାଲକୁ ବାଧ୍ୟତାମୂଳକ କରାଯାଇଛି। ଏଥିପାଇଁ ଜିଲ୍ଲାସ୍ତରରେ ଜଣେ ନୋଡାଲ ଅଧିକାରୀଙ୍କୁ ଦାୟିତ୍ୱ ଦିଆଯାଇଛି। ପ୍ରତିବର୍ଷ ଦେଶରେ ୨୦ ହଜାରରୁ ଅଧିକ ଲୋକ ଜଳାତଙ୍କ ରୋଗରେ ମୃତ୍ୟୁବରଣ କରୁଛନ୍ତି। ସେମାନଙ୍କ ମଧ୍ୟରେ ୧୫ବର୍ଷରୁ କମ୍ ବୟସର ଶିଶୁ ଅଧିକ ରହୁଛନ୍ତି।

### ଭୁଲ୍ ଇଞ୍ଜେକ୍ସନ୍ ଯୋଗୁଁ ରୋଗୀ ମୃତ୍ୟୁ ଅଭିଯୋଗ

# ଡାକ୍ତରଖାନାରେ ଉତ୍ତେଜନା; ଶବ ରଖି ଧାରଣା

ଭଦ୍ରକ/ଭଣ୍ଡାରିପୋଖରୀ/ବାରିକପୁର, ୧୪।୮(ସମିସ): ଭୁଲ ଇଞ୍ଜେକ୍ସନ୍ ଯୋଗୁଁ ରୋଗୀମୃତ୍ୟୁ ଅଭିଯୋଗକୁ ନେଇ ଆଜି ଭଦ୍ରକ ଜିଲ୍ଲା ଭଣ୍ଡାରିପୋଖରୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି। ସଂପୃକ୍ତ ଡାକ୍ତର ଓ କର୍ମଚାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବିରେ ଉତ୍ତ୍ୟକ୍ତ ଲୋକେ ଶବ ରଖି ଧାରଣା ଦେଇଛନ୍ତି। ମୃତ ମହିଳାଜଣଙ୍କ ହେଲେ, ଡାହାଲା ପୁରିପଡ଼ା ଗାଁର ଅଶୋକ ରାଉତ ତାଙ୍କ ପତ୍ନୀ ବିନୋଦିନୀ (୨୯)।

ସୂଚନାନୁଯାୟୀ, ପରିବାରଲୋକ ବୁଧବାର ସନ୍ଧ୍ୟାରେ ବିନୋଦିନୀଙ୍କୁ ଚିକିତ୍ସା ପାଇଁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। ଡ୍ୟୁଟିରେ ଥିବା ଡାକ୍ତର ତାଙ୍କୁ ୩ଟି ଇଞ୍ଜେକ୍ସନ ଦେଇଥିଲେ। ଏହା ପରେପରେ ତାଙ୍କର ବାନ୍ତି ହେବା ସହ ଅବସ୍ଥା ଗୁରୁତର ହୋଇପଡ଼ିଥିଲା। ତେଣୁ ଡାକ୍ତର ତାଙ୍କୁ ଯାଜପୁର ମେଡିକାଲ କଲେଜକୁ ସ୍ଥାନାନ୍ତର ପାଇଁ ପରାମର୍ଶ ଦେଇଥିଲେ। କିନ୍ତୁ ସେଠାରେ ବିନୋଦିନୀଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ। ଏ ସଂପର୍କରେ ଅଶୋକ ଥାନାରେ ଅଭିଯୋଗ କରିଥିଲେ।

ଗୁରୁବାର ବ୍ୟବଚ୍ଛେଦ ପରେ ଶବକୁ ଧରି ସମ୍ପର୍କୀୟମାନେ ଭଣ୍ଡାରିପୋଖରୀ ମେଡିକାଲ ଆଗରେ ଧାରଣା ଦେଇଥିଲେ। ଭୁଲ ଇଞ୍ଜେକ୍ସନ ଦେଇଥିବା ଡାକ୍ତରଙ୍କୁ ଗିରଫ ଏବଂ ମୃତକଙ୍କ ପୁତ୍ରଙ୍କୁ ଥଇଥାନ ପାଇଁ



ପ୍ରଶାସନିକ ସହଯୋଗ ଦାବି କରିଥିଲେ। ଏସ୍‌ଡିପିଓ ତ୍ରିଲୋଚନ ସେଠୀ, ଥାନାଧିକାରୀ କମଳାକାନ୍ତ ଦାସ ଓ ବିଡିଓ ଦେବଦତ୍ତ ଦାସ ପ୍ରମୁଖ ଘଟଣାସ୍ଥଳରେ ପହଞ୍ଚି ବୁଝାସୁଝା କରିଥିଲେ ବି ବିକ୍ଷୋଭକାରୀମାନେ ନିଜ ଜିଦ୍‌ରେ ଅଟଳ ରହିଥିଲେ। ସନ୍ଧ୍ୟାରେ ବିଧାୟକ ସଞ୍ଜୀବ କୁମାର ମଲ୍ଲିକ ଘଟଣାସ୍ଥଳରେ ପହଞ୍ଚି ମୃତକଙ୍କ ପରିବାରବର୍ଗଙ୍କ ସହ ଆଲୋଚନା କରିଛନ୍ତି। ଏହାଛଡ଼ା ମେଡିକାଲ କର୍ତ୍ତୃପକ୍ଷ ଓ ପୁଲିସ ଅଧିକାରୀଙ୍କ ସହ ମଧ୍ୟ ଘଟଣା ସମ୍ପର୍କରେ ଆଲୋଚନା କରିଥିବା ଜଣାପଡ଼ିଛି। ତେବେ ଖବର ଲେଖା ହେବା ଯାଏଁ ଧାରଣା ପ୍ରତ୍ୟାହୃତ ହୋଇ ନ ଥିବା ସୂଚନା ମିଳିଛି।

# ସାପକାମୁଡ଼ାରେ ମାଆ-ପୁଅ ମୃତ

ଆନନ୍ଦପୁର,୧୪।୮(ସମିସ): ସାପ କାମୁଡ଼ାରେ ଚାଲିଗଲା ମାଆ-ପୁଅଙ୍କ ଜୀବନ। ଘସିପୁରା ଥାନା ରାଧିକାଦେଇପୁର ଗାଁରେ ଏଭଳି ଏକ ଦୁଃଖଦ ଘଟଣା ଘଟିଛି। ମୃତକଦ୍ୱୟ ହେଲେ, ଗାଁର ସୁନୀଲ ମୁଣ୍ଡାଙ୍କ ପତ୍ନୀ ଜେମାମଣୀ ଓ ତାଙ୍କ ପୁଅ ଗଣେଶ (୧୦)। ଉଭୟ ମାଆ-ପୁଅ ବୁଧବାର ରାତିରେ ଖାଇପିଇ ସାରି ଘରେ ଚଟାଣରେ ଶୋଇଥିଲେ। ରାତି ପ୍ରାୟ ୧ଟା ବେଳେ ହଠାତ୍ ଦୁହିଁଙ୍କ ଅବସ୍ଥା ଗୁରୁତର ହୋଇପଡ଼ିବାରୁ ସୁନୀଲ ସେମାନଙ୍କୁ ଏକ ବାଇକ୍‌ରେ ନିକଟସ୍ଥ କେଶଦୁରାପାଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଅବସ୍ଥା ସଂକଟାପନ୍ନ ହେବାରୁ ଆନନ୍ଦପୁର ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ଠିକ୍ ସମୟରେ ଆମ୍ବୁଲାନ୍ସ ନ ମିଳିବାରୁ ଏକ ଘରୋଇ ଗାଡ଼ିରେ ଦୁହିଁଙ୍କୁ ମେଡିକାଲ ନେବାରେ ବିଳମ୍ବ ହୋଇଥିଲା। ଫଳରେ ବାଟରେ ଗଣେଶର ମୃତ୍ୟୁ ହୋଇଯାଇଥିବା ବେଳେ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଜେମାମଣୀଙ୍କ ମୃତ୍ୟୁ ଘଟିଛି।






ସକାଳ
THE SAKALA

# ସମ୍ପାଦକୀୟ



ଆମର ପ୍ରକୃତ ଶତ୍ରୁ ବାହ୍ୟଶକ୍ତି ନୁହେଁ, ବରଂ ଆମ ଅନ୍ତର୍ନିହିତ ଦୁର୍ବଳତା।
-ଶ୍ରୀଅରବିନ୍ଦ

## ସ୍ୱାବଲମ୍ବନର ଜୟଗାନ

ଆମେ ଆଜି ଏଭଳି ଏକ ସମୟରେ ୭୯ତମ ସ୍ୱାଧୀନତା ଦିବସ ପାଳନ କରୁଛୁ, ଯେତେବେଳେ ଦେଶର ସାର୍ବଭୌମତ୍ୱ ଓ ସ୍ୱାଭିମାନ ପ୍ରତି ପୁଣି ଏକ ବିଶାଳ ଆହ୍ୱାନ ସୃଷ୍ଟି ହୋଇଛି। ପ୍ରାୟ ତିନିମାସ ତଳେ ଆମେ ପାରମ୍ପରିକ ଶତ୍ରୁ ରାଷ୍ଟ୍ର ପାକିସ୍ତାନ ସହିତ ଅଘୋଷିତ ଯୁଦ୍ଧର ସମ୍ମୁଖୀନ ହୋଇଛୁ, ଅଥଚ ସୀମାରେ ତିନିରାଷ୍ଟ୍ର ଚୀନ୍-ପାକିସ୍ତାନ-ତୁର୍କୀ ସାମରିକ ଶକ୍ତିର ମୁକାବିଲା କରିଛୁ। ଅସ୍ତ୍ରବିରତିର ଶ୍ରେୟ ଦାବି କରୁଥିବା ଆମେରିକାର ଅହଂକୁ ସ୍ୱୀକୃତି ନ ଦେବାର ପରିଣାମ ସ୍ୱରୂପ ଆମେ ସେହି ହିତଶତ୍ରୁ ରାଷ୍ଟ୍ରର ବାଣିଜ୍ୟ ଶୁଳ୍କ ଆକ୍ରମଣର ସମ୍ମୁଖୀନ ହୋଇଛୁ। ହୁଏତ ଏହାର ସୁଦୂରପ୍ରସାରୀ ଓ ବହୁମୁଖୀ ପ୍ରଭାବକୁ ପ୍ରତିହତ କରିବା ଲାଗି ଭାରତକୁ ବହୁମୂଲ୍ୟ ଦେବାକୁ ପଡ଼ିପାରେ। ତଥାପି ଆମେ ପ୍ରସ୍ତୁତ ଅଛୁ। ସ୍ୱାଧୀନତାର ଅମୃତକାଳ ଯାତ୍ରାର ଏହି ଘଡ଼ିସନ୍ଧି ମୁହୂର୍ତ୍ତରେ ସବୁ ଆହ୍ୱାନକୁ ପ୍ରତିହତ କରିବାର ଦର୍ପ ଓ ଦମ୍ଭ ସହ ଆମେ ଆଜି ଆମ ସ୍ୱାଧୀନ-ସାର୍ବଭୌମ, ବୀରତ୍ୱ-ବଳିଦାନ, ପ୍ରଗତି-ପ୍ରେରଣାର ପ୍ରତୀକ ତ୍ରିରଙ୍ଗା ତଳେ ସଗର୍ବେ ଏକାଠି ହୋଇ ସ୍ୱାଧୀନତା-ସ୍ୱାବଲମ୍ବନ-ସ୍ୱାଭିମାନର ଜୟଗାନ କରୁଛୁ।

ଆଜି ଆମେ ତ୍ରିରଙ୍ଗା ତଳୁ ବିଦେଶୀ ଅହଂକାରୀ ଶକ୍ତିଙ୍କୁ ଏହି ବାର୍ତ୍ତା ଦେବାକୁ ଚାହୁଁ ଯେ ଭାରତ ଆଉ ଏବେ ୧୯୫୦-୬୦ କାଳଖଣ୍ଡରେ ସୀମାବଦ୍ଧ ନାହିଁ। ଅସହାୟତା ଓ ବାଧ୍ୟବାଧକତାର ଶିକୁଳି ଛିଣ୍ଡାଇ ଭାରତ ଏବେ ମହାଶକ୍ତିର ମୁକ୍ତବିହଙ୍ଗ ରୂପେ ବିଶ୍ୱଅତିକ୍ରମଣ କରିବାର କ୍ଷମତା ରଖିଛି। ଯେଉଁ ଆମେରିକା ଦିନେ ଭାରତକୁ ମାଗଣା ଦାନା ଦେଉଥିବାର ଗର୍ବ କରୁଥିଲା ଆଜି ସେହି ରାଷ୍ଟ୍ର ଭାରତର କୃଷି ଓ କୃଷକଙ୍କ ଉତ୍କର୍ଷରେ ଈର୍ଷାନ୍ୱିତ ଓ ଭୟଭୀତ ଏବଂ ଭାରତୀୟ କୃଷି ବଜାରରେ ପ୍ରବେଶ କରିବାକୁ ବ୍ୟାକୁଳ। ଭାରତର ଶ୍ରୀଅନ୍ନ ବା ମିଲେଟ୍ ଆଜି ଜାତିସଂଘରେ ସ୍ୱତନ୍ତ୍ର ସ୍ଥାନ ଓ ସମ୍ମାନର ଅଧିକାରୀ ଏବଂ କ୍ଷୁଧାମୁକ୍ତ ବିଶ୍ୱ ଗଠନରେ ପ୍ରମୁଖ ଭାଗିଦାରୀ। ଗୁଳିଗୋଳା ଓ ଅସ୍ତ୍ରଶସ୍ତ୍ର ଅଭାବରୁ ୧୯୬୨ରେ ଚୀନ୍ ଆଗରେ ଏକପ୍ରକାର ଆତ୍ମସମର୍ପଣ କରିଦେଇଥିବା ଭାରତ ଏବେ ବିକଶିତ ରାଷ୍ଟ୍ରଙ୍କୁ ପ୍ରତିରକ୍ଷା ସାମଗ୍ରୀ ରପ୍ତାନୀ କରିପାରୁଛି। ନେଭିଗେସନ୍ ଓ ଜିପିଏସ୍ ସୂଚନା ସହାୟତା କ୍ଷେତ୍ରରେ ଆମେରିକାର ଅସହଯୋଗରୁ କାରଗିଲ୍ ଯୁଦ୍ଧରେ ପ୍ରଭୂତ କ୍ଷତି ସହିଥିବା ଭାରତ ଏବେ ବିଶ୍ୱର ପ୍ରଥମ ରାଷ୍ଟ୍ର ଭାବେ ଚନ୍ଦ୍ରର ଦକ୍ଷିଣ ମେରୁରେ ସଫଳ ଅବତରଣ କରିବାର ବିରଳ ରେକର୍ଡ ପ୍ରତିଷ୍ଠା କରିଛି; ଉପଗ୍ରହ ପ୍ରେରଣରେ ବିଶ୍ୱ କୀର୍ତ୍ତିମାନ ସ୍ଥାପନା କରିଛି; ସୂର୍ଯ୍ୟଙ୍କୁ ନିକଟକୁ ଯିବାର ଦୁର୍ବାର ସାହସ କରିଛି ଏବଂ ଗଗନଯାନ ପାଇଁ ନିଜକୁ ପ୍ରସ୍ତୁତ କରୁଛି।

୧୯୫୦ ଦଶକରେ ଗୋଷ୍ଠୀ ନିରପେକ୍ଷ ଭୂମିକା ତୁଲାଇଥିବା ଭାରତ ଏବେ ଦକ୍ଷିଣ ବିଶ୍ୱର ନେତୃତ୍ୱ ନେଉଛି; ଜି-୨୦ର ଅଧ୍ୟକ୍ଷତା କରିଛି ଏବଂ ଆଗାମୀ ଦିନରେ ଅଲିମ୍ପିକ୍ ଓ ଜଳବାୟୁ ଶିଖର ସମ୍ମିଳନୀ ଆୟୋଜନ ଲାଗି ରୂପରେଖ ପ୍ରସ୍ତୁତ କରୁଛି। ସ୍ୱାଧୀନ-ସ୍ୱୟଂକ୍ରିୟ-ନୀତି ନିର୍ଦ୍ଧାରକ ଭାରତ ଆଉ ଏବେ କାହା ଅନୁମତି ଭିକ୍ଷା କରିବା ସ୍ଥିତିରେ ନାହିଁ। ବିଶ୍ୱର ପରିବର୍ତ୍ତିତ ବହୁଧ୍ରୁବୀୟ ଭୂରାଜନୈତିକ ସମୀକରଣରେ ଭାରତର ଅଭ୍ୟୁଦୟ ଅନ୍ୟମାନଙ୍କ ପାଇଁ ଈର୍ଷଣୀୟ ହୋଇଛି; ଅଥଚ ଭାରତର ସାର୍ବଭୌମତା, ଅଖଣ୍ଡତା ଓ ଏକତା ତା'ର ଶକ୍ତିରେ ରୂପାନ୍ତରିତ ହୋଇଛି। ଭାରତ ଏବେ ବିଶ୍ୱର ଚତୁର୍ଥ ବୃହତ୍ ଅର୍ଥନୀତି। ଭାରତ ବିଶ୍ୱର ସର୍ବାଧିକ ଜନସଂଖ୍ୟା ବିଶିଷ୍ଟ ଦେଶ, ଯାହାର ସିଂହଭାଗ ଯୁବଶକ୍ତି। ଏହି ଜନସାଂଖ୍ୟିକ ବିସ୍ଫୋରଣ ବିଶ୍ୱ ବୈଷୟିକ କ୍ଷେତ୍ରରେ ନୂଆ ସମ୍ଭାବନା ସୃଷ୍ଟି କରିଛି। ଆମେରିକାର ବୃହତ୍ ଆଇଟି ହବ୍ ସିଲିକନ୍ ଭ୍ୟାଲି ଭାରତୀୟ ମେଧା ଭରସାରେ ଚାଲିଛି। ମାଇକ୍ରୋସଫ୍ଟ, ଗୁଗୁଲ୍, ଆଡୋବ୍‌ର ମୁଖ୍ୟ ଭାରତୀୟ ବଂଶୋଦ୍ଭବ। ଭାରତରେ ସ୍ମାର୍ଟଫୋନ୍ ଓ ଇଣ୍ଟରନେଟ୍ ବ୍ୟବହାରକାରୀଙ୍କ ସଂଖ୍ୟା ଯଥାକ୍ରମେ ୧୦୦ କୋଟି ଓ ୯୦ କୋଟି। ସ୍ୱଦେଶୀ ଜ୍ଞାନକୌଶଳରେ ବିକଶିତ ଅନ୍‌ଲାଇନ୍ ଆର୍ଥିକ ଦେଣନେଣ ମାଧ୍ୟମ 'ୟୁପିଆଇ' ଆମେରିକାର ଭିଜା ଓ ମାଷ୍ଟରକାର୍ଡକୁ ଟକ୍କର ଦେଉଛି। ଏହି ସଫଳତା ସ୍ୱାଧୀନତା ପରବର୍ତ୍ତୀ ଦୀର୍ଘକାଳୀନ ନିରନ୍ତର ଯୋଜନାବଦ୍ଧ ପ୍ରୟାସର ପ୍ରତିଫଳନ। ଭାରତ ବର୍ତ୍ତମାନ ସେମିକଣ୍ଡକ୍ଟର, ଏଆଇ, କ୍ୱାଣ୍ଟମ୍ କମ୍ପ୍ୟୁଟିଂ, ପ୍ରତିରକ୍ଷା ସାମଗ୍ରୀ ଉତ୍ପାଦନ, ସବୁଜ ଶକ୍ତି ନିଜସ୍ୱ ଜ୍ଞାନକୌଶଳରେ ବିକଶିତ କରି ବିଶ୍ୱରେ ନିଜକୁ ପ୍ରତିଯୋଗୀକ୍ଷମ ହୋଇପାରିଛି। 'ମେକ୍ ଇନ୍ ଇଣ୍ଡିଆ' କେବଳ ଏକ ସ୍ଲୋଗାନ୍ ହୋଇ ରହିନାହିଁ, ଗୁଗୁଲ୍, ଆପ୍‌ଲ୍, ଟେସ୍‌ଲା ଭଳି କମ୍ପାନୀଙ୍କୁ ଭାରତରେ ଉଦ୍ୟୋଗ ପ୍ରତିଷ୍ଠା କରିବା ପାଇଁ ଆକୃଷ୍ଟ କରିଛି। ନିର୍ମାଣ ଓ ଯୋଗାଣରେ ଭାରତ ଏବେ ଚୀନ୍‌ର ବିକଳ୍ପ ଭାବେ ଉଭା ହୋଇଛି। ଏହା ନିଶ୍ଚିତ ଭାବେ ତ୍ରିରଙ୍ଗା ତଳେ ସ୍ୱାବଲମ୍ବନ ଓ ସ୍ୱାଭିମାନର ଜୟଗାନ କରିବାର ମହାର୍ଘ ମୁହୂର୍ତ୍ତ।

ସବୁଠାରୁ ବଡ଼ କଥା ହେଉଛି ସାମ୍ପ୍ରତିକ ଭୂ-ରାଜନୈତିକ ସମୀକରଣରେ ଉତ୍ତର-ଦକ୍ଷିଣ ବିଶ୍ୱ ଖେଳରେ ଭାରତ ଆଉ ଏକ ମୋହରା ହୋଇନାହିଁ କି କାହାର ଧମକ କିମ୍ବା ଚାପରେ ନିଷ୍ପତ୍ତି ନେଉନାହିଁ। ଭାରତ ବଶମ୍ବଦ ହେବା ପରିବର୍ତ୍ତେ ପ୍ରତିସ୍ପର୍ଦ୍ଧାର ଆସ୍ପର୍ଦ୍ଧା ରଖୁଛି ଏବଂ ନିଜକୁ ବିଶ୍ୱର ମହାଶକ୍ତି ରୂପେ ଉପସ୍ଥାପିତ କରିପାରିଛି। ଭାରତର ବିଶାଳ ଉପଭୋକ୍ତା ବଜାର ଏହାର ଶକ୍ତି, ଯାହା ଆମେରିକୀୟ ଶିଳ୍ପପତି ଏପରିକି ରାଷ୍ଟ୍ରପତିଙ୍କୁ ମଧ୍ୟ ଟାଣି ଆଣିପାରୁଛି। ଭାରତୀୟ ମୁଦ୍ରା 'ଟଙ୍କା'ର ବିଶ୍ୱାୟନ ଆରମ୍ଭ ହୋଇସାରିଛି, ଯାହା ଡଲାର ଆଧିପତ୍ୟକୁ ସଂକୁଚିତ କରିବାର ଅପାର ସମ୍ଭାବନା ସୃଷ୍ଟି ହୋଇ ଆମେରିକାକୁ ଭୟଭୀତ କରିଛି।

ବହୁମତ, ବହୁ ପନ୍ଥ, ବହୁ ବାଦ ଓ ବିବିଧ ସଂସ୍କୃତି ଭିତରେ ଭାରତର ସାର୍ବଭୌମତ୍ୱର ଶକ୍ତି ହେଉଛି ଏହାର ଏକତା, ଯାହାକୁ ନେଇ ପ୍ରତିଟି ଭାରତୀୟ ଗର୍ବିତ ଓ ଗୌରବାନ୍ୱିତ। ଶାନ୍ତି, ସଂଯମ, ଭ୍ରାତୃତ୍ୱ ଆଦି ଅତିମାନବୀୟ ଗୁଣ ଭାରତର ଜନ୍ମଗତ। ଅହିଂସାର ଜନ୍ମଦାତା ଭାରତ 'ବସୁଧୈବ କୁଟୁମ୍ବକମ୍'ର ଉଦ୍‌ଘୋଷକ। ତେଣୁ ଭାରତର ସାର୍ବଭୌମ ଓ ଅଭ୍ୟୁଦୟ ଅନ୍ୟ ପାଇଁ ଆତଙ୍କ ଓ ବିପଦର ସଂକେତ ନୁହେଁ, ବରଂ ସ୍ୱାବଲମ୍ବନର ସନ୍ଦେଶ। ଯୁଦ୍ଧଖୋର ବିଶ୍ୱରେ ଭାରତ ଭ୍ରାତୃତ୍ୱର ବାର୍ତ୍ତାବହ। ଅତିମାନବିକତାର ଏହି ବିଶାଳ ଭିତ୍ତି ଉପରେ ପ୍ରଗତିର ପ୍ରତୀକ ତ୍ରିରଙ୍ଗା ତଳେ ଏକତାର ମହାମନ୍ତ୍ରରେ ଦୀକ୍ଷିତ ହୋଇ ଭାରତୀୟତାର ଜୟଗାନ କରିବା ଲାଗି ଏହା ହିଁ ଶ୍ରେଷ୍ଠ ଅବକାଶ।

## ସମ୍ମାନ ଓ ପ୍ରେରଣାର ତ୍ରିରଙ୍ଗା

**ପ୍ରହ୍ଲାଦ କୁମାର ସିଂହ**

ସାହସ, ତ୍ୟାଗ, ସତ୍ୟ, ଶାନ୍ତି, ବିଶ୍ୱାସ, ବୀରତ୍ୱ, ପ୍ରଗତି ଓ ପ୍ରେରଣାର ଅଫୁରନ୍ତ ଉତ୍ସ ଆମ ତ୍ରିରଙ୍ଗା। ସ୍ୱାଧୀନତା, ସ୍ୱଦେଶୀ, ସ୍ୱାଭିମାନ, ସମ୍ମାନ, ସ୍ୱାବଲମ୍ବନ, ସାର୍ବଭୌମତ୍ୱର ଅମୃତ ସନ୍ଦେଶ ଦେଇ ଆସୁଥିବା ଆମ ଜାତୀୟ ପତାକା ତ୍ରିରଙ୍ଗା ପଛରେ ରହିଛି ହଜାର ହଜାର ସହିଦଙ୍କ ବଳିଦାନ ଏବଂ ଲକ୍ଷଲକ୍ଷ ସଂଗ୍ରାମୀଙ୍କ କାରା ଓ ନିର୍ଯାତନା ବରଣର ଇତିହାସ।

ସ୍ୱାମୀ ବିବେକାନନ୍ଦଙ୍କ ପଟ୍ଟଶିଷ୍ୟା ଭଗିନୀ ନିବେଦିତା ୧୯୦୫ ମସିହାରେ ଭାରତ ପାଇଁ ଏକ ବର୍ଗାକୃତିର ନାଲି ପତାକା ତିଆରି କରିଥିଲେ। ଏହି ପତାକାର ଚାରିପଟର ଥିବା ଧଡ଼ିରେ ରହିଥିଲା ୧୦୮ଟି ପ୍ରଜ୍ୱଳିତ ଜ୍ୟୋତି ଓ ମଧ୍ୟଭାଗରେ ଶୋଭା ପାଉଥିଲା ଦେବରାଜ ଇନ୍ଦ୍ରଙ୍କ ବଜ୍ର। ବଜ୍ରର ଦୁଇପାର୍ଶ୍ୱରେ ବଙ୍ଗଳା ଭାଷାରେ ଲେଖାଥିଲା 'ବନ୍ଦେ ମାତରମ୍'। 'ବଙ୍ଗ ଭଙ୍ଗ ଆନ୍ଦୋଳନ' ସମୟରେ ବିପ୍ଳବୀମାନେ ୧୯୦୬ ମସିହା ଅଗଷ୍ଟ ୭ ତାରିଖରେ କଲିକତାର ଏକ ପାର୍କରେ ତିନି ରଙ୍ଗ ଥିବା ଏକ ପତାକା ଉଡ଼ାଇଥିଲେ। ଏହି ପତାକାର ଉପର ଅଂଶଟି ନୀଳ, ମଧ୍ୟଭାଗ ହଳଦିଆ ଓ ତଳପଟଟି ଲାଲ ବର୍ଣ୍ଣର ଥିଲା। ନୀଳ ଅଂଶରେ ୮ଟି ପଦ୍ମଫୁଲ, ଲାଲ ଅଂଶରେ ସୂର୍ଯ୍ୟ ଓ ଚନ୍ଦ୍ରଙ୍କ ଛବି ଏବଂ ମଝିରେ ଥିବା ହଳଦିଆ ଅଂଶରେ ଲେଖାଯାଇଥିଲା 'ବନ୍ଦେ ମାତରମ୍'। ବିପ୍ଳବୀ ସତ୍ୟେନ୍ଦ୍ର ନାଥ ବୋଷ ଏହି ପତାକାର ସ୍ରଷ୍ଟା ବୋଲି କୁହାଯାଏ।

୧୯୦୭ ଅଗଷ୍ଟ ୨୨ ଆମ ପତାକାର ଇତିହାସରେ ଏକ ଅବିସ୍ମରଣୀୟ ଦିବସ। ଜର୍ମାନୀର ଷ୍ଟଟ୍‌ଗାର୍ଟ ସହରରେ ଅନୁଷ୍ଠିତ 'ଆନ୍ତର୍ଜାତିକ ସମାଜବାଦୀ କଂଗ୍ରେସ' ଅବସରରେ କାଥିଆବାଡ଼ର ଜଣେ ବିପ୍ଳବିନୀ ପାର୍ସି ମହିଳା ମାଡାମ୍ ଭିକାଜୀ ରୁସ୍ତମ କାମା ଜର୍ମାନୀ ମାଟିରେ ଇଂରେଜମାନଙ୍କ ପ୍ରଚଣ୍ଡ ବିରୋଧ ସତ୍ତ୍ୱେ ତାଙ୍କ ପ୍ରସ୍ତୁତ ଭାରତର ଜାତୀୟ ପତାକା ଉତ୍ତୋଳନ କରି ଅଗ୍ନିବର୍ଷୀ ଭାଷଣ ଦେଇ ଭାରତର ସ୍ୱାଧୀନତା ଓ ତା' ମାଧ୍ୟମରେ ବିଶ୍ୱର ଅନ୍ୟରାଷ୍ଟ୍ରର ମୁକ୍ତି ପାଇଁ ବିଶ୍ୱବାସୀଙ୍କ ସହଯୋଗ ଲୋଡ଼ିବା ସହ ପତାକାକୁ ସମସ୍ତେ ସମ୍ମାନ ଓ ସମର୍ଥନ ପ୍ରଦର୍ଶନ କରିବାକୁ ନିବେଦନ ରଖିଥିଲେ। ମାଡାମ୍ କାମାଙ୍କ ପତାକା ବି ଥିଲା ତ୍ରିରଙ୍ଗା। ଏହାର ଉପର ଅଂଶଟି ସବୁଜ, ମଧ୍ୟଭାଗ ହଳଦିଆ ଓ ନିମ୍ନ ଅଂଶ ଲାଲ ଥିଲା। ସବୁଜ ରଙ୍ଗର ପଟି ଉପରେ ୮ଟି ପଦ୍ମଫୁଲ, ଲାଲ ରଙ୍ଗ ଉପରେ ସୂର୍ଯ୍ୟ, ଚନ୍ଦ୍ର ଓ ତାରାଙ୍କ ଛବି ଏବଂ ହଳଦିଆ ରଙ୍ଗ ଉପରେ ଲେଖାଥିଲା 'ବନ୍ଦେ ମାତରମ୍'। ୧୯୧୬ ମସିହାରେ ଗଠିତ 'ଇଣ୍ଡିଆନ ଲିଗ୍' ପକ୍ଷରୁ ମଧ୍ୟ ଏକ ପତାକା ଉତ୍ତୋଳନ କରାଯାଇଥିଲା। ୧୯୧୭ରେ ଆନିବେଶାନ୍ତ ଆଉ ଏକ ପତାକା ସୃଷ୍ଟି କଲେ। ଏଥିରେ ୫ଟି ଲାଲ ଓ ୪ଟି ସବୁଜ ପଟି ରହିଥିବା ବେଳେ ସପ୍ତର୍ଷି ମଣ୍ଡଳ ସହିତ ଚନ୍ଦ୍ର ଓ ତାରାଙ୍କ ଛବି ଥିଲା। ଆନିବେଶାନ୍ତଙ୍କ ପତାକାର ବାମ କୋଣରେ ଇଂରେଜମାନଙ୍କ ଜାତୀୟ ପତାକା 'ୟୁନିଅନ ଜ୍ୟାକ୍'ର ପ୍ରତିଛବି ଥିବାରୁ ତାହା କ୍ରାନ୍ତିକାମୀ ଭାରତୀୟମାନଙ୍କ ଦ୍ୱାରା ଗ୍ରହଣୀୟ ହୋଇନଥିଲା।

ଦେଶପ୍ରେମୀ ପୋଙ୍ଗାଲି ଭେଙ୍କିଆ ୧୯୨୧ରେ ବେଜୱାଡାଠାରେ ମହାତ୍ମା ଗାନ୍ଧୀଙ୍କୁ ଭେଟି ଗୁଡ଼ିଏ ପତାକାର ନକ୍ସା ଦେଖାଇଥିଲେ। ଏଥିରୁ ଗୋଟିଏ ପତାକାରେ ଲାଲ ଓ ସବୁଜ ରଙ୍ଗର ପଟି ଉପରେ ବଡ଼ ଚରଖାର ଚିହ୍ନ ଥିଲା। ହିନ୍ଦୁ-ମୁସଲମାନ ଏକତା ପାଇଁ ଏହା ସହାୟକ ହେବ ବୋଲି ଭେଙ୍କିଆ ମତ ରଖିଥିଲେ। ତେବେ ଅନ୍ୟ ସଂପ୍ରଦାୟଙ୍କ ଲାଗି ଏଥିରେ ଧଳା ଚିହ୍ନର ପଟିଟି ଯୋଡ଼ିବା ପାଇଁ ଗାନ୍ଧୀ ଆଗ୍ରହ ପ୍ରକାଶ କରିଥିଲେ। ଅସହଯୋଗ ଆନ୍ଦୋଳନ କାଳରେ ଏହି ପତାକା ବ୍ୟବହୃତ ହେଉଥିଲା। ୧୯୨୯-୩୦ର ଲାହୋର କଂଗ୍ରେସ ଅଧିବେଶନରେ ଜାନୁଆରୀ ୨୬କୁ 'ପୂର୍ଣ୍ଣସ୍ୱରାଜ ଦିବସ' ଭାବେ ପାଳନ କରିବା ସହ ଦେଶବାସୀଙ୍କୁ ଏହି ପତାକା ତଳେ ସ୍ୱାଧୀନତାର ସଂକଳ୍ପ ନେବା ଲାଗି ଆହ୍ୱାନ ଦିଆଯାଇଥିଲା। ୧୯୩୦ର 'ଲବଣ ସତ୍ୟାଗ୍ରହ' ବେଳେ ପତାକାର ବ୍ୟବହାର ବ୍ୟାପକ ହୋଇଥିଲା।

୧୯୩୧ରେ ଅନୁଷ୍ଠିତ 'କରାଚୀ କଂଗ୍ରେସ ଅଧିବେଶନ'ରେ ଏକ କମିଟି ଗଢ଼ାଯାଇ ପତାକା ପ୍ରସଙ୍ଗରେ ଆଲୋଚନା ହୋଇଥିଲା। ଏହି କମିଟି କରିଥିବା ସୁପାରିସ ମୁତାବକ କଂଗ୍ରେସ ପତାକାରେ କେଶରୀ, ଧଳା ଓ ସବୁଜ ରଙ୍ଗର ତିନୋଟି ପଟି ସହିତ ଧଳା ପଟି ଉପରେ ଚରଖା ସ୍ଥାନିତ ହେଲା। ସ୍ୱାଧୀନତା ସଂଗ୍ରାମୀଙ୍କ ପାଇଁ ଏହା ଥିଲା ଜୀବନଠାରୁ ବଳି ଅଧିକ ମୂଲ୍ୟବାନ। ୧୯୪୬ରେ ସ୍ୱିଜରଲାଣ୍ଡର ରାଜଧାନୀ ଜୁରିକ୍‌ରେ ଅନୁଷ୍ଠିତ ବିଶ୍ୱ ଅଲମ୍ପିକ୍‌ରେ ବ୍ରିଟିଶ ଇଣ୍ଡିଆର ପ୍ରତିନିଧିତ୍ୱ କରିଥିବା କ୍ରୀଡ଼ାବିତ୍ ଜାନକୀ ଦାସ ମହାତ୍ମା ଗାନ୍ଧୀଙ୍କ ଦସ୍ତଖତ ଥିବା ଏହି ତ୍ରିରଙ୍ଗା ଝଣ୍ଡା ଉଡ଼ାଇ ଇତିହାସ ରଚିଥିଲେ। ନେତାଜୀ ସୁଭାଷ ଚନ୍ଦ୍ର ବୋଷ 'ଆଜାଦ ହିନ୍ଦ୍ ଫୌଜ'ର ଯେଉଁ ଝଣ୍ଡା ବର୍ଲିନରେ ଉତ୍ତୋଳନ କରିଥିଲେ ତାହା ବି ଥିଲା ତ୍ରିରଙ୍ଗା। ଏହାର ମଧ୍ୟ ଭାଗରେ ଧଳାପଟି ଉପରେ ଚରଖା ପରିବର୍ତ୍ତେ ଶୋଭା ପାଉଥିଲା ଲମ୍ଫ ପ୍ରଦାନକାରୀ ସିଂହର ଛବି।

ସ୍ୱାଧୀନତା ପୂର୍ବରୁ ଭାରତ ଶାସନ ବିଧେୟକ ସଭାରେ ୧୯୪୭ ଜୁନ୍ ମାସରେ ଏକ ସମିତି ଗଢ଼ାଯାଇ ଜାତୀୟ ପତାକା ସଂପର୍କରେ ଆଲୋଚନା କରାଯାଇଥିଲା। ୧୯୪୭ ଜୁଲାଇ ୨୨ ତାରିଖରେ ଭାରତ ଶାସନ ବିଧେୟକ ସଭା ତ୍ରିରଙ୍ଗା ଝଣ୍ଡାକୁ ଜାତୀୟ ପତାକାର ମାନ୍ୟତା ଦେଲେ, କିନ୍ତୁ ଏହାର ମଧ୍ୟଭାଗରେ ଚରଖାର ସ୍ଥାନ ନେଲା ସାରନାଥର ୨୪ଟି ଅର ଥିବା ଅଶୋକଚକ୍ର, ଯାହାକୁ 'ଧର୍ମଚକ୍ର' ଓ 'ସମୟଚକ୍ର' ବୋଲି କୁହାଯାଏ। ଆମ ପତାକାର ଶୀର୍ଷଅଂଶରେ ଥିବା ନାରଙ୍ଗୀ ରଙ୍ଗ ସାହସ ଓ ତ୍ୟାଗର ପ୍ରତୀକ ହୋଇଥିବା ବେଳେ ଧଳା ରଙ୍ଗକୁ ସତ୍ୟ ଓ ଶାନ୍ତି ଏବଂ ସବୁଜ ରଙ୍ଗଟି ବିଶ୍ୱାସ, ବୀରତ୍ୱ ଓ ପ୍ରଗତିକୁ ସୂଚାଇଥାଏ। ଅଶୋକଙ୍କ ସାରନାଥର ଧର୍ମଚକ୍ର ଆମକୁ ସମୟ ସହ ସଚେତନ ରହିବା ସଙ୍ଗେ ସଙ୍ଗେ ଆଗକୁ ବଢ଼ିବା ଲାଗି ପ୍ରେରଣା ଦେଉଥିବାରୁ ଏହି ଚକ୍ରକୁ ଆମ ଜାତୀୟ ପତାକାରେ ସ୍ଥାନିତ କରାଯାଇଛି। ଚରଖା ଚିହ୍ନିତ ତ୍ରିରଙ୍ଗା ଝଣ୍ଡା କଂଗ୍ରେସର ପତାକା ହୋଇଥିବାରୁ ଜାତୀୟ ପତାକାକୁ ରାଜନୈତିକ ଦଳର ଗଣ୍ଡି ମଧ୍ୟରେ ସୀମିତ ନ ରଖିବା ପାଇଁ ସେତେବେଳର ଅଗ୍ରଣୀ କଂଗ୍ରେସ ନେତାମାନେ ନୂଆ ପତାକାର ପରିକଳ୍ପନା କରିଥିଲେ। ଶେଷରେ ଜାତିର ଜନକ ତଥା ସ୍ୱାଧୀନତା ସଂଗ୍ରାମର ସେନାପତି ମହାମାନବ ମହାତ୍ମା ଗାନ୍ଧୀ ଅଶୋକଚକ୍ର ଥିବା ଏହି ତ୍ରିରଙ୍ଗା ଝଣ୍ଡାକୁ ସ୍ୱୀକାର କରିଥିଲେ।

ଭାରତଛାଡ଼ ଆନ୍ଦୋଳନ କାଳରେ ତ୍ରିରଙ୍ଗା ଝଣ୍ଡାର ଟେକ ରଖିବା ଲାଗି ଓଡ଼ିଶାର ମାଥିଲି, ନିମାପଡ଼ା, ପାପଡ଼ାହାଣ୍ଡି, ଲୁଣିଆ, ଇରମ, ତୁଡ଼ିଗଡ଼ିଆ-ଖଇରାଡିହି, କାଇପଡ଼ା-କଳାମାଟିଆ ଆଦି ସ୍ଥାନରେ ବହିଥିଲା ରକ୍ତର ନଦୀ। ଏଥିପାଇଁ ଲକ୍ଷ୍ମଣ ନାୟକଙ୍କୁ ବି ଫାଶୀଖୁଣ୍ଟରେ ଝୁଲିବାକୁ ପଡ଼ିଲା। ଓଡ଼ିଶାରେ ଶତାଧିକ ସଂଗ୍ରାମୀ ସହିଦ ହୋଇଥିଲେ। ଏ ମାଟି ବଳିଦାନର ବୋଲି ସେମାନେ ପୁନର୍ବାର ପ୍ରମାଣିତ କରିଗଲେ।

ଇତିହାସ କୁହେ, ଆସାମର ଗୋପୁର୍ ଥାନା ଉପରେ ତ୍ରିରଙ୍ଗା ଝଣ୍ଡା ଉଡ଼ାଇବା ପାଇଁ ଯାଉଥିବା ବେଳେ ୧୪ବର୍ଷର ଝିଅ କନକଲତା ବଡ଼ୁଆ ଓ ଅନ୍ୟଜଣେ ଛାତ୍ର ମୁକୁନ୍ଦ ସହିଦ ହୋଇଥିଲେ। ପଶ୍ଚିମବଙ୍ଗର ମେଦିନପୁର ଅନ୍ତର୍ଗତ ତମଲୁପ ଥାନା ନିକଟରେ ତ୍ରିରଙ୍ଗାର ଟେକ ରଖିବା ଲାଗି ୧୩ବର୍ଷର ବାଳକ ଲକ୍ଷ୍ମୀନାରାୟଣ ଓ ୭୩ ବର୍ଷିୟା ବୃଦ୍ଧା ମାତଙ୍ଗିନୀ ହାଜରାଙ୍କ ସମେତ ଅନେକ ବଳିଦାନ ଦେଇଥିଲେ। 'କର ବା ମର' ଆନ୍ଦୋଳନ ସମୟରେ ପାଟନା ସଚିବାଳୟ ଉପରେ ତ୍ରିରଙ୍ଗା ଝଣ୍ଡା ଉଡ଼ାଇବା ପାଇଁ ଉଦ୍ୟମକରି ୭ଜଣ ଛାତ୍ର ସହିଦ ହୋଇଥିଲେ। ଜବାହରଲାଲ ନେହେରୁଙ୍କ ଆକଳନ ଅନୁଯାୟୀ ଏହି ଆନ୍ଦୋଳନରେ ଅନ୍ୟୂନ ୧୦ ହଜାର ଭାରତୀୟ ଜୀବନଦାନ ଦେଇଥିଲେ। ଆହ୍ଲାବାଦର କ୍ଲକ୍ ଟାୱାରକୁ ଘେରି ରହିଥିବା ସେନାବାହିନୀର ବ୍ୟୂହ ଭେଦକରି ଲାଲବାହାଦୁର ଶାସ୍ତ୍ରୀ ବୁର୍ଖା ପରିହିତା ମହିଳା ବେଶରେ ଉପରକୁ ଚଢ଼ି ତ୍ରିରଙ୍ଗା ଝଣ୍ଡା ଉଡ଼ାଇଥିଲେ। ବାସ୍ୟମ୍ ନାମକ ଅନ୍ୟଜଣେ ଯୁବ ସତ୍ୟାଗ୍ରହୀ ମାଡ୍ରାସରେ ସେନାବାହିନୀ ମୁଖ୍ୟ ଶିବିର ଭିତରେ ପଶି ୧୬୦ ଫୁଟ ଉଚ୍ଚ ବେତାର ଟାୱାର ଉପରେ ଏକ ସୁଦୀର୍ଘ ପତାକା ଉଡ଼ାଇବାର ସାହସ କରିଥିଲେ। ଭଦ୍ରକ କଚେରି ଉପରେ ସୁଧାକର ମିଶ୍ର ଓ ୱାରିସ୍ ମିଆଁ ତ୍ରିରଙ୍ଗା ଝଣ୍ଡା ଉଡ଼ାଇଥିବା ବେଳେ ରେଭେନ୍ସା କଲେଜର କ୍ରାନ୍ତିକାରୀ ଛାତ୍ରଛାତ୍ରୀମାନେ କଲେଜ ଉପରୁ ୟୁନିୟନ ଜ୍ୟାକ୍ ହଟାଇ ତ୍ରିରଙ୍ଗା ଝଣ୍ଡା ଉଡ଼ାଇବାର ସଫଳ ପ୍ରଚେଷ୍ଟା କରିଥିଲେ। ଏମିତି ଉଦାହରଣ ଅସରନ୍ତି।

୧୯୪୭ ଅଗଷ୍ଟ ୧୫ଠାରୁ ଆମେ ସମ୍ମାନର ସହ ତ୍ରିରଙ୍ଗା ଉଡ଼ାଇ ଆସୁଛୁ ଏବଂ ଏହାର ଟେକ ରଖିବା ପ୍ରତି ନାଗରିକଙ୍କ ମୌଳିକ କର୍ତ୍ତବ୍ୟ ବୋଲି ସମ୍ବିଧାନ ଚେତାଇ ଦେଉଥିବା ବେଳେ ଆମ ଜାତୀୟ ପତାକାର ସଦ୍ ବ୍ୟବହାର ପାଇଁ ୨୦୦୨ ଜାନୁଆରୀ ୨୬ରୁ ଲାଗୁ ହୋଇଥିବା 'ଫ୍ଲାଗ୍ କୋଡ୍ ଅଫ୍ ଇଣ୍ଡିଆ'କୁ ଆମେ ଗ୍ରହଣ କରିନେଇଛୁ। ପ୍ରତ୍ୟେକ ଭାରତୀୟ ନାଗରିକ ସେମାନଙ୍କ ଘର ଓ ଅନୁଷ୍ଠାନ ଓ ସର୍ବସାଧାରଣ ସ୍ଥାନରେ ସମ୍ମାନର ସହ ଜାତୀୟ ପତାକା ଉଡ଼ାଇ ପାରିବେ ବୋଲି ଆମ ସୁପ୍ରିମକୋର୍ଟ ମଧ୍ୟ ରାୟ ଦେଇଛନ୍ତି।

ସ୍ୱାଧୀନତା ପ୍ରାପ୍ତିର ୭୯ବର୍ଷରେ କୃତଜ୍ଞତାର ସହ ସମସ୍ତ ସ୍ୱାଧୀନତା ସଂଗ୍ରାମୀ, ଦେଶ ମାତୃକା ପାଇଁ ବଳିଦାନ ଦେଇଥିବା ସତ୍ୟାଗ୍ରହୀ, କ୍ରାନ୍ତିକାରୀ ଓ ସୈନିକ ଏବଂ ଦେଶର ପ୍ରଗତିରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ସମାଜସେବୀ, କୃଷକ, ଶ୍ରମିକ, ବୈଜ୍ଞାନିକ, ଶିକ୍ଷକ, ବୈଷୟିକ ବିଶେଷଜ୍ଞ ଓ ଅନ୍ୟ ଚିନ୍ତାନାୟକ ତଥା ସଂସ୍କାରକମାନଙ୍କୁ ସ୍ମରଣ କରୁଛୁ।

ଭୁବନେଶ୍ୱର, ମୋ: ୯୪୩୭୦୧୭୩୯୫

## ଆର୍ଥିକ ସ୍ୱାଧୀନତା

**ଅନନ୍ତ ଚରଣ ସ୍ୱାଇଁ**

ସ୍ୱାଧୀନତାର ପରବର୍ତ୍ତୀ ସମୟରେ ଆମ ଦେଶର ରାଜନୈତିକ, ଅର୍ଥନୈତିକ, ସାମାଜିକ, ସାଂସ୍କୃତିକ ଆଦି ଅନେକ କ୍ଷେତ୍ରରେ ଅଭୂତପୂର୍ବ ଉନ୍ନତି ଘଟିଛି। ସେଥିପାଇଁ ପ୍ରତ୍ୟେକ ନାଗରିକ ଗର୍ବିତ। କେତେକ ସ୍ଥଳରେ ସ୍ୱାଧୀନତାର ଅପବ୍ୟବହାର, ସାଧାରଣ ବ୍ୟକ୍ତିଙ୍କୁ ବ୍ୟଥିତ କରେ। ବାକ୍ ସ୍ୱାଧୀନତା ନାଁରେ ଅସାମ୍ବିଧାନିକ ମତାମତ, ବିଶୃଙ୍ଖଳା ସୃଷ୍ଟିକାରୀ ବକ୍ତବ୍ୟ, ହିଂସା ପ୍ରଣୋଦିତ, ପୋଷାକ ପତ୍ରର ସ୍ୱାଧୀନତା ଦର୍ଶାଇ ଅଶାଳୀନ ପରିଧାନ ବ୍ୟବହାର କରିବା ମଧ୍ୟ ନିନ୍ଦନୀୟ। ଅନେକ ସ୍ଥଳରେ ସ୍ୱାଧୀନତାର ପ୍ରକୃତ ଅର୍ଥକୁ କଦର୍ଥର ରୂପ ଦିଆଯାଉଛି।

ଆମେ ସମସ୍ତେ ସ୍ୱାଧୀନ ହେବାକୁ ଚାହୁଁଛୁ। ସ୍ୱାଧୀନତାର ଅର୍ଥ କେବଳ ରାଜନୈତିକ କିମ୍ବା ସାମାଜିକ ସ୍ୱାଧୀନତା ନୁହେଁ। ଆର୍ଥିକ ସ୍ୱାଧୀନତା ସେଥିମଧ୍ୟରୁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଆର୍ଥିକ ସ୍ୱାଧୀନତା ହେଉଛି ଏକ ଅବସ୍ଥା, ଯେଉଁଠାରେ ଜୀବନ ଜିଇଁବା ପାଇଁ କାହାରି ଆର୍ଥିକ ସହାୟତା ଉପରେ ନିର୍ଭର କରିବାକୁ ପଡ଼େ ନାହିଁ କିମ୍ବା ବାଧ୍ୟତାମୂଳକ କାମ କରି ରୋଜଗାର କରିବାର ପ୍ରୟୋଜନ ମଧ୍ୟ ନଥାଏ। ଆୟ ଉତ୍ସ ସ୍ୱୟଂପ୍ରେରିତ ଭାବେ ବା ନିଷ୍କ୍ରିୟ ଆୟ ରୂପେ ସମସ୍ତ ଖର୍ଚ୍ଚର ଭରଣା କରିଥାଏ। ଅନ୍ତତଃ ଅର୍ଥ ପାଇଁ କାହାରି ଉପରେ ଭରସା ନରଖି ଆତ୍ମନିର୍ଭର ହେବା, ବଞ୍ଚିଥିବା ଯାଏଁ ସ୍ଥିର ଆୟ, ବ୍ୟୟ ନିୟନ୍ତ୍ରଣ, ଦୀର୍ଘକାଳୀନ ଆର୍ଥିକ ଯୋଜନା ପ୍ରସ୍ତୁତ କରି ସେହି ଅନୁଯାୟୀ ପରିଚାଳିତ ହେବା ହେଉଛି ଆର୍ଥିକ ସ୍ୱାଧୀନତା।

ଆର୍ଥିକ ସ୍ୱାଧୀନତା ପାଇଁ ଆୟ ବୃଦ୍ଧି, ଦକ୍ଷତାରେ ଉନ୍ନତି, ପାର୍ଶ୍ୱ ବ୍ୟବସାୟ, ବଜେଟିଂ, ଅର୍ଥ ବିନିଯୋଗ ଓ ନିଷ୍କ୍ରିୟ ଆୟ ଉପରେ ନିର୍ଭରଶୀଳ ହେବାକୁ ପଡ଼େ। ଚାକିରିରେ ଅନିଶ୍ଚିତତା, ମୁଦ୍ରାସ୍ଫୀତି, ଶିକ୍ଷା, ସାମାଜିକ ଉତ୍ସବ ଅନୁଷ୍ଠାନ, ଚିକିତ୍ସା ପରି ପାରିବାରିକ ଦାୟିତ୍ୱ ଏବଂ ବୃଦ୍ଧାବସ୍ଥାରେ ସୁରକ୍ଷା ପାଇଁ ଦରକାର ହେଉଥିବା ଅର୍ଥ ନିମନ୍ତେ କାହାରି ଉପରେ ନିର୍ଭର ନହେବାକୁ ଆର୍ଥିକ ସ୍ୱାଧୀନତା ଅତ୍ୟନ୍ତ ଜରୁରୀ। ଆର୍ଥିକ ସାକ୍ଷରତାର ଅଭାବ, ତତ୍କାଳୀନ ସୁଖର ଆକର୍ଷଣ, ଋଣ ଯନ୍ତ୍ରା, ଦରଦାମ ବୃଦ୍ଧି, କ୍ରେଡିଟ କାର୍ଡ ଉପରେ ଅଧିକ ନିର୍ଭରଶୀଳତା ଆଦି ଆର୍ଥିକ ସ୍ୱାଧୀନତା ଆଣିବାରେ ପ୍ରତିବନ୍ଧକ।

ଆର୍ଥିକ ସ୍ୱାଧୀନତା ସଂଗ୍ରାମରେ ପିଲାଠାରୁ ଆରମ୍ଭ କରି ବରିଷ୍ଠ ନାଗରିକ ପର୍ଯ୍ୟନ୍ତ ସମସ୍ତେ ଜଡ଼ିତ। ଏହି ସଂଗ୍ରାମ ଅତୀତ, ବର୍ତ୍ତମାନ ଓ ଭବିଷ୍ୟତ ଉପରେ ଆଧାରିତ। ଯୁବ ପିଢ଼ିଙ୍କ ପାଇଁ ବର୍ତ୍ତମାନ ହେଉଛି ବହୁ ମୂଲ୍ୟବାନ। ବିଳମ୍ବ ନକରି ଆୟର କିଛିଅଂଶ ଭବିଷ୍ୟତ ପାଇଁ ସଞ୍ଚୟ ଓ ନିବେଶ କଲେ ବୃଦ୍ଧାବସ୍ଥା ବେଳକୁ ଏହା ବୃଦ୍ଧି ପାଇ ଏକ ବୃହତ ରାଶିରେ ପରିଣତ ହେବ ଏବଂ ଆର୍ଥିକ ସ୍ୱଚ୍ଛଳତା ବା ଆର୍ଥିକ ସ୍ୱାଧୀନତା ମିଳିବ। ଶିଶୁ ଓ



କିଶୋରମାନେ ମଧ୍ୟ ଏହି ଆର୍ଥିକ ସ୍ୱାଧୀନତା ସଂଗ୍ରାମରେ ଭାଗ ନେଇ ପାରିବେ। ସେମାନଙ୍କୁ ମିଳୁଥିବା ପକେଟ ଖର୍ଚ୍ଚରୁ ବଞ୍ଚାଇ ସଞ୍ଚୟ କରିବା, ଜନ୍ମ ଦିନ, ବ୍ରତଘର ପରି ଉତ୍ସବଗୁଡ଼ିକରେ ଅତ୍ୟଧିକ ବ୍ୟୟ ନକରି ଖର୍ଚ୍ଚ କାଟି ତାହା ସଞ୍ଚୟ ଏବଂ ଠିକ ଭାବେ ବିନିଯୋଗ କଲେ ଭବିଷ୍ୟତରେ ଚକ୍ରବୃଦ୍ଧି ହାରରେ ଏହା ଆଶାତୀତ ବୃଦ୍ଧି ପାଇଥାଏ।

ବରିଷ୍ଠ ନାଗରିକ, ଶିଶୁ, କିଶୋର ଓ ଯୁବକମାନଙ୍କ ଆର୍ଥିକ ଜ୍ଞାନ, ଆର୍ଥିକ ସ୍ୱାଧୀନତା, ଆର୍ଥିକ ପରାଧୀନତାର କାରଣ ଓ ନିରାକରଣ, ସେମାନେ କରିଥିବା ଭୁଲର ପୁନରାବୃତ୍ତି ନକରିବା ଏବଂ ସେମାନଙ୍କର ଆର୍ଥିକ ସଫଳତାର କାରଣ ବିଷୟରେ ଆଲୋଚନା ଓ ପର୍ଯ୍ୟାଲୋଚନା ଫଳପ୍ରଦ ହୋଇଥାଏ। ସ୍ୱାଧୀନ ଦେଶରେ ଆର୍ଥିକ ପରାଧୀନ ହେଉଛି ଏକ ଅଭିଶାପ। ଆର୍ଥିକ ସ୍ୱାଧୀନତା ପାଇଁ ସଚେତନତା ସହ ଉପଯୁକ୍ତ ସଂଗ୍ରାମ ଦରକାର। ଠିକ ସମୟରେ ଠିକ ନିଷ୍ପତ୍ତି ଆର୍ଥିକ ସ୍ୱାଧୀନତା ଆଣିବାରେ ସକ୍ଷମ। ଏହାକୁ କାର୍ଯ୍ୟରେ ପରିଣତ କରିବା ଦାୟିତ୍ୱ ସବୁ ନାଗରିକଙ୍କର। ଆର୍ଥିକ ସ୍ୱାଧୀନତା ଏକ ଜୀବନ ଦର୍ଶନ। ଏହାଦ୍ୱାରା ଶରୀର, ଧନ ଓ ମନର ସଠିକ ସମନ୍ୱୟ ଘଟି ଜୀବନରେ ସୁଖ ଶାନ୍ତି ଆସିଥାଏ।

ଆର୍ଥିକ ସ୍ୱାଧୀନତା ଆମର ଏକ ଗୁରୁତ୍ୱପୂର୍ଣ୍ଣ ଅଧିକାର। ଆର୍ଥିକ ସ୍ୱାଧୀନତା ନଥିଲେ ସ୍ୱାଧୀନତାର ପ୍ରକୃତ ସ୍ୱାଦ ଉପଲବ୍ଧି କରିହେବ ନାହିଁ। ଆସନ୍ତୁ ସମସ୍ତେ ଶପଥ ନେବା - ନିଜର ଆର୍ଥିକ ସ୍ୱାଧୀନତା ଆଣିବା ସହ ଅନ୍ୟମାନଙ୍କ, ବିଶେଷକରି ଗରିବ ଲୋକଙ୍କ ଆର୍ଥିକ ସ୍ୱାଧୀନତା ଆଣିବାରେ ସହାୟକ ହେବା।

ପଲେଇ(କେନ୍ଦ୍ରାପଡ଼ା) ମୋ: ୭୩୮୧୦୪୬୪୭୭୦

## ଖମ୍ବ ସ୍ୱରୂପରେ ପୂଜା ପାଆନ୍ତି ମେଘନାଦ

**ବିଚିତ୍ର ବିଶ୍ୱାସ**

**ଓଜସ୍ୱିନୀ**

ଲଙ୍କାପତି ରାବଣ ଓ ମନ୍ଦୋଦରୀଙ୍କ ଜ୍ୟେଷ୍ଠପୁତ୍ର ମେଘନାଦ ଦେବରାଜ ଇନ୍ଦ୍ରଙ୍କୁ ପରାସ୍ତ କରି ସ୍ୱର୍ଗ ଅଧିକାର କରିଥିଲେ। ତେଣୁ ତାଙ୍କର ଅନ୍ୟ ଏକ ନାମ ଇନ୍ଦ୍ରଜିତ। ଦୈତ୍ୟଗୁରୁ ଶୁକ୍ରାଚାର୍ଯ୍ୟଙ୍କ କୃପାରୁ ସେ ହୋଇପାରିଥିଲେ ବ୍ରହ୍ମାସ୍ତ୍ର, ନାରାୟଣାସ୍ତ୍ର ଓ ପଶୁପାତାସ୍ତ୍ରର ଅଧିକାରୀ। ଅନେକ ଚମତ୍କାରୀ ଦିବ୍ୟାସ୍ତ୍ର, ତନ୍ତ୍ର ବିଦ୍ୟା ଓ ସିଦ୍ଧି ହାସଲ କରିଥିବା ମେଘନାଦଙ୍କ ପିତୃଭକ୍ତି ରାମତୁଲ୍ୟ ବୋଲି ବର୍ଣ୍ଣିତ। ମେଘନାଦ ଆସୁରିକ ଶକ୍ତିର ପ୍ରତୀକ ହୋଇଥିଲେ ମଧ୍ୟ ଭାରତର କେତେକ ଜନଜାତିଙ୍କ ପାଇଁ ପୂଜନୀୟ। ସେମାନେ ମେଘନାଦଙ୍କୁ କୁଳଦେବତା ଭାବେ ପୂଜା କରୁଛନ୍ତି। ଏଥିସହିତ ପ୍ରକୃତିର ରକ୍ଷାକର୍ତ୍ତା ଭାବେ ମେଘନାଦଙ୍କ ପୂଜାର୍ଚ୍ଚନା ଓ ଆଶିଷ ଲାଭ ପାଇଁ ପ୍ରତିବର୍ଷ ଆୟୋଜନ କରନ୍ତି ମେଘନାଦ ମେଳା।

ମଧ୍ୟପ୍ରଦେଶର ସୀମାନ୍ତ ଅଞ୍ଚଳ ଛିନ୍ଦୱାଡ଼ା ଜିଲ୍ଲାର ଉମରେଠ, ବେତୁଲ, ସାରନା, ସତପୁଡ଼ା ଓ ଚୋରଇ ଆଦି କେତେକ ଅଞ୍ଚଳରେ ବସବାସ କରୁଥିବା କୋରାକୁ ଓ ଭାରିଆ ଜନଜାତି ସମ୍ପ୍ରଦାୟଙ୍କ ନିଜକୁ ରାବଣଙ୍କ ବଂଶଜ ବୋଲି ମାନୁଥିବାରୁ ମେଘନାଦଙ୍କୁ କୁଳଦେବତା ଭାବେ ପୂଜାର୍ଚ୍ଚନା କରିଥା'ନ୍ତି। ମୁଖ୍ୟତଃ ଭଲ ବର୍ଷା ଓ ଉତ୍ତମ ଫସଲ, ମନୋବାଞ୍ଛା ପୂରଣ, ସନ୍ତାନର ମଙ୍ଗଳକାମନା, ସମସ୍ୟାର ସମାଧାନ ଏବଂ ଉତ୍ତମ ପାରିବାରିକ ଜୀବନ ପାଇଁ ମେଘନାଦଙ୍କୁ ପୂଜା କରାଯିବାର ପରମ୍ପରା ସେଠାରେ ପ୍ରଚଳିତ। ହୋଲି ପରଦିନଠାରୁ ପାଞ୍ଚଦିନ (ସ୍ଥାନୀୟ ଭାଷାରେ ରଙ୍ଗପଞ୍ଚମୀ) ପର୍ଯ୍ୟନ୍ତ ସେହି ଅଞ୍ଚଳରେ ମେଘନାଦ ମେଳାର ଆୟୋଜନ ହୋଇଥାଏ। ଏଥିରେ କୃଷକ ଓ ଯୁବଗର୍ବଙ୍କ ଅଧିକ ସମାଗମ ହୁଏ। ଗୋଟିଏ ଉଚ୍ଚ ସିଧା ଗଛର ଗଣ୍ଡିକୁ କାଟି ଗାଁର ମଧ୍ୟଭାଗରେ କିମ୍ବା ମନ୍ଦିର ପାଖରେ ପୋତା ଯାଇଥାଏ। ଏହି ଗଣ୍ଡି ବା ଖମ୍ବର ଉଚ୍ଚତା ୨୫ରୁ ୪୦ ଫୁଟ ହୋଇଥାଏ। ମେଘନାଦଙ୍କ ପ୍ରତୀକାତ୍ମକ ସ୍ୱରୂପ ଭାବେ ପୂଜା କରାଯାଉଥିବା ଏହି ଖମ୍ବକୁ 'ଖଣ୍ଡେରା ଦେବ', 'ଖଣ୍ଡେରା ବାବା' ବା 'ମେଘନାଦ ଖମ୍ବ' ବୋଲି କୁହାଯାଏ। ଖମ୍ବକୁ ଗେରୁଆ ରଙ୍ଗରେ ସଜାଇବା ପରେ ଶୀର୍ଷ ଭାଗରେ ଅନ୍ୟ ଗୋଟିଏ କାଠକୁ ସମାନ୍ତରାଳ ଭାବେ ରଖାଯାଏ। ଏହି କାଠରେ ନିଜକୁ ବାନ୍ଧି ଭକ୍ତମାନେ ଘୂରି ଘୂରି ମନସ୍କାମନା ପୂରଣ ପାଇଁ ମେଘନାଦଙ୍କୁ ଆଶିଷ ଭିକ୍ଷା କରିଥା'ନ୍ତି। ମନସ୍କାମନା ପୂରଣ ହେବା ପରେ ମେଘନାଦଙ୍କୁ ଧନ୍ୟବାଦ ଦେବା ପାଇଁ ଖମ୍ବରେ ଚଢ଼ି ଘୂରିବାର ମଧ୍ୟ ପ୍ରଥା ରହିଛି। ମେଘନାଦଙ୍କ କୁଳଦେବୀ ନିକୁମ୍ଭିଲାଙ୍କ ବିଶେଷ ପୂଜାର୍ଚ୍ଚନା ପରେ ପୂଜାରୀ ଗୋଟିଏ ନଡ଼ିଆକୁ ବହୁ ଉଚ୍ଚକୁ ଫୋପାଡ଼ି ଦେଇଥା'ନ୍ତି। କିଛି ସମୟ ପରେ ଉକ୍ତ ନଡ଼ିଆକୁ ଭାଙ୍ଗିଦିଆଯାଏ। ଯଦି ନଡ଼ିଆରୁ ପାଣି କମ୍ ବାହାରେ, ତା'ହେଲେ କମ୍ ବର୍ଷା ହେବ ଏବଂ ଅଧିକ ପାଣି ବାହାରିଲେ ଭଲ ବର୍ଷା ହେବାର ଆଗୁଆ ସୂଚନା ମିଳିଥାଏ। ପ୍ରାୟ ୩୦୦ ବର୍ଷ ଧରି ମେଘନାଦ ମେଳାକୁ ନେଇ ଏହଭଳି ବିଶ୍ୱାସ ରହିଆସିଛି।

ଛିନ୍ଦୱାଡ଼ା ଜିଲ୍ଲାସ୍ଥିତ ଏକାଧିକ ଗାଁର ନାମ ମଧ୍ୟ ମେଘନାଦ ଓ ଅସୁରରାଜ ରାବଣଙ୍କ ନାମାନୁସାରେ ରଖାଯାଇଛି। ସ୍ଥାନୀୟ ଲୋକକଥା ଅନୁସାରେ ଛିନ୍ଦୱାଡ଼ା ଜିଲ୍ଲାର ତାମିଆ ନାମକ ସ୍ଥାନ ନିକଟବର୍ତ୍ତୀ ପାତାଲକୋଟକୁ ଅହିରାବଣଙ୍କ ପାତାଳଲୋକ ବୋଲି କୁହାଯାଉଛି। ଅହିରାବଣ ଶ୍ରୀରାମ ଓ ଲକ୍ଷଣଙ୍କୁ ଅପହରଣ କରି ଏହି ପାତାଲକୋଟରେ ହିଁ ରଖିଥିଲେ। ସ୍ଥାନୀୟ ଲୋକଗୀତରେ ମଧ୍ୟ ରାବଣ ଓ ମେଘନାଦଙ୍କ ଅନେକ କାହାଣୀ ଶୁଣିବାକୁ ମିଳିଥାଏ। ଏହା ବ୍ୟତୀତ ମଧ୍ୟପ୍ରଦେଶର ମଣ୍ଡି ବାମୋରା ଅନ୍ତର୍ଗତ ପଲିତା ନାମକ ଗାଁରେ ମେଘନାଦଙ୍କ ଏକ ମନ୍ଦିର ରହିଛି। ଗାଁର ପରମ୍ପରା ଅନୁଯାୟୀ ଅନୁଯାୟୀ ଦଶହରାରେ ରାବଣଙ୍କ କୁଶ ପୁତ୍ତଳିକା ଦହନ ପରିବର୍ତ୍ତେ ମେଘନାଦଙ୍କ ବିଶେଷ ପୂଜାର୍ଚ୍ଚନା ହୋଇଥାଏ। ଏଠାରେ ଲୋକମାନେ ମେଘନାଦଙ୍କୁ ଅଗ୍ରପୂଜ୍ୟ ଶ୍ରୀଗଣେଶଙ୍କ ସମତୁଲ୍ୟର ମାନ୍ୟତା ଦେଇଛନ୍ତି। ତେଣୁ ପ୍ରଥମେ ମେଘନାଦଙ୍କ ପୂଜା ପରେ ଅନ୍ୟ ଦେବଦେବୀଙ୍କ ପୂଜା କରାଯାଏ। କୌଣସି ନୂତନ କାର୍ଯ୍ୟ ଆରମ୍ଭ କରିବା ପୂର୍ବରୁ ମେଘନାଦଙ୍କୁ ଶ୍ରୀଫଳ ସମର୍ପଣ ହୁଏ। ଏହି ଅଞ୍ଚଳରେ କାନ୍ୟକୁବ୍‌ଜ ବ୍ରାହ୍ମଣମାନେ ରହନ୍ତି, ଯେଉଁମାନେ ନିଜକୁ ରାବଣଙ୍କ ବଂଶଜ ବୋଲି କହନ୍ତି। ତେଣୁ ରାବଣଙ୍କ ପୁତ୍ର ମେଘନାଦଙ୍କ ପୂଜାର୍ଚ୍ଚନା ବିଧିବିଧାନର ସହିତ କରାଯାଏ। ଏହି ଗ୍ରାମରେ ମେଘନାଦ ଅଖଣ୍ଡ ତପସ୍ୟା କରିଥିଲେ ବୋଲି ଲୋକୋକ୍ତି ଅଛି। ତେଣୁ ତପସ୍ୟା କରିଥିବା ସ୍ଥାନରେ ଆଜି ମଧ୍ୟ ହଜାର ହଜାର ଶ୍ରଦ୍ଧାଳୁ ଶୁଦ୍ଧ ଘିଅ ଦୀପ ପ୍ରଜ୍ୱଳନ କରି ମେଘନାଦଙ୍କ ଆଶିଷ ଭିକ୍ଷା କରୁଛନ୍ତି। କାହିଁ କେଉଁ କାଳରୁ ଚାଲି ଆସିଥିବା ଆସ୍ଥା ଓ ବିଶ୍ୱାସର ଏହି ଧାରାରେ ଅସୁରମାନେ ମଧ୍ୟ ଦେବତା ପାଲଟି ଯାଇଛନ୍ତି।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଲେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଅବଶିଷ୍ଟାଂଶ

### ୬୫ ଲକ୍ଷ ଭୋଟରଙ୍କ...

ତାଲିକାରୁ ବାଦ୍ ପଡ଼ିଛି ସେମାନେ ଆଧାର କାର୍ଡ ସହିତ ନିର୍ବାଚନ ଅଫିସ ଯାଇ ନିଜର ନାମକୁ ସାମିଲ କରିପାରିବେ । ସୂଚନାଯୋଗ୍ୟ ଯେ ଗତ ଅଗଷ୍ଟ ପହିଲାରେ କମିସନ ପକ୍ଷରୁ ଯେଉଁ ଭୋଟର ଚିଠାତାଲିକା ପ୍ରକାଶ କରାଯାଇଛି ସେଥିରେ ୬୫ ଲକ୍ଷ ଭୋଟରଙ୍କ ନାମ କାଟି ଦିଆଯାଇଛି । ଏହି ଭୋଟରଙ୍କ ନାମ ପୁରୁଣା ତାଲିକାରେ ଥିଲା । କମିସନ କହିଥିଲେ ଯେ ଯେଉଁମାନଙ୍କ ନାମ କଟାଯାଇଛି ସେମାନଙ୍କ ମଧ୍ୟରୁ ୨୨ ଲକ୍ଷ ୩୪ ହଜାର ଜୀବିତ ନୁହନ୍ତି, ୩୬ ଲକ୍ଷ ୨୮ ହଜାର ଅନ୍ୟ ରାଜ୍ୟକୁ ପଳାଇଛନ୍ତି ଏବଂ ୭ ଲକ୍ଷ ଭୋଟରଙ୍କ ନାମ ଏକାଧିକ ସ୍ଥାନରେ ରହିଛି । କମିସନ ଏହି ସଂଖ୍ୟା ଦେଇଥିଲେ ମଧ୍ୟ ଭୋଟରଙ୍କ ନାମ କିମ୍ବା ବାଦ୍ ପଡ଼ିବାର କାରଣ ଦର୍ଶାଇ ନଥିଲେ ।

୨୦୦୩ରେ ଭୋଟର ତାଲିକା ସଂଶୋଧନ ବେଳେ କେଉଁ ଦସ୍ତାବିଜ ଦାଖଲ ପାଇଁ କୁହାଯାଇଥିଲା, ସେସଂପର୍କରେ ମଧ୍ୟ ରିପୋର୍ଟ ଦେବାଲାଗି କୋର୍ଟ ନିର୍ବାଚନ କମିସନଙ୍କୁ କହିଛନ୍ତି । ଆଜି ଶୁଣାଣି ବେଳେ କମିସନଙ୍କ ଓକିଲ କହିଥିଲେ ଯେ ୨୦୦୩ ଭୋଟର ତାଲିକାରେ ଯେଉଁ ଭୋଟର ବା ସେମାନଙ୍କ ପିତାମାତାଙ୍କର ନାମ ରହିଥିଲା, ସେମାନଙ୍କ ଠାରୁ କୌଣସି ଦସ୍ତାବଜିତ ମଗାଯାଇ ନାହିଁ । ସେ ଆହୁରି କହିଥିଲେ ଯେ ଇଭିଏମକୁ ନେଇ ବିଭିନ୍ନ ରାଜନୈତିକ ଦଳ ମଧ୍ୟରେ ଚାଲିଥିବା ବିବାଦରେ କମିସନକୁ ଅନାବଶ୍ୟକ ଭାବେ ଟଣାଯାଉଛି ।

### ୪୦ ମୃତ...

ଖବର ପାଇଁ ଉଦ୍ଧାରକାରୀ ଦଳ ଘଟଣାସ୍ଥଳରେ ପହଞ୍ଚିଛନ୍ତି । ୨୦୦ରୁ ୩୦୦ ଲୋକ ଫସିଥିବା ଆଶଙ୍କା କରାଯାଉଛି ବୋଲି ଡେପୁଟି କମିସନର ପଙ୍କଜ ଶର୍ମା କହିଛନ୍ତି । ଏନ୍‌ଡିଆରଏଫ୍‌ର ଦୁଇଟି ଦଳକୁ ଘଟଣା ସ୍ଥଳକୁ ପଠାଯାଇଛି । ସେ କହିଛନ୍ତି ଯେ ହଜାର ହଜାର ଶ୍ରଦ୍ଧାଳୁ ମଚାଇଲ ଯାତ୍ରା ପାଇଁ ଚୋସିତି ଗାଁରେ ପହଞ୍ଚିଥିବା ବେଳେ ଏହି ଘଟଣା ଘଟିଥିଲା । ଯେଉଁ ଯାତ୍ରା ଆରମ୍ଭ ହେବାର କାର୍ଯ୍ୟକ୍ରମ ଥିଲା ସେହିଠାରେ ହିଁ ପ୍ରବଳ ବର୍ଷା ହୋଇଥିଲା । ଯାତ୍ରାର ପଥମ ପର୍ଯ୍ୟାୟ ଆରମ୍ଭ ହେବାର ଥିଲା । ଏହି ସ୍ଥାନରେ ଶ୍ରଦ୍ଧାଳୁଙ୍କ ବସ, ଟେଣ୍ଟ, ଲଙ୍ଗର ଓ କେତୋଟି ଦୋକାନ ଥିଲା । ସବୁ ବନ୍ୟାରେ ଭାସି ଯାଇଛି । ମଚାଇଲ ତୀର୍ଥ ଯାତ୍ରା ପ୍ରତିବର୍ଷ ଅଗଷ୍ଟ ମାସରେ ହୋଇଥାଏ । ଏହି ଯାତ୍ରାରେ ସାମିଲ ହେବାକୁ ହଜାର ହଜାର ଶ୍ରଦ୍ଧାଳୁ ଦେଶର ବିଭିନ୍ନ ସ୍ଥାନରୁ ଆସିଥାନ୍ତି । ଏହି ଯାତ୍ରା ଜୁଲାଇ ୨୫ରୁ ସେପ୍ଟେମ୍ବର ୫ ପର୍ଯ୍ୟନ୍ତ ଚାଲିବ ।

### ଜିଦ୍‌ରେ ଅଟଳ...

ଅବ୍ୟାହତ ରହିବ ବୋଲି ଚେତାବନୀ ଦେଇଛନ୍ତି । ସାରା ରାଜ୍ୟର ୩୦ ଜିଲ୍ଲାରେ କାର୍ଯ୍ୟରତ ୧୦ ହଜାରରୁ ଊର୍ଦ୍ଧ୍ୱ ରାଜସ୍ୱ ଅମଲା ୪ ଦିନ ହେବ କାମ ବନ୍ଦ କରିଛନ୍ତି । ଫଳରେ ସାଧାରଣ ଲୋକମାନେ ସରକାରୀ ସେବାରୁ ବଞ୍ଚିତ ହୋଇଛନ୍ତି । ରାଜ୍ୟ ସରକାର ଲୋକଙ୍କର କୌଣସି ସମସ୍ୟାକୁ ବରଦାସ୍ତ କରାଯିବ ନାହିଁ ବୋଲି କହୁଥିଲେ ମଧ୍ୟ ସଂଘ ସହ ଆଲୋଚନା ନିମନ୍ତେ ଆଗ୍ରହ ପ୍ରକାଶ ନ କରିବା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । ସମୂହ ଛୁଟିରେ ଯିବା ନିଷ୍ପତ୍ତି ପୂର୍ବରୁ ନିଜର ଦାବି ପୂରଣ ନେଇ ସଂଘ ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିଥିଲା । ଜୁଲାଇ ୭ ତାରିଖରୁ ସଂଘର ସମସ୍ତ ସଦସ୍ୟ କଳାବ୍ୟାଚ ପରିଧାନ କରି ପ୍ରତିବାଦ ଜଣାଇଥିଲେ । ସେହିପରି ସମୟରେ ଜୁଲାଇ ୯ ତାରିଖ ଦିନ ରାଜ୍ୟ ସରକାରଙ୍କଠାରୁ ଆଲୋଚନା ପାଇଁ ଡାକରା ଆସିଥିଲା । ରାଜସ୍ୱ ମନ୍ତ୍ରୀ ରାଜ୍ୟ ସଂଘର ପ୍ରତିନିଧିମାନଙ୍କ ସହ ଆଲୋଚନା କରି ୧୫ ଦିନ ଭିତରେ ନିଷ୍ପତ୍ତି ନେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ । ହେଲେ ଏକ ମାସ ବିତିବାକୁ ବସିଥିଲେ ମଧ୍ୟ ରାଜ୍ୟ ସରକାର କୌଣସି ପଦକ୍ଷେପ ନାହାନ୍ତି । ଯାହାକୁ ନେଇ ସଂଘ ସରକାରଙ୍କ ଉପରେ ଭରସା ତୁଟାଇ ସମୂହ ଛୁଟିରେ ଯିବାକୁ ନିଷ୍ପତ୍ତି ନେଇଛି ।

ଅନ୍ୟପକ୍ଷରେ ସରକାର ଆଲୋଚନା କରିବା ପରିବର୍ତ୍ତେ ରାଜସ୍ୱ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ସମୂହ ଛୁଟିରେ ଥିବା ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେବା ସରକାରଙ୍କ ପାଇଁ ବୁମେରାଂ ହୋଇଛି । ମନ୍ତ୍ରୀଙ୍କ ଧମକ, ସଚିବଙ୍କ ଚେତାବନୀ ଅମଲା ସଂଘକୁ ଅଧିକ କ୍ରୋଧିତ କରିଛି । ଫଳରେ ସଂଘ ବିନା ଆଲୋଚନାରେ ଆନ୍ଦୋଳନ ପ୍ରତ୍ୟାହାର ହେବ ନାହିଁ ବୋଲି ସଫା ମନା କରିଛି । ଯଦି ସରକାର ଲୋକଙ୍କ ସୁବିଧା ଚାହୁଁଛନ୍ତି, ତେବେ ଆଲୋଚନା କରିବାକୁ କାହିଁକି ପଛଘୁଞ୍ଚା ଦେଉଛନ୍ତି ବୋଲି ସଂଘ ପ୍ରଶ୍ନ କରିଛି । ରାଜସ୍ୱ ଅମଲାମାନେ ଲୋକଙ୍କ ପାଇଁ କାମ କରୁଛନ୍ତି, ସରକାର ମଧ୍ୟ ଲୋକଙ୍କ ସ୍ୱାର୍ଥକୁ ଦୃଷ୍ଟିରେ ରଖି କାମ କରନ୍ତୁ ଓ ଚେତାବନୀ ନ ଦେଇ ଆମର ନ୍ୟାଯ୍ୟ ଦାବି ପୂରଣ କରନ୍ତୁ ବୋଲି ସଂଘ ପକ୍ଷରୁ କୁହାଯାଇଛି । ସ୍ୱାଧୀନତା ଦିବସରେ ସଂଘର ସମସ୍ତ ସଦସ୍ୟ ଅର୍ଥାତ ରାଜସ୍ୱ ଅମଲାମାନେ ପତାକା ଉତ୍ତୋଳନ ସମ୍ପର୍କିତ ଜାତୀୟ ଉତ୍ସବରେ ଯୋଗ ଦେବେ; ମାତ୍ର ପୂର୍ବବତ୍ ସମୂହ ଛୁଟି ଆନ୍ଦୋଳନ ଜାରି ରହିବ ବୋଲି ସଂଘର କର୍ମକର୍ତ୍ତାମାନେ ସୂଚନା ଦେଇଛନ୍ତି ।

### ଲାଗି ରହିବ...

ନବରଙ୍ଗପୁର ୧୭, ହୀରାକୁଦ ଓ ରାଉରକେଲା ଆଦିରେ ୧୦ ମିମି ଲେଖାଏଁ ବର୍ଷା ରେକର୍ଡ ହୋଇଛି । ପାଣିପାଗ ବିଭାଗ ପକ୍ଷରୁ କୁହାଯାଇଛି ଯେ, ଆଗାମୀ ୫ ଦିନ ଯାଏ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିବ । ବିଶେଷ କରି ଦକ୍ଷିଣ ଓଡ଼ିଶାରେ ବର୍ଷାର ସମ୍ଭାବନା ଅଧିକ ରହିଛି । ଉପକୂଳବର୍ତ୍ତୀ ଅଞ୍ଚଳରେ ପାଗ ମେଘୁଆ ସହ ପବନର ବେଗକୁ ନେଇ ସମୁଦ୍ର ଅଶାନ୍ତ ରହିବ । ତେଣୁ ଅଗଷ୍ଟ ୧୫ ତାରିଖ ଯାଏ ସମୁଦ୍ର ମଧ୍ୟକୁ ନଯିବାକୁ ମତ୍ସ୍ୟଜୀବୀମାନଙ୍କୁ ବାରଣ କରାଯାଇଛି ।

## ଆଜିର ରାଶିଫଳ

**ମେଷ:** ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ । ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ । ରୋଜଗାର ବୃଦ୍ଧି ହେବ । ଜୀବନସାଥୀଙ୍କ ସହଯୋଗ ମିଳିପାରେ । ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ ।

**ବୃଷ:** କୌଣସି କାର୍ଯ୍ୟ ବିଗିଡ଼ିପାରେ । ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ । ସ୍ୱଭାବରେ ନିୟନ୍ତ୍ରଣ ରକ୍ଷା କରିବେ । ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ । ନିବେଶ ଲାଗି ଉପଯୁକ୍ତ ସମୟ । ଦୀର୍ଘ ଦିନର ଆଶା ପୂରଣ ହେବ ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ । ଭୁଲ୍ କାମରୁ ଦୂରେଇ ରହିବେ । ପାରିବାରିକ ଜୀବନରେ ସୁଖଶାନ୍ତି ରହିବ । ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ । କୌଣସି କଥାକୁ ନେଇ ମନ ଉଣା ହୋଇପାରେ ।

**କର୍କଟ:** ଦାନଧର୍ମରେ ଦିନଟି ଅତିବାହିତ କରିବେ । ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିପାରନ୍ତି । ଗରିବଙ୍କୁ ସାହାଯ୍ୟ କରିବେ । ମାନସିକ ଶାନ୍ତି ମିଳିବ । ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ । ଅତିଥି ସତ୍କାର କରିପାରନ୍ତି ।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ । କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ । କାର୍ଯ୍ୟଧାରାରେ ପରିବର୍ତ୍ତନ ଆଣିବେ । ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ । କଳା ଓ ସଙ୍ଗୀତ ପ୍ରତି ରୁଚି ବଢ଼ିବ ।

**କନ୍ୟା:** ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ । ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ । ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ । ଦାମ୍ପତ୍ୟ ଜୀବନ ସୁଖମୟ ହେବ । ଜୀବନସାଥୀଙ୍କଠାରୁ ଉପହାର ପାଇବେ ।

**ତୁଳା:** ଦିନଟିରେ ସଫଳତା ମିଳିବ । ପୈତୃକ ବ୍ୟବସାୟରୁ ଲାଭବାନ ହେବେ । ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ । ଆର୍ଥିକ ଲାଭ ମିଳିବ । ଆଣ୍ଠୁଗଣ୍ଠି ସମସ୍ୟା ଦେଖାଦେଇପାରେ ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ । କାମରୁ ସଫଳତା ମିଳିବ । ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ । ପ୍ରେମ ସମ୍ପର୍କ ସୁଖମୟ ହେବ । ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ । ଆୟ ଓ ବ୍ୟୟ ସମାନ ରହିବ ।

**ଧନୁ:** ଆତ୍ମବିଶ୍ୱାସ ବଢ଼ିବ । କାମ କରିବାରେ ସକ୍ଷମ ହେବେ ନାହିଁ । କୌଣସି ସମସ୍ୟାରେ ପଡ଼ିପାରନ୍ତି । ନକାରାତ୍ମକ ଚିନ୍ତାଧାର ଦୂର ହେବ । ଅଫିସ ସହକର୍ମୀଙ୍କ ସହଯୋଗରେ କାମ ପୂରା କରିବେ ।

**ମକର:** ଧନଲାଭ ଯୋଗ ଅଛି । କୌଣସି କଥାକୁ ନେଇ ବିଚଳିତ ହେବା ବ୍ୟର୍ଥ । ପରିବାର ଲୋକଙ୍କ ସହ ହସ ଖୁସିରେ ଦିନ କାଟିବେ । ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିପାରେ ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ । ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ । ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ । ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ । ବିବାହ ବିଳମ୍ବ ହେବ ।

**ମୀନ:** ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ । କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ । ଛାତ୍ରଛାତ୍ରୀ ପ୍ରତିଯୋଗିତାମୂଳକ ପରୀକ୍ଷାରେ କୃତକାର୍ଯ୍ୟ ହେବେ । ଚକ୍ଷୁ ସମସ୍ୟା ଭୋଗିପାରନ୍ତି ।

## ବାନ୍ଧବୀଙ୍କୁ ସଂଜ୍ଞାହୀନ କରି ଦୁଷ୍କର୍ମ

ତେଲକୋଇ, ୧୪।୮ (ସମିସ): ବାନ୍ଧବୀଙ୍କୁ ମାଡ଼ ମାରି ସଂଜ୍ଞାହୀନ କରିବା ପରେ ଦୁଷ୍କର୍ମ ଏବଂ ପରେ ଯୁବତୀଙ୍କୁ ସ୍ୱାସ୍ଥ୍ୟକେନ୍ଦ୍ରରେ ଛାଡ଼ି ପଳାଇଲା ପୁରୁଷ ବନ୍ଧୁ । କେନ୍ଦୁଝର ଜିଲ୍ଲା ତେଲକୋଇ ଥାନା ଅଞ୍ଚଳରୁ ଏଭଳି ଏକ ଲଜ୍ଜାଜନକ ଘଟଣା ପଦାକୁ ଆସିଛି । ପୀଡ଼ିତାଙ୍କ ଅଭିଯୋଗ ଆଧାରରେ ତେଲକୋଇ ପୁଲିସ ଘଟଣାର ତଦନ୍ତ ଆରମ୍ଭ କରିଛି ।

ପୀଡ଼ିତାଙ୍କ ଅଭିଯୋଗ ଅନୁଯାୟୀ, ହୃଦାନନ୍ଦ ପାତ୍ର (୨୨) ନାମକ ଜଣେ ଯୁବକଙ୍କ ସହ ତାଙ୍କର ପ୍ରେମ ସଂପର୍କ ଥିଲା । ବୁଧବାର ସେ ନିଜର ସ୍ୱାସ୍ଥ୍ୟ ଖରାପ ଥିବା ବାହାନା କରି ତାଙ୍କୁ ଫୋନ୍ କରି ତେଲକୋଇକୁ ଡାକିଥିଲା । ପରେ ସେ ଯୁବତୀଙ୍କୁ ଏକ ଗାଡ଼ିରେ ଦେଉଳଡିହା ରାସ୍ତାର ହାତୀପୋଷ୍ଟର୍ ଆଡ଼କୁ ନେଇ ଯାଇଥିଲା ।



ମେଡିକାଲରେ ଛାଡ଼ି ପଳାଇଲା

ସେଠାରେ ତାଙ୍କ ସହ ଶାରୀରିକ ସମ୍ପର୍କ ରଖିବାକୁ ବାଧ କରିଥିଲା । କିନ୍ତୁ ଯୁବତୀଜଣଙ୍କ ବାରଣ କରିବାରୁ ଏକ ବାଡ଼ିରେ ପିଟି ତାଙ୍କୁ ଲହୁଲୁହାଣ କରିଥିଲା । ପରେ ଯୁବତୀଙ୍କ ପିନ୍ଧିଥିବା ଚୁନୁରିରେ ତାଙ୍କ ବେକକୁ ଜୋରରେ ଭିଡ଼ି ଘୋଷାଡ଼ି ଘୋଷାଡ଼ି ଜଙ୍ଗଲ ମଧ୍ୟକୁ ନେଇ ଯାଇଥିଲା । ଯୁବତୀଜଣଙ୍କ ଚିତ୍କାର କରିବାରୁ ତାଙ୍କ ମୁଣ୍ଡକୁ ଏକ ପଥରରେ ଛେଚି ଦେଇଥିଲା । ଯୁବତୀଜଣଙ୍କ ସଂଜ୍ଞାହୀନ ହୋଇପଡ଼ିବା ପରେ ହୃଦାନନ୍ଦ ତାଙ୍କୁ ଦୁଷ୍କର୍ମ କରିଥିଲା । କିଛି ସମୟ ପରେ ଯୁବତୀଙ୍କ ଚେତା ଫେରିବା ପରେ ସେ ପୁଣି ତାଙ୍କୁ ଦୁଷ୍କର୍ମ ପାଇଁ ଉଦ୍ୟମ କରିଥିଲା । ଭୟଭୀତ ହୋଇ ପୀଡ଼ିତା ପାଖରେ ଥିବା ଏକ ପୋଲ ତଳକୁ ଯାଇ ଲୁଚି ଯାଇଥିଲେ । କିନ୍ତୁ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ଖରାପ ହୋଇଯାଇଥିବାରୁ ସେ ପୁଣିଥରେ ସଂଜ୍ଞାହୀନ ହୋଇପଡ଼ିଥିଲେ । ତେବେ ହୃଦାନନ୍ଦ ତାଙ୍କୁ ଖୋଜି ବାହାର କରିବା ପରେ ଏକ ସ୍କୁଟିରେ ନେଇ ତେଲକୋଇ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇବା ପରେ ସେଠାରୁ ପଳାଇଥିଲା । ଯୁବତୀଜଣଙ୍କ ସ୍କୁଟିରୁ ପଡ଼ି ଆହତ ହୋଇଛନ୍ତି ବୋଲି ସେ ହସ୍ପିଟାଲ କର୍ତ୍ତୃପକ୍ଷଙ୍କୁ କହିଥିଲା । ଗଲା ବେଳେ ସେ ଯୁବତୀଙ୍କ ପାଖରେ ଥିବା ୧୧ହଜାର ଟଙ୍କା ଓ ମୋବାଇଲ ନେଇଯାଇଥିଲା ।

## ୧୩ ବିଚାର ବିଭାଗୀୟ ଅଧିକାରୀଙ୍କ ବଦଳି

କଟକ, ୧୪।୮ (ସମିସ): ଓଡ଼ିଶା ହାଇକୋର୍ଟ ପକ୍ଷରୁ ୧୩ଜଣ ଜିଲ୍ଲା ଜଜ୍ କ୍ୟାଡର୍‌ର ବିଚାର ବିଭାଗୀୟ ଅଧିକାରୀଙ୍କୁ ନୂତନ ସ୍ଥାନକୁ ବଦଳି କରାଯାଇଛି । ଏହି କ୍ରମରେ ସଞ୍ଜୀବ ଦୁବେଙ୍କୁ ସ୍ୱତନ୍ତ୍ର ବିଚାରପତି, ସିବିଆଇ ଅଦାଲତ ନମ୍ବର ୧, ଭୁବନେଶ୍ୱର, ସତ୍ୟପୀର ମିଶ୍ରଙ୍କୁ କଟକର ବିକ୍ରି କର ଟ୍ରିବ୍ୟୁନାଲର ପ୍ରଥମ ବିଚାର ବିଭାଗୀୟ ସଦସ୍ୟ, ଅନୁପ କୁମାର ଚନ୍ଦନ ବରଗଡ଼ ଜିଲ୍ଲା ଏବଂ ଦୌରାଜଜ୍, ଦୀପ୍ତିରଞ୍ଜନ କାନୁନଗୋଙ୍କୁ ପବ୍ଲିକ୍ ପ୍ରସିକ୍ୟୁସନ୍ ନିର୍ଦ୍ଦେଶକ, ପ୍ରଣମ କୁମାର ରାଉତ ଖରିଆର ଏଡିଜେ, ସରୋଜିନୀ ପତିଙ୍କୁ ଏସ୍.ସି. ଏବଂ ଏସ୍.ଟି (ପିଓ) ଆଇନ ଅନୁଯାୟୀ ସ୍ୱତନ୍ତ୍ର ଅଦାଲତର ପ୍ରିଜାଇଡିଂ ଅଫିସର, ଅଖିଳ କୁମାର ପଶ୍ଚିମକବାଟଙ୍କୁ ବୌଦ୍ଧ ଏଡିଜେ, ସ୍ରୋତସ୍ୱିନୀ କରଙ୍କୁ ନୀଳଗିରି (ନୂତନ) ଏଡିଜେ, ପ୍ରିୟରଞ୍ଜନ ମିଶ୍ରଙ୍କୁ କଟକ ଦ୍ୱିତୀୟ ଅତିରିକ୍ତ ଜିଲ୍ଲା ଜଜ୍, ଅଶୋକ କୁମାର ପହିଙ୍କୁ ବାଲେଶ୍ୱର ପରିବାର ଅଦାଲତ ବିଚାରପତି, ଅଞ୍ଜଳି କୁମାରୀ ପାଢ଼ୀଙ୍କୁ ବଲାଙ୍ଗିର ଦ୍ୱିତୀୟ ଅତିରିକ୍ତ ଜିଲ୍ଲାଜଜ୍, ରାଜକିଶୋର ଲେଙ୍କାଙ୍କୁ ଭୁବନେଶ୍ୱର ସିବିଆଇ. ଅଦାଲତ ନମ୍ବର-୨ ସ୍ୱତନ୍ତ୍ର ବିଚାରପତି ଓ ପ୍ରଭାକର ଗଛିଆଙ୍କୁ କୁଚିଣ୍ଡା ଏଡିଜେ ଭାବେ ଅବସ୍ଥାପିତ କରାଯାଇଛି । ଏ ସଂକ୍ରାନ୍ତରେ ଆଜି ହାଇକୋର୍ଟ ପକ୍ଷରୁ ଏକ ବିଜ୍ଞପ୍ତି ପ୍ରକାଶ ପାଇଛି ।

## ନାବାଳିକା ଦୁଷ୍କର୍ମକାରୀକୁ ୨୦ବର୍ଷ ସଶ୍ରମ ଜେଲ୍

କଟକ,୧୪।୮ (ସମିସ): ଜନୈକା ନାବାଳିକା ଅପହରଣ ଓ ଦୁଷ୍କର୍ମ ଅଭିଯୋଗ ମାମଲାରେ ମାହାଙ୍ଗା ଥାନା ଅନ୍ତର୍ଗତ ଅଞ୍ଚଳର ରଞ୍ଜିତ ଜେନା ଓରଫ ବୁଟୁନା(୨୪)କୁ ୨୦ ବର୍ଷ ଜେଲ ଦଣ୍ଡ ପ୍ରଦାନ କରିଛନ୍ତି କଟକ ଅତିରିକ୍ତ ଦୌରା ଜଜ୍ ତଥା ସ୍ୱତନ୍ତ୍ର ପୋକସୋ ଅଦାଲତ । ଅଦାଲତ ଆଇପିସିର ଦଫା ୩୬୩, ୩୭୬(୩) ଓ ପୋକସୋ ଆଇନର ଧାରା ୪ରେ ରଞ୍ଜିତକୁ ଦୋଷୀ ସାବ୍ୟସ୍ତ କରି ଏହି ଦଣ୍ଡ ପ୍ରଦାନ କରିଛନ୍ତି । ଏଥି ସହିତ ପୀଡ଼ିତାଙ୍କୁ ୪ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବାକୁ ଅଦାଲତ ନିର୍ଦ୍ଦେଶ ଦେଇଛନ୍ତି । ମାମଲାରୁ ପ୍ରକାଶ ଯେ ଗତ ୨୦୨୩, ଡିସେମ୍ବର ୧୦ ତାରିଖ ଅପରାହ୍ନ ୪ଟାରେ ୧୩ ବର୍ଷିୟା ପୀଡ଼ିତା ଅନ୍ୟ ଜଣେ ସାଙ୍ଗ ସହିତ ଟିଉସନ ଯାଇ ଆଉ ଘରକୁ ନଫେରିବାରୁ ପରଦିନ ପୀଡ଼ିତାଙ୍କ ମା ସଦର ଥାନାରେ ଏ ନେଇ ଏତଲା ଦେଇଥିଲେ । ସଦର ଥାନା ପୁଲିସ ଏତଲା ପଞ୍ଜୀକରଣ କରିବା ପରେ ତଦନ୍ତ ସମୟରେ ପୀଡ଼ିତାଙ୍କୁ ଉଦ୍ଧାର କରିଥିଲା । ପୀଡ଼ିତାଙ୍କୁ ରଞ୍ଜିତ ଅପହରଣ କରିବା ପରେ ଏକ ସ୍ଥାନରେ ରଖି ଦୁଷ୍କର୍ମ କରିଥିବା ତଦନ୍ତ ବେଳେ ଜଣା ପଡ଼ିଥିଲା । ପୁଲିସ ରଞ୍ଜିତକୁ ଗିରଫ କରିଥିଲା ବେଳେ ଗତ ୨୦୨୪, ମାର୍ଚ୍ଚ ୧୪ରେ ଅଭିଯୁକ୍ତ ବିରୋଧରେ ଅଦାଲତରେ ଚାର୍ଜସିଟ ଦାଖଲ କରିଥିଲା । ଏହି ମାମଲାରେ ମେ ୮ରେ ଅଭିଯୁକ୍ତଙ୍କ ବିରୋଧରେ ଅଦାଲତ ଚାର୍ଜଫ୍ରେମ କରିଥିଲେ । ଅଦାଲତରେ ମାମଲାର ଶୁଣାଣି ବେଳେ ପୀଡ଼ିତା, ଏତଲାକାରୀଙ୍କ ସମେତ ୯ ଜଣଙ୍କ ପ୍ରସିକ୍ୟୁସନ ତରଫରୁ ସାକ୍ଷ୍ୟ ଗ୍ରହଣ କରାଯାଇଥିଲା। ସରକାରଙ୍କ ତରଫରୁ ସ୍ୱତନ୍ତ୍ର ପବ୍ଲିକ ପ୍ରସିକ୍ୟୁଟର ରମେଶ ଚନ୍ଦ୍ର ମହାନ୍ତି ମାମଲା ପରିଚାଳନା କରୁଥିଲେ ।

## ନୂଆଖାଇଁ ପର ଦିନ ହାଇକୋର୍ଟ ଛୁଟି

କଟକ, ୧୪।୮ (ସମିସ): ଅଗଷ୍ଟ ୨୯ ତାରିଖ ଶୁକ୍ରବାର ଦିନ ହାଇକୋର୍ଟ ଛୁଟି ରହିବ । ନୂଆଁଖାଇ ପର ଦିନ ଅଗଷ୍ଟ ୨୯ ତାରିଖକୁ ହାଇକୋର୍ଟ ପକ୍ଷରୁ ଛୁଟି ଭାବେ ଘୋଷଣା କରାଯାଇଛି । ଏହା ବଦଳରେ ସେପ୍ଟେମ୍ବର ୨୦ ତାରିଖ ଶନିବାରକୁ ହାଇକୋର୍ଟ ପାଇଁ କାର୍ଯ୍ୟ ଦିବସ ଭାବେ ଘୋଷଣା କରାଯାଇଛି । ଏ ନେଇ ଆଜି ହାଇକୋର୍ଟ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ଏଠାରେ ଉଲ୍ଲେଖଯୋଗ୍ୟ, ଗଣେଶ ପୂଜା ଓ ନୂଆଁଖାଇ ପାଇ ଅଗଷ୍ଟ ୨୭ ଓ ୨୮ ତାରିଖ ହାଇକୋର୍ଟ ଛୁଟି ଥିଲା ।

## ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘ ସହ ଗଣଶିକ୍ଷା ସଚିବଙ୍କ ଆଲୋଚନା

ଭୁବନେଶ୍ୱର, ୧୪।୮ (ସମିସ): ଶିକ୍ଷା ଓ ଶିକ୍ଷକଙ୍କ ବିଭିନ୍ନ ସମସ୍ୟା ନେଇ ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘ ସହିତ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ସଚିବ ଶାଳିନୀ ପଣ୍ଡିତ ଆଜି ଆଲୋଚନା କରିଛନ୍ତି । ଆଲୋଚନା ମଧ୍ୟରେ ୨୦୦୪ ରୁ ୨୦୧୪ ମଧ୍ୟରେ ନିଯୁକ୍ତ ଶିକ୍ଷକଙ୍କ ୬ ବର୍ଷର ଚୁକ୍ତି ଅବଧିକୁ ନିୟମିତ ଭାବେ ଗଣନା କରି ୬ଟି ନେସନାଲ୍ ଇନ୍‌କ୍ରିମେଣ୍ଟ ପ୍ରଦାନ କରିବା ପାଇଁ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରାଯାଇଛି । ଏହାପରେ ଅର୍ଥ ବିଭାଗର ଅନୁମୋଦନ ପାଇଁ ପଠାଯିବ ବୋଲି ସଚିବ କହିଛନ୍ତି । ସେହିପରି ୧୯୯୩ ମସିହା କ୍ୟାଡର୍ ଉଚ୍ଛେଦ କରିବା ପାଇଁ ଡ୍ରାଫ୍ଟ କାର୍ଯ୍ୟ ସରିଛି; ଖୁବ୍‌ଶୀଘ୍ର ସମସ୍ତ ଟିଜି, ହିନ୍ଦୀ, ସଂସ୍କୃତ ଏବଂ ଶାରୀରିକ ଶିକ୍ଷା ଶିକ୍ଷକଙ୍କ ପାଇଁ ଏକାବେଳେ ଲାଗୁ କରାଯିବ । ବିଶେଷ କରି ହିନ୍ଦୀ ଓ ସଂସ୍କୃତ ଶିକ୍ଷକମାନେ ମଧ୍ୟ ପ୍ରଧାନ ଶିକ୍ଷକ ହୋଇପାରିବେ ବୋଲି ସଚିବ ସୂଚନା ଦେଇଥିବା ସଂଘ ପକ୍ଷରୁ କୁହାଯାଇଛି । ଅନୁରୂପ ଭାବେ ପ୍ରୋମସନ୍ ପାଇଁ ଗ୍ରେଡେସନ୍ ଲିଷ୍ଟ ଦୁଇସପ୍ତାହ ମଧ୍ୟରେ ପ୍ରକାଶ ପାଇବ । ବଦଳି ସୁବିଧା ଯଥା ଟିଜି, ହିନ୍ଦୀ, ସଂସ୍କୃତ ଏବଂ ଶାରୀରିକ ଶିକ୍ଷା ଶିକ୍ଷକଙ୍କ ଦମ୍ପତି ବଦଳି, ଏକାଧିକ ଥର ସହମତି ବଦଳିକୁ ଅଗ୍ରାଧିକାର ଦିଆଯିବ । ସ୍ୱାସ୍ଥ୍ୟ ବୀମା ପ୍ରଦାନ ସହ ୨୦୧୬ ବ୍ୟାଚ୍ ଶିକ୍ଷକଙ୍କ ବକେୟା ପାଉଣା, ଓଏସ୍‌ଏସ୍‌ଟିଇଟି ପାସ୍ କରିଥିବା ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ନିୟମିତ କରିବା, ଟିଜି ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ୪୬୦୦ ଗ୍ରେଡ୍ ପେ, ବିଏ ବିପିଇଡି ଓ ସିପିଇଡି ଉତ୍ତୀର୍ଣ୍ଣଙ୍କୁ ୪୨୦୦ ଗ୍ରେଡ୍ ପେ ସହ ପୁରୁଣା ପେନସନ୍ ପରି ମୋଟ୍ ୧୩ଟି ଦାବି ଉପରେ ଆଲୋଚନା ହୋଇଥିବା ସଙ୍ଘର ସଭାପତି ପ୍ରଦୀପ୍ତ କୁମାର ପ୍ରଧାନ ସୂଚନା ଦେଇଛନ୍ତି । ଆଲୋଚନାରେ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକ ବୀରେନ୍ଦ୍ର କେରକେରାଙ୍କ ସମେତ ସଂଘର ସମ୍ପାଦକ ଅମରେନ୍ଦ୍ର ସ୍ୱାଇଁ, ମହାସଚିବ ବିଶ୍ୱଜିତ ବିଶ୍ୱାଳ ଓ ବହୁ ଅଧିକାରୀ ଉପସ୍ଥିତ ଥିଲେ ।

## ମେଟ୍ରୋ ପ୍ରକଳ୍ପ ପାଇଁ ଦିଆଯିବ କେନ୍ଦ୍ରକୁ ପ୍ରସ୍ତାବ

ଭୁବନେଶ୍ୱର, ୧୪।୮ (ସମିସ): ରାଜ୍ୟରେ ମେଟ୍ରୋ ପ୍ରକଳ୍ପ ନିର୍ମାଣ ପାଇଁ କେନ୍ଦ୍ରକୁ ଦିଆଯିବ ପ୍ରସ୍ତାବ । କେନ୍ଦ୍ର ସରକାରଙ୍କ ସହଯୋଗରେ ନିର୍ମାଣ ହେବ ମେଟ୍ରୋ । ଏହାସହ ପ୍ରକଳ୍ପ ଆଗକୁ ନେବାକୁ ଏକ ବିସ୍ତୃତ ଗତିଶୀଳ ଯୋଜନା ପ୍ରସ୍ତୁତ କରାଯିବ । ନୂଆ ଢାଞ୍ଚାରେ ଏକ ଟେକ୍ନିକାଲ କମିଟି ଗଠନ ହେବ । ଏହି କମିଟିର ସଦସ୍ୟମାନେ ବିଭିନ୍ନ ରାଜ୍ୟରେ ଚାଲୁଥିବା ମେଟ୍ରୋ ପ୍ରକଳ୍ପ ବୁଲି ଦେଖିବେ । ଏହି ଅନୁଯାୟୀ ରିପୋର୍ଟ ପ୍ରସ୍ତୁତ କରାଯିବ । ଏହାପରେ ରିପୋର୍ଟ ଆଧାରରେ ମେଟ୍ରୋ ପ୍ରକଳ୍ପକୁ ନେଇ ସରକାର ପଦକ୍ଷେପ ନେବେ ବୋଲି ମନ୍ତ୍ରିସ୍ତରୀୟ ସବ୍-କମିଟି ବୈଠକରେ ନିଷ୍ପତ୍ତି ନିଆଯାଇଛି । ବୈଠକରେ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂଦେଓ ଓ କେନ୍ଦ୍ର ଗୃହ ନିର୍ମାଣ ଏବଂ ନଗର ଉନ୍ନୟନ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ର ପ୍ରମୁଖ ଉପସ୍ଥିତ ଥିଲେ । ଏହି ଅବସରରେ ନଗର ଉନ୍ନୟନ ମନ୍ତ୍ରୀ ଶ୍ରୀ ମହାପାତ୍ର କହିଛନ୍ତି, ନୂଆ ଢାଞ୍ଚାରେ ଏକ ଟେକ୍ନିକ୍‌କାଲ କମିଟି ଗଠନ ହେବ । ଏଥିରେ ଅଧିକାରୀମାନଙ୍କ ସମେତ ଏକ୍ସପର୍ଟ ରହିବେ । ପ୍ରକଳ୍ପ ନିର୍ମାଣ ସମ୍ପର୍କରେ ଲୋକଙ୍କ ସମେତ ବୁଦ୍ଧିଜୀବୀ ଏବଂ ଗଣମାଧ୍ୟମ ପ୍ରତିନିଧି ମତାମତ ସଂଗ୍ରହ କରାଯିବ । କେଉଁଠି ଷ୍ଟେସନ ନିର୍ମାଣ ହେବ, କେଉଁଠି ପାର୍କିଂ କରାଯିବ, ସେଥିପାଇଁ କମିଟି ସ୍ଥିର କରିବ । ଅନ୍ୟପକ୍ଷରେ ଉପମୁଖ୍ୟମନ୍ତ୍ରୀଙ୍କ ମେଟ୍ରୋ ସମ୍ପର୍କିତ ବୟାନ ପ୍ରଶ୍ନବାଚୀ ସୃଷ୍ଟି କରୁଛି । ଶ୍ରୀ ସିଂଦେଓ ମେଟ୍ରୋ ନିର୍ମାଣ ପାଇଁ ବୈଠକରେ ବସିଥିଲେ । ସହରଗୁଡ଼ିକରେ ମେଟ୍ରୋ କ୍ଷତିରେ ଚାଲୁଛି ବୋଲି କହିଥିଲେ । ମେଟ୍ରୋକୁ ସେତିକି ଯାତ୍ରୀ ଆସୁନାହାନ୍ତି, ଏଣୁ ସରକାରଙ୍କୁ କ୍ଷତିଭରଣା କରିବାକୁ ପଡୁଛି ବୋଲି ସେ କହିଥିଲେ । ଟେକ୍ନିକାଲ କମିଟି ଏସବୁକୁ ଅନୁଧ୍ୟାନ କରିବ । ଏହାପରେ ନିଷ୍ପତ୍ତି ନିଆଯିବ ।

**ଗଠନ ହେଲା ସ୍ୱତନ୍ତ୍ର ଟେକ୍ନିକାଲ କମିଟି**

ସୂଚନାଯୋଗ୍ୟ, ରାଜ୍ୟରେ ମେଟ୍ରୋ ପ୍ରକଳ୍ପ ନିର୍ମାଣକୁ ନେଇ ବହୁବାର କେନ୍ଦ୍ରକୁ ପ୍ରସ୍ତାବ ଦିଆଯାଇଥିଲା । ହେଲେ ଏହାକୁ ବହୁବାର କେନ୍ଦ୍ର ସରକାରଙ୍କ ସହଯୋଗ ମିଳିନଥିଲା । ଏଣୁ ରାଜ୍ୟ ସରକାର ନିଜ ଖର୍ଚ୍ଚରେ ମେଟ୍ରୋ ନିର୍ମାଣ କରିବାକୁ ନିଷ୍ପତ୍ତି ନେଇଥିଲେ । ଏଥିପାଇଁ ଏକ ଟିମ୍ ବିଭିନ୍ନ ସ୍ଥାନ ପରିଦର୍ଶନ କରି ରିପୋର୍ଟ ଦେଇଥିଲା ।


GOVT OF ODISHA O-564

OFFICE OF THE SUPERINTENDING ENGINEER, RURAL WORKS DIVISION, NAYAGARH

At/Po- Nabaghanpur, Dist.- Nayagarh, ph-06753-252049, Email: nayagarhrw2006@yahoo.in

No. Tender Online Nayagarh Divn. 03/2025-26, Date 06.08.2025

**e-Procurement Notice**

1. **Name of the work** : Building works.
2. **Total No. of Projects** : 05(Five) Nos of projects
3. **Class of contractor**
   a) Estimated cost above Rs. 20.00 Lakhs & up to Rs.3.00 Crore — **B Class** ( of Odisha PWD) or relevant class of other licensing authorities.
   b) Estimated cost up to Rs. 40.00 Lakhs — **C Class**( of Odisha PWD) or relevant class of other licensing authorities
   c) Estimated cost up to Rs. 20.00 Lakhs — **D Class** ( of Odisha PWD) or relevant class of other licensing authorities.
4. **Estimated cost put to tender:** Rs.13.12 Lakhs to Rs.24.70 lakhs
5. **Time for completion** : 04(Four) & 03(Three) calendar month.
6. **Other details**

| Procurement Officer | Bid Identification No. | Availability of Tender on-line for bidding | | Date & Time of opening of tender |
|---|---|---|---|---|
| | | From | To | |
| 1 | 2 | 3 | 4 | 5 |
| Superintending Engineer, Rural Works Division, Nayagarh | No:-Tender – Online – Divn. NAYAGARH – 03/2025-26 | 21.08.2025 at 10.00 A.M | 04.09.2025 upto 5.30 P.M. | 06.09.2025 at 11.00 A.M. |

Further details can be seen from the website www.tendersorissa.gov.in

OIPR-25106/11/0031/2526

Executive Engineer
Rural Works Division, Nayagarh



**AFFIDAVIT**

By virtue of an affidavit sworn before Notary public Bhubaneswar on dated, 13.08.2025, I Lily Raj resident of Suliapada, Guhaldiha, Po-Baghra, Dist-Mayurbhanj, Odisha, PIN-757022, declare that I have changed my name from Lily Majhi to Lily Raj. Henceforth I shall be known as **LILY RAJ** for all purposes.

**AFFIDAVIT**

By virtue of an affidavit before Executive Magistrate, Cuttack, Odisha.I, Adaitya Kumar Sahoo, S/o- Late Krushna Chandra Sahoo, Plot No-307/487, Paradipgarh, Jagatsinghpur, stated that in the MBPY book my name wrongly mentioned as Adwaita Sahoo instead of Adaitya Kumar Sahoo. So I declared by this affidavit dated 11 Aug 2025, Adwaita Sahoo and Adaitya Kumar Sahoo is one and same person. I shall be known as Adaitya Kumar Sahoo for all further purposes.

Sd/-Adaitya Kumar Sahoo.

**AFFIDAVIT**

By virtue of an affidavit sworn before Executive Magistrate, Angul on dtd.02. 08.2025, I Shreekanta Tripathy, S/o- Sheshadev Tripathy, At/Po./Ps./Dist.-Balangir- 767001 state that, I have changed my name from **Shrikant Tripathy** to **Shreekanta Kumar Tripathy**. Hence I shall be known as **Shreekanta Kumar Tripathy** for all future purposes.

**Notice (for Minor)**

By virtue of an affidavit sworn before Executive Magistrate, Begunia, dated 31.07.2025 I, Balaji Sahoo, Address At-Bagalpur,Po-Chakapada,Ps-Begunia,Dist-Khurda,Pin-752062 declare that I have changed the name of my son from Abhikit Sahoo to Abhijit Sahoo. Henceforth, he shall be known as Abhijit Sahoo for all purposes.

Balaji Sahoo

**AFFIDAVIT**

I, Shek Azad, S/o- Sk Akbar, resident of At-Kanheipur, Po-Bhagatpur, Kotasahi, Dist- Cuttack, PIN-754022, Odisha declared by this affidavit No. 649, dtd-12/08/2025 that now onwards I shall be known as **SK AZAD** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, PURI, dated 11/08/2025. I P.SONY RAO, Address JARAKATA SAHI,PURI declare that I have changed the name of my daughter from P.AISHWARAYA RAO to P NIHARIKA Henceforth,she shall be known as **P NIHARIKA** for all purposes.

**P NIHARIKA**

**AFFIDAVIT**

By virtue of an affidavit sworn before Executive Magistrate Bhubaneswar, Affidavit No-103, on dated 11.08.2025, I Rama Krushna Padhy resident of S-3/563, Niladri Vihar, Near Pump House, Chandrasekharpur, Bhubaneswar, Dist- Khurdha, Odisha, PIN-751021, declare that I have changed the name of my Son from Ayusman Padhy to Ayushman Padhy . Henceforth, he shall be known as **AYUSHMAN PADHY** for all future purposes.

**AFFIDAVIT**

I, Shek Akbar, S/o- Sk Abdul Jabar, resident of Haladidiha, Bhadrak, Dist- Bhadrak, PIN-756100, Odisha declared by this affidavit No. 653, dtd-13/08/2025 that now onwards I shall be known as **SK AKBAR** for all future purposes.

**AFFIDAVIT**

By virtue of an affidavit Sl No. 466, dtd- 5/8/2025 before the Executive Magistrate, Bisoi, Mayurbhanj. I, Saibu Soren, S/o Prasad Soren, resident of Vill-Jodia, Po- Sunajodia Ps- Bisoi, Dist- Mayurbhanj declare that in my Aadhar Card No. 7549 9427 5848 my name has been wrongly mentioned as Sana Saibu Soren instead of Saibu Soren. Now I want to change my name in the said Aadhaar Card. Henceforth, I am known as **Saibu Soren** in all purposes.

**AFFIDAVIT**

I, Kalandi Charan Sahoo, S/o- Pahali Sahoo, resident of Alana, Alanahat, Naugaon, Dist-Jagatainghpur, PIN-754107, Odisha declared by this affidavit No. 650, dtd- 12/08/2025 that now onwards I shall be known as **KALANDI SAHOO** for all future purposes.

**AFFIDAVIT**

I, Pritishree Chuadhary, D/o-Ramesh Chandra Panda, resident of H.N-81, Ramahari Nagar 2nd lane, Near Jenana Hospital, Brahmapur Sadar, Po-Berhampur, Dist- Ganjam, PIN- 760001, Odisha declared by this affidavit No. 654, dtd- 13/08/2025 that now onwards I shall be known as **PRITISHREE PANDA** for all future purposes.

**AFFIDAVIT**

By virtue of an affidavit sworn before Notary public Bhubaneswar on dated, 13.08.2025, I Anu Nayak resident of Harijana Basti, Near Durga Mandap, Unit-6, Bhubaneswar, Dist- Khorda, Odisha, PIN-751001, declare that I have changed my name from Anu Dei to Anu Nayak. Henceforth I shall be known as **ANU NAYAK** for all purposes.

**AFFIDAVIT**

By virtue of an affidavit sworn before Executive Magistrate, Umerkote, Nabarangpur, I Chinmayi Bachhar, W/o-Sekhar Bachhar resident of Vill.- Anchala, Po.- Ekamba, Ps.- Umerkote, Dist.- Nabarangpur, Odisha state that, I have changed my name from **CHINMAYEE BAIDYA** to **CHINMAYI BACHHAR**. Hence I shall be known as **Chinmayi Bachhar** for all future purposes.

**AFFIDAVIT**

I, Kala Das Mohapatra, W/o – Lalatendu Das Mohapatra, resident of 35, Park Tower Apartment, Unit 6, Bhubaneswar-751001 declare by this affidavit No 21 dated 6.8.2025 that now onwards I shall be known as Kala Pattnaik for all future purposes.

**AFFIDAVIT**

By virtue of an affidavit before The Notary Public, Titilagarh, on dated-10/08/2025. I, **Laxmipriya Sahoo** (new name) formerly called as **Rajani Sahu** (old name), W/o Bijaya Sahoo, Permanent resident of At-Habaleswar, P.O. Dimiria, P.S. Nandipada, Dist- Keonjhar (Odisha), PIN- 756121 now residing at the same place affirm that I have changed my name from **Rajani Sahu** (old name) to **Laxmipriya Sahoo** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Laxmipriya Sahoo** (new name).

**Laxmipriya Sahoo**

**AFFIDAVIT**

I, Sanatana Sethi, age about 49 years, S/o- Nirakar Sethi, resident of Plot No. 173, Nuasahi, Siripur, Near City Womens College, Bhubaneswar, Dist-Khordha, PIN- 751003, Odisha declared by this affidavit No. 1633, dated-13.08.2025 that now onwards I shall be known as **SANATAN SETHI** for all future purposes.

**ପୂର୍ବ ତଟ ରେଳପଥ**

ଟେଣ୍ଡର ବିଜ୍ଞପ୍ତି ସଂ. ST-OT-AMC-MSDAC-487, ତା.07.08.2025ରିଖ

**କାର୍ଯ୍ୟର ନାମ :** 36 ମାସ ନିମନ୍ତେ SIEMENS ଦ୍ୱାରା ନିର୍ମିତ ମଲ୍ଟି ସେକ୍ସନ ଡିଜିଟାଲ ଏକ୍ସିଲ କାଉଣ୍ଟର ନିମନ୍ତେ ବ୍ୟାପକ ବାର୍ଷିକ ରକ୍ଷଣାବେକ୍ଷଣ ଚୁକ୍ତି ।

**ଟେଣ୍ଡର ମୂଲ୍ୟ (₹) :** 70,51,290.12, EMD (₹): 1,41,000.00, ଟେଣ୍ଡର ନଥିପତ୍ରର ମୂଲ୍ୟ (₹) : 5,900.00 ।

ବିଡ୍ ଆରମ୍ଭ ହେବା ତାରିଖ : ତା.15.08.2025ରିଖ,

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.29.08.2025 ରିଖ 1100 ଘଟିକାରେ ।

ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ ।

ଦ୍ରଷ୍ଟବ୍ୟ: ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି ।

ବରିଷ୍ଠ ମଣ୍ଡଳ ସଂକେତ ଏବଂ ଦୂରସଂଚାର ଯନ୍ତ୍ରୀ, ଖୋର୍ଦ୍ଧା ରୋଡ୍

PR-468/Q/25-26

**AFFIDAVIT**

By virtue of an affidavit before The Notary Public, Titilagarh, on dated-04/08/2025. I, **Jhara Rana** (new name) formerly called as **Tilattama Rana** (old name), W/o Tulasiram Rana, Permanent resident of At-Patharla, P.O. Kholan, P.S. Titilagarh, Dist- Balangir (Odisha), PIN- 767066 now residing at the same place affirm that I have changed my name from **Tilattama Rana** (old name) to **Jhara Rana** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Jhara Rana** (new name).

**Jhara Rana**

## ବିଭିନ୍ନ ସ୍ଥାନରେ ତ୍ରିରଙ୍ଗା ଶୋଭାଯାତ୍ରା



**ଭଦ୍ରକ, ୧୪।୮ (ସମିସ):** ପୁରୁଣାବଜାର ଦାମୋଦର ସଂସ୍କୃତ ମହାବିଦ୍ୟାଳୟ ପରିସରରୁ ଅଧ୍ୟକ୍ଷ ଡଃ ନିତ୍ୟାନନ୍ଦ ମିଶ୍ରଙ୍କ ତତ୍ତ୍ୱାବଧାନରେ 'ହର ଘର ତ୍ରିରଙ୍ଗା' ପଦଯାତ୍ରା ଅଭିଯାନ ବାହାରି ପୁରୁଣାବଜାର ଛକ, ବାଙ୍କାବଜାର ଦେଇ ମହାବିଦ୍ୟାଳୟରେ ପହଞ୍ଚିଲା। ଛାତ୍ରଛାତ୍ରୀମାନେ 'ହରଘର ତ୍ରିରଙ୍ଗା' ପଦଧ୍ୱନି ଦେଇ ଯାତ୍ରା କରିଥିଲେ। ଉକ୍ତ ଅଭିଯାନରେ ପୂର୍ବତନ ଅଧ୍ୟକ୍ଷ ଡଃ କୃପାସିନ୍ଧୁ ନାୟକ, ପ୍ରଭାତୀ ନାୟକ, ଅକ୍ଷୟ କୁମାର ପାଣିଗ୍ରାହୀ, ମଞ୍ଜୁଲତା ମହାପାତ୍ର, ମଧୁସୂଦନ ତ୍ରିପାଠୀ, ରଘୁନାଥ ନାୟକ ଓ ଗୌରା ଦାସ ପ୍ରମୁଖ ଯୋଗ ଦେଇଥିଲେ। ଏହି ଅବସରରେ ସାଂସ୍କୃତିକ କାର୍ଯ୍ୟକ୍ରମ, ରଙ୍ଗୋଲି, ପ୍ରବନ୍ଧ ଓ ଚିତ୍ରକଳା ପ୍ରତିଯୋଗିତାମାନ ହୋଇଥିଲା।

### ସାଳନ୍ଦୀ ଡିଗ୍ରୀ ମହାବଦ୍ୟାଳୟ




ଉତ୍ତର ବାହିନୀସ୍ଥିତ ସାଳନ୍ଦୀ ଡିଗ୍ରୀ ମହାବଦ୍ୟାଳୟ ପକ୍ଷରୁ ହରଘର ତିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷ ରାଜଶ୍ରୀ ନାୟକଙ୍କ ସଂଯୋଜନାରେ ମହାବିଦ୍ୟାଳୟର ଛାତ୍ରୀମାନେ ଭାରତ ମାତାର ଜୟ ଗାନ କରି ତ୍ରିରଙ୍ଗା ପତାକା ସହ ଗାଁ ପରିକ୍ରମା କରି ଜାତୀୟତାର ସଚେତନ କରିଥିଲେ। ଏଥିରେ ସବିନା ଆଖତର, କାଶବରୀ ଶଜନା, ଶତ୍ରୁଘ୍ନ ପତି, ଶସୈମୁର୍ ରହମାନ ଖାନ୍ ସହଯୋଗ କରିଥିଲେ। ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯାଗିତାରେ ଭାଗ ନେଇଥିଲେ।

### ଚାନ୍ଦବାଲି ଏନ୍‌ଏସି




ସ୍ୱାଧୀନତା ଦିବସକୁ ଆଖି ଆଗରେ ରଖି ସାରା ଦେଶରେ ଆରମ୍ଭ ହୋଇଛି ହରଘର ତିରଙ୍ଗା କାର୍ଯ୍ୟକ୍ରମ। ଏହି ଅବସରରେ ଚାନ୍ଦବାଲି ଏନଏସି ପକ୍ଷରୁ ଆରମ୍ଭ ହୋଇଛି ଏହି କାର୍ଯ୍ୟକ୍ରମ। ସ୍ଥାନୀୟ ଶିବଦୁର୍ଗା ସରକାରୀ ଉଚ୍ଚ ବିଦ୍ୟାଳୟର ପରିସରରୁ ସମସ୍ତ ଛାତ୍ରଛାତ୍ରୀଙ୍କୁ ନେଇ ବିଶାଳ ରାଲି ଚାନ୍ଦବାଲି ବଜାର ପରିକ୍ରମା କରିଥିଲେ। କାର୍ଯ୍ୟକ୍ରମରେ ଅଧ୍ୟକ୍ଷା ଶାନ୍ତିଲତା ସେଠୀ, ଏନଏସି ଅଧିକାରୀ ଆଭାସ ପାଣିଗ୍ରାହୀଙ୍କ ସମେତ ଏନଏସି ଅଫିସର ସମସ୍ତ




କର୍ମଚାରୀ, କାଉନସିଲର, ଛାତ୍ରଛାତ୍ରୀ ଓ ଶିକ୍ଷକ ଶିକ୍ଷୟିତ୍ରୀ ଉପସ୍ଥିତ ଥିଲେ।

**ବାରିକପୁର:** ଭଣ୍ଡାରିପୋଖରୀ ବ୍ଲକ ସୁବର୍ଣ୍ଣମୁଖୀ ବିଜେପି ମଣ୍ଡଳ ପକ୍ଷରୁ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ମଣ୍ଡଳ ସଭାପତି ପ୍ରଣବ ରାଉତଙ୍କ ସଂଯୋଜନାରେ ଅନୁଷ୍ଠିତ ହୋଇଥିବା କାର୍ଯ୍ୟକ୍ରମରେ ୮ଟି ପଞ୍ଚାୟତର କର୍ମୀ ଯୋଗ ଦେଇଥିଲେ। ଆଖୁଆପଦା ଠାରୁ ଏକ ବାଇକ୍‌ରେ ଶୋଭାଯାତ୍ରାରେ ବାହାରି ଛତାବର ଓ ମଞ୍ଜୁରୀ ରୋଡ ଅଞ୍ଚଳ ପରିକ୍ରମା କରିଥିଲେ। ଆୟୋଜିତ କାର୍ଯ୍ୟକ୍ରମରେ ବରିଷ୍ଠ ନେତା ପ୍ରକାଶ ମହାପାତ୍ର, କୈଳାସ ଚନ୍ଦ୍ର ସାହୁ, ତପସ୍ୱିନୀ ମହାପାତ୍ର, ପ୍ରଦ୍ୟୁମ୍ନ ସେନାପତି, ସୁରେଶ ଦାସ ପ୍ରମୁଖ ଯୋଗ ଦେଇଥିଲେ।

### ସହିଦ୍ ଗ୍ରାମୀଣ ମଣ୍ଡଳ



**ଅସୁରାଳି:** ସମଗ୍ର ଦେଶ ମଧ୍ୟରେ ୭୯ତମ ସ୍ୱାଧୀନତା ଦିବସ ପାଳନ ଅବସରରେ ଦେଶପ୍ରେମ ଓ ଜାତୀୟ ଏକତାର ଉତ୍ସାହ ଦେଖାଯାଉଛି। ଏହି ଅବସରରେ ସହିଦ୍ ଗ୍ରାମୀଣ ମଣ୍ଡଳରେ ବରିଷ୍ଠ ବିଜେପି ନେତା ତଥା ଜିଲ୍ଲା ସଭାପତି ଭଗବାନ ପଣ୍ଡାଙ୍କ ନେତୃତ୍ୱରେ ବିଶାଳ ତ୍ରିରଙ୍ଗା ଶୋଭାଯାତ୍ରା ଆୟୋଜିତ ହୋଇଛି। ଆନନ୍ଦ ବଜାର ଠାରୁ ସହିଦ୍ ନଗର 'ସହିଦ୍ ପୀଠ' ପର୍ଯ୍ୟନ୍ତ ଶୋଭାଯାତ୍ରା ଆୟୋଜିତ ହୋଇଥିଲା। ଯେଉଁଥିରେ ତ୍ରିରଙ୍ଗା ଝଣ୍ଡା ହାତରେ ଧରି ଦେଶପ୍ରେମର ଗୀତ ଓ ନାରା ଉଚ୍ଚାରଣ କରି ଲୋକମାନେ ଯାତ୍ରା କରିଥିଲେ। ଅଭିଯାନକୁ ସମର୍ଥନ କରି ଗ୍ରାମ ଓ ଗ୍ରାମବାସୀଙ୍କ ମଧ୍ୟରେ ଜାତୀୟତାର ଭାବନା ପ୍ରଚାର କରିଥିଲା। ଯାତ୍ରାରେ ନଗର ଉନ୍ନୟନ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର, ଅନ୍ୟାନ୍ୟ ବରିଷ୍ଠ ବିଜେପି ନେତା ରଘୁନାଥ ଲେଙ୍କା, ଚତୁର୍ଭୁଜ ନାୟକ, ଅନ୍ତର୍ଯ୍ୟାମୀ ପତି, ତୁଷାରକାନ୍ତି ମିଶ୍ର, ଗଦାଧର ନାୟକ, ଅଶୋକ ପୁହାଣ ଉପସ୍ଥିତ ଥିଲେ। ଏହି ପରିପ୍ରେକ୍ଷୀରେ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ସହିଦ୍ ନଗର ସ୍ଥିତ 'ସହିଦ୍ ପୀଠ'ରେ ୯ ସହିଦ୍ ସଂଗ୍ରାମୀଙ୍କ ପ୍ରତି ପୁଷ୍ପମାଲ୍ୟ ଅର୍ପଣ କରିବା ସହ ତାଙ୍କ ପରିବାରର ସଦସ୍ୟ ଗଣଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସେମାନେ ତ୍ରିରଙ୍ଗାର ମହତ୍ତ୍ୱ ବିଷୟରେ ଉଦ୍‌ବୋଧନ ଦେଇ ଦେଶପ୍ରେମ ଓ ଏକତାର ମୂଲ୍ୟ ବିଷୟରେ ଆଲୋଚନା କରିଥିଲେ। ଦେଶପ୍ରେମ ଓ ଜାତୀୟତାର ଉତ୍ସାହରେ ଆବାଳବୃଦ୍ଧବନିତା ଏହି ଯାତ୍ରାରେ ସ୍ୱେଚ୍ଛାରେ ଯୋଗଦେଇ ତ୍ରିରଙ୍ଗା ପ୍ରତି ନିଜର ଗର୍ବ ଓ ସମ୍ମାନ ପ୍ରକାଶ କରିଥିଲେ।

---

ଜେନାସାହି ଅଙ୍ଗନବାଡ଼ି କେନ୍ଦ୍ରର ନାହିଁ ନିଜସ୍ୱ ଗୃହ

## କଲ୍ୟାଣ ମଣ୍ଡପରେ ଚାଲିଛି ଶିଶୁଙ୍କ ଭବିଷ୍ୟତ ଗଢ଼ା

**ବନ୍ତ/ଆଗରପଡ଼ା, ୧୪।୮ (ସମିସ)**



ବର୍ଷେ କି ଦୁଇ ବର୍ଷ ନୁହେଁ, ପ୍ରତିଷ୍ଠାକୁ ୧୫ ବର୍ଷ ଏବଂ ଗୃହ ନିର୍ମାଣକୁ ୩ ବର୍ଷ ପୂରିବାକୁ ବସିଥିଲେ ସୁଦ୍ଧା ଅଙ୍ଗନବାଡ଼ି କେନ୍ଦ୍ରର ନିଜସ୍ୱ ଗୃହ ହୋଇପାରିନାହିଁ। ଫଳରେ ବିଭାଗୀୟ ଅଧିକାରୀଙ୍କ କାର୍ଯ୍ୟ ଦକ୍ଷତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଏହିପରି ଏକ ଦୃଷ୍ଟାନ୍ତ ଦେଖିବାକୁ ମିଳିଛି ବନ୍ତ ବ୍ଲକ ଗୋପୀନାଥପୁର ପଞ୍ଚାୟତ ଅନ୍ତର୍ଗତ ଗୋପୀନାଥପୁର ଜେନା ସାହି ଅଙ୍ଗନବାଡ଼ି କେନ୍ଦ୍ରରେ। ବନ୍ତ ବ୍ଲକର ୨୫ଟି ପଞ୍ଚାୟତରେ ୨୩୮ଟି ଅଙ୍ଗନବାଡ଼ି କେନ୍ଦ୍ର କାର୍ଯ୍ୟ କରୁଛି। ୨୫ଟି ପଞ୍ଚାୟତକୁ ୧୧ଟି ସେକ୍ଟରରେ ଭାଗ କରାଯାଇଛି। ତନ୍ମଧ୍ୟରୁ ମହାନ୍ତିପଡ଼ା ସେକ୍ଟର ଅନ୍ୟତମ। ଉକ୍ତ ସେକ୍ଟର ମହାନ୍ତିପଡ଼ା ଓ ଗୋପିନାଥପୁର ପଞ୍ଚାୟତକୁ ନେଇ ଗଠିତ। ଏବଂ ଉକ୍ତ ସେକ୍ଟର ଅଧିନରେ ୧୭ ଗୋଟି ଅଙ୍ଗନବାଡ଼ି କେନ୍ଦ୍ର ଅନ୍ତର୍ଭୁକ୍ତ। ତନ୍ମଧ୍ୟରୁ ଗୋପିନାଥପୁର ପଞ୍ଚାୟତ ଅନ୍ତର୍ଗତ ଗୋପିନାଥପୁର ଜେନା ସାହି ଅଙ୍ଗନବାଡ଼ି ଅନ୍ୟତମ। ଗତ ୨୦୧୦ ମସିହାରେ ଏଠାରେ ଏକ ଅଙ୍ଗନବାଡ଼ି କେନ୍ଦ୍ର ପ୍ରତିଷ୍ଠା ହୋଇଥିଲା। ପ୍ରତିଷ୍ଠା ପରଠାରୁ କିଛି ଦିନ ନିଜସ୍ୱ ଗୃହ ଓ ସ୍କୁଲ ବାରଣ୍ଡାରେ କେନ୍ଦ୍ର ଚାଲିବା ପରେ ୧୫ବର୍ଷ ହେବ ଏହା କଲ୍ୟାଣ ମଣ୍ଡପରେ ଚାଲିଆସୁଛି। ପ୍ରତିଷ୍ଠାର ୧୩ ବର୍ଷ ପରେ ବି ପଞ୍ଚାୟତ ସମିତି ବନ୍ତ ପକ୍ଷରୁ ପାଖାପାଖି ୫ଲକ୍ଷ ଟଙ୍କା ମଞ୍ଜୁର ଅର୍ଥରେ ଏଠାରେ ଗୃହ ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଥିଲା। ଇତି ମଧ୍ୟରେ ଗୃହ ନିର୍ମାଣକୁ ୩ ବର୍ଷ ପୂରିବାକୁ ବସିଥିଲେ ସୁଦ୍ଧା ଏହା ଏକ ପୂର୍ଣ୍ଣାଙ୍ଗ କେନ୍ଦ୍ରରେ ପରିଣତ ହୋଇପାରିନାହିଁ। ସୂଚନା ଅନୁଯାୟୀ, ଗୃହ ନିର୍ମାଣ ସରିଥିଲେ ସୁଦ୍ଧା ପାନୀୟଜଳର ସୁବନ୍ଦୋବସ୍ତ ଆଜି ପର୍ଯ୍ୟନ୍ତ ହୋଇ ପାରିନାହିଁ। ମହିଳା ଓ ଶିଶୁଙ୍କର ସର୍ବାଙ୍ଗୀନ ଉନ୍ନତି ଲକ୍ଷ୍ୟରେ ଅଙ୍ଗନବାଡ଼ି କେନ୍ଦ୍ରମାନ ପ୍ରତିଷ୍ଠା କରାଯାଇଥିଲା। ଜନ୍ମଠାରୁ ୬ ବର୍ଷ ବୟସ ପର୍ଯ୍ୟନ୍ତ ପ୍ରତି ଶିଶୁଙ୍କୁ ଟିକାକରଣ, ସ୍ୱାସ୍ଥ୍ୟ, ପୁଷ୍ଟିହୀନତା ଦୂରୀକରଣ, ଶିକ୍ଷା, ପ୍ରାପ୍ତ ବୟସ୍କାଙ୍କୁ ଶାରୀରିକ ଶିକ୍ଷା ପ୍ରଦାନ ଆଦି ଅଙ୍ଗନବାଡ଼ି କେନ୍ଦ୍ରର କାର୍ଯ୍ୟ ରହିଛି; କିନ୍ତୁ ଏହି କେନ୍ଦ୍ରର ନିଜସ୍ୱ ଗୃହ ନ ଥିବାରୁ ଏସବୁ କାର୍ଯ୍ୟର ସଫଳ ରୂପାୟନ ହୋଇପାରୁନାହିଁ। ସରକାର ଅର୍ଥ ମଞ୍ଜୁର କରୁଛନ୍ତି; କିନ୍ତୁ ଅଙ୍ଗନବାଡ଼ି କେନ୍ଦ୍ରଗୁଡ଼ିକର ଗୃହ ନିର୍ମାଣ ପାଇଁ ଅର୍ଥର ସଠିକ ବିନିଯୋଗ ନହୋଇ କେବଳ କାଗଜ କଲମରେ ସୀମିତ ରହିଛି। କେନ୍ଦ୍ରର ନିଜସ୍ୱ ଗୃହ ନଥିବାରୁ ଏଠାରେ ଅଧ୍ୟୟନ ରତ ୧୨ଜଣ ଶିଶୁଙ୍କ ପାଇଁ କର୍ମୀଙ୍କ ନିଜସ୍ୱ ଗୃହରେ ରୋଷେଇ ହେଉଛି। ସେହିପରି ଗୋପିନାଥପୁର ଗ୍ରାମରେ ଥିବା ଅନ୍ୟ ଏକ ଅଙ୍ଗନବାଡ଼ି କେନ୍ଦ୍ର (ଗୋପିନାଥପୁର)ରେ ଗତ ୨ମାସ ହେବ କର୍ମୀ ପଦବୀ ଖାଲି ପଡ଼ିଥିବା ବେଳେ ଏହାକୁ ପୂରଣ କରାଯାଉନଥିବାରୁ ଗୋପିନାଥପୁର ଜେନା ସାହି ଅଙ୍ଗନବାଡ଼ି କେନ୍ଦ୍ର କର୍ମୀଙ୍କୁ ଏହାର ଅତିରିକ୍ତ ଦାୟିତ୍ୱ ଦିଆଯାଇଛି। କେନ୍ଦ୍ରର ପାରିପାର୍ଶ୍ୱିକ ପରିସ୍ଥିତି ଠିକ୍ ନଥିବା ବେଳେ କର୍ମୀ ଜଣଙ୍କୁ ଆଉ ଏକ କେନ୍ଦ୍ରର ଦାୟିତ୍ୱ ଦେବା କେତେ ଯୁକ୍ତିଯୁକ୍ତ ତାହା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ଏ ନେଇ ସେକ୍ଟର ସୁପରଭାଇଜରଙ୍କୁ ଯୋଗାଯୋଗ କରିବାରୁ ବିଡ଼ିଓଙ୍କ ପକ୍ଷରୁ ଗୃହ ଆମକୁ ହସ୍ତାନ୍ତର କରାଯାଇନଥିବା ସେ ପ୍ରକାଶ କରିଥିଲେ।

---

ଅବ୍ୟବସ୍ଥାରେ ରହଣିଆ ହୋମିଓପାଥିକ ଡାକ୍ତରଖାନା

## ଔଷଧ ଅଛି; ଡାକ୍ତର ନାହାନ୍ତି



**ବାରିକପୁର, ୧୪।୮ (ସମିସ):** ଭଣ୍ଡାରିପୋଖରୀ ବ୍ଲକ ରହଣିଆଠାରେ ଥିବା ହୋମିଓପାଥିକ ଡାକ୍ତରଖାନାରେ ଦୀର୍ଘ ବର୍ଷ ଧରି ଅଚଳାବସ୍ଥା ଲାଗି ରହିଛି। ରୋଗୀସେବା ଏକପ୍ରକାର ଠପ୍ ହୋଇଯାଇଛି କହିଲେ ଅତ୍ୟୁକ୍ତି ହେବନାହିଁ। ସରକାରୀ ସ୍ତରରେ ଅବହେଳା ଯୋଗୁଁ ଏହି ସର୍ବପୁରାତନ ଡାକ୍ତରଖାନା ଉପରୁ ଲୋକଙ୍କ ଆସ୍ଥା ତୁଟିବାରେ ଲାଗିଛି। ଏହି ଡାକ୍ତରଖାନା ଉପରେ ରହଣିଆ ସମେତ ମାଳଦା, ଷୋଳମପୁର, କୋରିଗାଁ, ସରସଦା, ନପଙ୍ଗ, ରଣଜିତ୍ ପ୍ରମୁଖ ପଞ୍ଚାୟତର ଲୋକେ ନିର୍ଭର କରୁଥିଲେ। ଏହାଛଡା ଦୂରଦୂରାନ୍ତରୁ ମଧ୍ୟ ରୋଗୀ ଏଠାକୁ ଆସି ଆରୋଗ୍ୟ ଲାଭ କରୁଥିଲେ; ହେଲେ ସରକାରୀ ଉଦାସୀନତା ଯୋଗୁଁ ମେଡାକାଲର ଗୌରବ ନଷ୍ଟ ହୋଇଥିବାବେଳେ ସେବା ବିପର୍ଯ୍ୟସ୍ତ ହୋଇଛି ବୋଲି ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଦୀର୍ଘ ବର୍ଷ ହେବ ଏଠାରେ ନିୟମିତ ଡାକ୍ତର ନ ଥିବାବେଳେ ଆବଶ୍ୟକ କର୍ମଚାରୀ ମଧ୍ୟ ନାହାନ୍ତି। କିଛି ବର୍ଷ ହେଲା ଜଣେ ଡାକ୍ତର ୨/୩ଟି ମେଡ଼ିକାଲରେ ରୋଗୀ ସେବା କରୁଛନ୍ତି। ତେଣୁ ଏବେ ରହଣିଆ ଠାରେ ନିଯୁକ୍ତ ଥିବା ମହିଳା ଡାକ୍ତର ଜଣଙ୍କ ସପ୍ତାହର ତିନି ଦିନ ଡେପୁଟେସନରେ ଯାଇ ନୀଳଗିରିଠାରେ ରୋଗୀ ଦେଖୁଛନ୍ତି। ଅନ୍ୟ ଜଣେ କର୍ମଚାରୀ ଯଦିଓ କିଛି ଦିନ ହେବ ନିଯୁକ୍ତ ହୋଇଛନ୍ତି; କିନ୍ତୁ ଅଧିକାଂଶ ସମୟରେ ଡାକ୍ତର ଅନୁପସ୍ଥିତ ଥିବା ଯୋଗୁଁ ରୋଗୀମାନେ ସେବା ପାଉନାହାନ୍ତି। ମେଡିକାଲରେ ସମସ୍ତ ଔଷଧ ଥିବା ସତ୍ତ୍ୱେ ଡାକ୍ତର ନ ଥିବାରୁ ଲୋକଙ୍କ କାମରେ ଆସୁନାହିଁ। ରୋଗୀ ଅନେକ ସମୟରେ ମେଡିକାଲ ଆସି ନିରାଶରେ ଫେରୁଛନ୍ତି। ଏବେ ରକ୍ଷଣାବେକ୍ଷଣ ଅଭାବରୁ ମେଡିକାଲ ଚତୁଃପାର୍ଶ୍ୱରେ ମଧ୍ୟ ଲତାଗୁଳ୍ମ ମାଡି ଗଲାଣି। କର୍ମଚାରୀ କିମ୍ବା ଡାକ୍ତରଙ୍କ ନିମନ୍ତେ ରହିବା ପାଇଁ ବାସଭବନ ମଧ୍ୟ ନାହିଁ। ବ୍ଲକର ଏକମାତ୍ର ହୋମିଓପାଥି ଡାକ୍ତରଖାନାରେ ଯେଉଁଳି ପରିବେଶ ରହିବା କଥା ତାହା ଦେଖିବାକୁ ମିଳୁନାହିଁ। ମେଡିକାଲର ମୁଖ୍ୟ କାର୍ଯ୍ୟାଳୟ ବାଲେଶ୍ୱରଠାରେ ଥିବା ଯୋଗୁଁ ଗ୍ରାମବାସୀ କୌଣସି ଆପତ୍ତି ଅଭିଯୋଗ କରିପାରୁ ନାହାନ୍ତି। ଫଳରେ ମେଡିକାଲ ସ୍ଥାଣୁ ପାଲଟିଛି।

**ସେବା ନ ପାଇ ନିରାଶରେ ଫେରୁଛନ୍ତି ରୋଗୀ**

---

## କଂଗ୍ରେସର ବୈଠକ

**ଅସୁରାଳି, ୧୪।୮ (ସମିସ):** ଧୂଷୁରୀ ସ୍ଥିତ ପୂଜ୍ୟପୂଜା ସଂସଦ ଭବନରେ ବ୍ଲକ କଂଗ୍ରେସ ନେତୃସ୍ଥାନୀୟ ଓ କର୍ମୀଙ୍କୁ ନେଇ ଏକ ସାଙ୍ଗଠନିକ ବୈଠକ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ରଞ୍ଜନ କୁମାର ବେହେରା ବୈଠକରେ ଅଧ୍ୟକ୍ଷତା କରିଥିଲେ। ଜିଲ୍ଲା କଂଗ୍ରେସ ସଂଯୋଜକ ଅସିତ ପଟ୍ଟନାୟକ ବୈଠକରେ ନିମନ୍ତ୍ରିତ ଅତିଥି ଭାବେ ଯୋଗଦେଇ ଜିଲ୍ଲାର ପ୍ରତି ବ୍ଲକରେ ନୂତନ ସଭାପତି ଚୟନ କରା ଯାଇ ସାଙ୍ଗଠନିକ ସ୍ଥିତିକୁ ସୃଦୃଢ କରାଯିବ ବୋଲି ନିଜ ଅବିଭାଷଣରେ କହିଥିଲେ। ଆଗାମୀ ସାଧାରଣ ନିର୍ବାଚନରେ କଂଗ୍ରେସ କେନ୍ଦ୍ର ଓ ରାଜ୍ୟରେ ସରକାର ଗଠନ କରିବ ଓ କଂଗ୍ରେସ ଦଳର ନେତୃମଣ୍ଡଳୀ ଓ କର୍ମୀମାନେ ଏଥିପାଇଁ କଠୋର ପରିଶ୍ରମ କରିବାକୁ ଶ୍ରୀ ପଟ୍ଟନାୟକ ଆହ୍ୱାନ ଦେଇଥିଲେ। ଜିଲ୍ଲା କଂଗ୍ରେସ ସହ ପ୍ରଭାରୀ ଦେବସ୍ମିତା ଶର୍ମା, ପିସିସି ଅନୁସୂଚିତ ବିଭାଗ ରାଜ୍ୟ ସମ୍ପାଦକ ରାଜେନ୍ଦ୍ର ପ୍ରସାଦ ଜେନା, ପୂର୍ବତନ ଜିଲ୍ଲା ସଭାପତି ନାରାୟଣ ପାଢ଼ୀ, ବରିଷ୍ଠ ନେତା ବିଦ୍ୟାଧର ଜେନା, ଦେବେନ୍ଦ୍ର ମହାନ୍ତି, ରାଧାକାନ୍ତ ସାମଲ, ନାରୀ ନେତ୍ରୀ ଜାନକୀ ମଲ୍ଲିକ, ଅଭିଷେକ ରାଉତ, ପୂର୍ବତନ ନିର୍ବାଚନ ମଣ୍ଡଳୀ ପ୍ରାର୍ଥୀ ହୃଦାନନ୍ଦ ସେଠୀ, ପୂର୍ବତନ ବ୍ଲକ ସଭାପତି ରମେଶ ବେହେରାଙ୍କ ସମେତ ବ୍ଲକ ସ୍ତରୀୟ ନେତୃ ମଣ୍ଡଳୀ ଉପସ୍ଥିତ ଥିଲେ।

---

## ନମ୍ରତା ରାୟ ଶ୍ରେଷ୍ଠ ମହିଳା ଉଦ୍ୟୋଗୀଭାବେ ସମ୍ମାନିତ




**ଭଦ୍ରକ, ୧୪।୮ (ସମିସ):** ଓଡ଼ିଶା ଆସେମ୍ବଲି ଅଫ ସ୍ମଲ୍ ଆଣ୍ଡ ମିଡ଼ିଅମ ଏଣ୍ଟରପ୍ରାଇଜେସ (ଓସମେ)ର ୪୦ତମ ପ୍ରତିଷ୍ଠା ଦିବସ ଅବସରରେ ଆୟୋଜିତ ବିଭିନ୍ନ କାର୍ଯ୍ୟକ୍ରମ ଜରିଆରେ ଉତ୍ପାଦନ ଏବଂ ସେବା କ୍ଷେତ୍ରରେ ଖ୍ୟାତିଲାଭ କରିଥିବା ବିଭିନ୍ନ ଶିଳ୍ପ ସଂସ୍ଥାକୁ ପୁରସ୍କୃତ କରାଯାଇଥିଲା। ଭଦ୍ରକ ଜିଲ୍ଲାର ଅଗ୍ରଣୀ କମ୍ପ୍ୟୁଟର ଶିକ୍ଷା ଏବଂ ସେବା ଯୋଗାଣକାରୀ ସଂସ୍ଥା ମାଇକ୍ରୋୱେବ ଟେକ୍ନୋଲଜିର ନିର୍ଦ୍ଦେଶିକା ନମ୍ରତା ରାୟ ମନୋନୟନ କମିଟି ଦ୍ୱାରା ଚୟନ ହୋଇଥିବାରୁ ତାଙ୍କୁ ଶ୍ରେଷ୍ଠ ମହିଳା ଉଦ୍ୟୋଗୀ ଭାବେ ସମ୍ମାନିତ କରାଯାଇଛି। ପ୍ରତିଷ୍ଠା ଦିବସରେ ଶିଳ୍ପ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷାମନ୍ତ୍ରୀ ସମ୍ପଦ ସ୍ୱାଇଁ, ଅଣୁ, କ୍ଷୁଦ୍ର, ମଧ୍ୟମ ଉଦ୍ୟୋଗ, ମତ୍ସ୍ୟ ସମ୍ପଦ ଓ ପଶୁ ପାଳନ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, ଅତିରିକ୍ତ ମୁଖ୍ୟ ସଚିବ ହେମନ୍ତ ଶର୍ମା, ଶିଳ୍ପ ସଚିବ ପ୍ରଶାନ୍ତ ରେଡ୍ଡି ପ୍ରମୁଖ ଉପସ୍ଥିତ ହୋଇ ଶ୍ରୀମତୀ ରାୟଙ୍କୁ ମାନପତ୍ର ଓ ଟ୍ରଫି ପ୍ରଦାନ କରି ସମ୍ମାନିତ କରିଥିଲେ। ଭଦ୍ରକ ଜିଲ୍ଲା ଓସମେ ତରଫରୁ ୩୦ରୁ ଊର୍ଦ୍ଧ୍ୱ ଉଦ୍ୟୋଗୀ ଯୋଗ ଦେଇଥିଲେ। ଭଦ୍ରକ ଓସମେର ସଭାପତି ସୁରଜ ସାହୁ, ସମ୍ପାଦକ ସୁଶାନ୍ତ ନାୟକ, କୋଷାଧ୍ୟକ୍ଷ କମଳାକାନ୍ତ ସାହୁ, ଶ୍ରୀମତୀ ରାୟଙ୍କ ସଫଳତା ପାଇଁ ସାଧୁବାଦ ଜଣାଇଛନ୍ତି। ଗତ ୧୮ ବର୍ଷ ଧରି ମାଇକ୍ରୋୱେବ ଟେକ୍ନୋଲୋଜି ସାରା ରାଜ୍ୟର ବିଭିନ୍ନ ଜିଲ୍ଲାରେ ନିରବଚ୍ଛିନ୍ନ ଭାବେ ଉତ୍ତମ ସେବା ଯୋଗାଇଥିବାରୁ ବିଭିନ୍ନ ମହଲରୁ ଶ୍ରୀମତୀ ରାୟ ଏବଂ ପରିଚାଳନା ନିର୍ଦ୍ଦେଶକ ମନୋଜ ରାୟଙ୍କୁ ଶୁଭେଚ୍ଛା ଜଣାଯାଇଛି।

---

କେବେ ମିଳିବ ଆନନ୍ଦ ପତ୍ରୀଙ୍କୁ ମୁକ୍ତି

## ପୁଣି ରାଷ୍ଟ୍ରପତିଙ୍କୁ ଚିଠି ଲେଖିଲେ ପୁଅ

**ଅସୁରାଳି, ୧୪।୮ (ସମିସ):** ଧାମନଗର ବ୍ଲକର କଲ୍ୟାଣୀ ଗ୍ରାମର ବିଦ୍ୟାଧର ପତ୍ରୀ ପୁଣି ଥରେ ରାଷ୍ଟ୍ରପତିଙ୍କୁ ଚିଠି ଲେଖି ତାଙ୍କ ପିତା ଆନନ୍ଦ ପତ୍ରୀଙ୍କ ମୁକ୍ତି ପାଇଁ ଦାବି କରିଛନ୍ତି। ଗତ ୧୯୬୫ ମସିହାରେ ଭାରତ-ପାକିସ୍ତାନ ଯୁଦ୍ଧ ସମୟରେ ଆନନ୍ଦ ପତ୍ରୀ ଭାରତୀୟ ସେନାବାହିନୀରେ ସାମିଲ ହୋଇ ଯୁଦ୍ଧ କରିଥିଲେ। ଯୁଦ୍ଧରେ ଧରାପଡ଼ି ପାକିସ୍ତାନ ସୈନିକମାନଙ୍କ ଦ୍ୱାରା ବନ୍ଦୀ ହୋଇ ଲାହୋର ଜେଲରେ ରଖାଯାଇଥିବା ପରିବାର ପକ୍ଷରୁ ଦାବି ହୋଇଛି। ଗତ ୨୦୦୩ ମସିହାରେ ଏହି ଘଟଣା ସମ୍ବାଦପତ୍ରରେ ପ୍ରକାଶ ପାଇବା ପରେ ବିଦ୍ୟାଧରଙ୍କ ପରିବାର ମୁଖ୍ୟମନ୍ତ୍ରୀ ଓ ବୈଦେଶିକ ବିଭାଗ ମାଧ୍ୟମରେ ଉଦ୍ୟମ କରିଥିଲେ। ଏକ ଅନୁଧ୍ୟାନରେ ଲାଜପାଟ ଜେଲରେ ଥିବା ନସିମ ଗୋପାଲଙ୍କ ଚେହେରା ସହିତ ଆନନ୍ଦଙ୍କ ମେଳ ଖାଉଥିବା ଦୃଶ୍ୟ ଦେଖି ବିଶ୍ୱାସ ହୋଇଥିଲା ଯେ ସେ ହିଁ ଆନନ୍ଦ ପତ୍ରୀ। ବର୍ତ୍ତମାନ ଜଣେ ଓଡ଼ିଆ ମହିଳା ଦେଶର ରାଷ୍ଟ୍ରପତି ହେବା ପରେ ବିଦ୍ୟାଧରଙ୍କ ମନରେ ନୂତନ ଆଶା ଜନ୍ମ ନେଇଥିଲା। ତେଣୁ ସେ ଜାନୁଆରୀ ୨୦ ତାରିଖରେ ଏକ ଚିଠି ଲେଖି ରାଷ୍ଟ୍ରପତିଙ୍କୁ ନ୍ୟାୟ ପାଇଁ ଅନୁରୋଧ କରିଥିଲେ। ହେଲେ ଦୀର୍ଘ ବର୍ଷ ପରେ ବି ଏଯାଏଁ ଆନନ୍ଦ ପତ୍ରୀଙ୍କ ମୁକ୍ତି ନିମନ୍ତେ କୌଣସି ଦୃଢ଼ ପଦକ୍ଷେପ ନିଆଯାଇନାହିଁ। ଦେଶ ପାଳୁଛି ୭୯ତମ ସ୍ୱାଧୀନତା ଦିବସ ମାତ୍ର; ଆନନ୍ଦ ପତ୍ରୀ ପାକିସ୍ଥାନ ଜେଲରେ ଦିନ କାଟୁଛନ୍ତି। ବିଦ୍ୟାଧରଙ୍କ ମନରେ ଏବେ ଏକ ପ୍ରଶ୍ନ, କେତେ ଦିନ କରିବା ଅପେକ୍ଷା। ଆଉ ଧୈର୍ଯ୍ୟ ନାହିଁ। କେବଳ ସମୟ ହିଁ କହିପାରିବ ଏହି ଅନୁତାପର ଉତ୍ତର।

---

## ବିଶାଳ ଶୋଭାଯାତ୍ରା; ତ୍ରିରଙ୍ଗାମୟ ହେଲା ଭଦ୍ରକ ସହର

**ଭଦ୍ରକ, ୧୪।୮ (ସମିସ)**



୭୯ତମ ସ୍ୱାଧୀନତା ଦିବସ ପାଳନ ଅବସରରେ ପ୍ରତି ଘରେ ତ୍ରିରଙ୍ଗା ଅଭିଯାନ କାର୍ଯ୍ୟକ୍ରମରେ ଭଦ୍ରକ ଜିଲ୍ଲା ପ୍ରଶାସନ ଆନୁକୂଲ୍ୟରେ ଜିଲ୍ଲାସ୍ତରୀୟ ବିଶାଳ ତ୍ରିରଙ୍ଗା ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି। ରାଜ୍ୟ ସରକାରଙ୍କ ଗୃହ ନିର୍ମାଣ ନଗର ଉନ୍ନୟନ ଓ ସାଧାରଣ ଉଦ୍ୟୋଗ ମନ୍ତ୍ରୀ ଡା. କୃଷ୍ଣଚନ୍ଦ୍ର ମହାପାତ୍ର ମୁଖ୍ୟଅତିଥି ଭାବେ କାର୍ଯ୍ୟକ୍ରମରେ ଯୋଗଦାନ କରି ତ୍ରିରଙ୍ଗା ପତାକା ପ୍ରଦର୍ଶନ ପୂର୍ବକ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ମହତାବଙ୍କ ମୂର୍ତ୍ତି ପାଖରୁ ବିଶାଳ ପଦଯାତ୍ରା ଆରମ୍ଭ ହୋଇ ଡାହାଣିଗଡ଼ିଆ ଛକସ୍ଥିତ ଗୋପବନ୍ଧୁଙ୍କ ମୂର୍ତ୍ତି ପର୍ଯ୍ୟନ୍ତ ଗତି କରିଥିଲା। ଭଦ୍ରକ ସାଂସଦ ଅଭିମନ୍ୟୁ ସେଠୀ, ଭଦ୍ରକ ବିଧାୟକ ସୀତାଂଶୁ ଶେଖର ମହାପାତ୍ର, ଜିଲ୍ଲାପାଳ ଦିଲୀପ ରାଉତରାଏ, ଏସ୍‌ପି ମନୋଜ କୁମାର ରାଉତ, ଅତିରିକ୍ତ ଜିଲ୍ଲାପାଳ ସରୋଜ କୁମାର ଦତ, ଉପ ଜିଲ୍ଲାପାଳ ସୌରଭ ଚକ୍ରବର୍ତ୍ତୀ, ଅତିରିକ୍ତ ଏସ୍‌ପି ଡିଆଇବି ଅଂଶୁମାନ ଦ୍ୱିବେଦୀ, ଡେପୁଟି କଲେକ୍ଟର କାର୍ତ୍ତିକ ନାଥ ମଣ୍ଡଳ, ଜିଲ୍ଲା ସଂସ୍କୃତି ଅଧିକାରୀ ତନୁଜା ସିକ୍ରା ପ୍ରମୁଖ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ଏନସିସି କମାଣ୍ଡର ସୁଦିପ କୁମାର ସାହୁଙ୍କ ନେତୃତ୍ୱରେ ଏନସିସି ଅଧିକାରୀ, ଶିକ୍ଷାର୍ଥୀମାନଙ୍କ ସହ କ୍ଷେପଣାସ୍ତ୍ର ମେଢ ଏହି ଯାତ୍ରାରେ ଅଂଶଗ୍ରହଣ କରିଥିଲେ। ବିଭିନ୍ନ ଅନୁଷ୍ଠାନର କର୍ମକର୍ତ୍ତା, ସଦସ୍ୟ, ଶିକ୍ଷାନୁଷ୍ଠାନର ବିଦ୍ୟାର୍ଥୀ, ଯୁବଗୋଷ୍ଠୀ ସମସ୍ତଙ୍କ ହାତରେ ଥିଲା ତ୍ରିରଙ୍ଗା ପତାକା। ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ନିକଟସ୍ଥ ଆଇ ଲଭ୍ ଭଦ୍ରକ ପଏଣ୍ଟରେ ଆୟୋଜିତ ହୋଇଥିବା ଦସ୍ତଖତ ଅଭିଯାନ ଓ ସେଲଫି ପଏଣ୍ଟରେ ଅତିଥି, ପ୍ରଶାସନିକ ଅଧିକାରୀ ଓ ସାଧାରଣ ଜନତାମାନେ ଅଂଶଗ୍ରହଣ କରିଥିଲେ। ଦେଶାତ୍ମବୋଧକ ସଙ୍ଗୀତ, ସ୍ଲୋ-ଗାନ ପରିବେଷଣ ସହିତ ସୁଦୃଶ୍ୟ ବ୍ୟାନର, ପତାକାମୟ ପରିବେଶ ବେଶ ଚିତାକର୍ଷକ ଥିଲା।

---

## ହୃଦ୍‌ଘାତରେ ମହିଳାଙ୍କ ପରଲୋକ

**ଆରଡି, ୧୪।୮ (ସମିସ):** ଆରଡି ପୀଠ ନିକଟସ୍ଥ ବୋଡକ ଗାଁର ଧର୍ମପରାୟଣ ମହିଳା ବିଳାସିନୀ ନାୟକ (୮୬)ଙ୍କ ହୃଦଘାତରେ ପରଲୋକ ଘଟିଛି। ବିଳାସିନୀ ଗାଁରେ ଥିବା ଭାଗବତ ଟୁଙ୍ଗି ସହ ବହୁ ଆଧ୍ୟାତ୍ମିକ ସଂଗଠନରେ ଜଡ଼ିତ ରହି ଦେବୀପୂଜା କାର୍ଯ୍ୟ ତୁଲାଇଥାନ୍ତି। ସେହିପରି ବିଳାସିନୀଙ୍କ ସ୍ୱାମୀ ସହଦେବ ନାୟକ ସମାଜସେବୀ ଭାବେ ଅଞ୍ଚଳରେ ପରିଚିତ ଥିଲେ। ମୃତ୍ୟୁଶଯ୍ୟା ନିକଟରେ ଆତ୍ମୀୟ ସ୍ୱଜନ ଉପସ୍ଥିତ ଥିଲେ।

## ବଦାନ୍ୟ ବ୍ୟକ୍ତିଙ୍କ ପରଲୋକ

**ତିହିଡି, ୧୪।୮ (ସମିସ):** ତିହିଡି ବ୍ଲକ ଅନ୍ତର୍ଗତ ବାମନବିନ୍ଧା ପଞ୍ଚାୟତର ଜଣେ କର୍ତ୍ତବ୍ୟ ପରାୟଣ ଓ ବଦାନ୍ୟ ବ୍ୟକ୍ତି ସ୍ୱର୍ଗତ ବୈଷ୍ଣବାନନ୍ଦ ମହାନ୍ତିଙ୍କ ସୁପୁତ୍ର ବଙ୍କିମଚନ୍ଦ୍ର ମହାନ୍ତିଙ୍କ ପରଲୋକ ଘଟିଛି। ସେ ବୈଷ୍ଣବାନନ୍ଦ ବିଦ୍ୟାପୀଠକୁ ନିଜର ସ୍ଥାବର ସମ୍ପତ୍ତି ଦାନକରି ବିଦ୍ୟାପୀଠର ସର୍ବାଙ୍ଗୀନ ଉନ୍ନତି ସାଧନ କରିଛନ୍ତି। ସରକାରଙ୍କ ବ୍ୟବସ୍ଥା ନଥିଲେ ମଧ୍ୟ ନିଜ ଦରମାରୁ ସହଯୋଗ ରାଶି ଦେଇ ବିଦ୍ୟାଳୟର ସର୍ବାଙ୍ଗୀନ ଉନ୍ନତି ସାଧନା କରିଛନ୍ତି। ତାଙ୍କର ବିୟୋଗରେ ଗଭୀର ଶୋକର ଖେଳିଯାଇଛି।

## ଉଓଙ୍ଗରା ବିଦ୍ୟାଳୟରେ ସଂସ୍କୃତ ସପ୍ତାହ ପାଳିତ



ବିଂଝାରପୁର, ୧୪।୮ (ସମିସ): ଉଓଙ୍ଗରା ସରକାରୀ ଉଚ୍ଚ ବିଦ୍ୟାଳୟରେ ସଂସ୍କୃତ ସପ୍ତାହ ପାଳନ କରାଯାଇଛି। ପ୍ରଧାନଶିକ୍ଷକ ସୁରେଶ ଓଝା କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିବା ସହ ସଭାପତିତ୍ୱ କରିଥିଲେ। ମୁଖ୍ୟଅତିଥି ଭାବେ ପୂର୍ବତନ ପ୍ରଧାନଶିକ୍ଷୟିତ୍ରୀ ବନଲତା ସାହୁ, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ଶିକ୍ଷକ ଶ୍ରୀକୃଷ୍ଣ ଦାସ, ସମ୍ମାନିତ ଅତିଥି ଭାବେ ବିଦ୍ୟାଳୟର ପୂର୍ବତନ ଶିକ୍ଷକ ଭରତ ତ୍ରିପାଠୀ ଯୋଗ ଦେଇଥିଲେ। ସହକାରୀ ଶିକ୍ଷକ ସ୍ୱସ୍ତିସୁନ୍ଦର ଜେନା ଅତିଥି ପରିଚୟ ଓ ବରିଷ୍ଠ ଶିକ୍ଷକ ସରୋଜ ଜେନା ଧନ୍ୟବାଦ ଅର୍ପଣ କରିଥିଲେ। ସଂସ୍କୃତ ଶିକ୍ଷକ ଡଃ ସୁଶାନ୍ତ ମିଶ୍ର ମଞ୍ଚ ପରିଚାଳନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିକ୍ଷକ ସିରିଶ ସୟ, ରାକେଶ ନାୟକ, ପ୍ରହ୍ଲାଦ ଦାସ, ଜଗନ୍ନାଥ ବାନରା, ଶ୍ରାବଣୀ ରାଉତ ଓ ସସ୍ମିତା ସାହୁ ଓ ଶିକ୍ଷା କର୍ମଚାରୀ ଅତିଶ ବେହେରା, ମାନସ ମଲ୍ଲିକ, ଧରଣୀଧର ବାରିକ ଯୋଗ ଦେଇଥିଲେ। ଶ୍ଳୋକ ଆବୃତ୍ତି ବରିଷ୍ଠ ବିଭାଗରେ ସତ୍ୟଭୂଷଣ ନାୟକ, କନିଷ୍ଠ ବର୍ଗରେ ଦେବସ୍ମିତା ତ୍ରିପାଠୀ, ତର୍କ ବରିଷ୍ଠ ବିଭାଗରେ ସୌରଭ ପରିଡ଼ା ଓ କନିଷ୍ଠ ବିଭାଗରେ ଦେବସ୍ମିତା ତ୍ରିପାଠୀ ପ୍ରଥମ ସ୍ଥାନ ଅଧିକାର କରିଥିଲେ।

## ବିଷ୍ଣୁ ସାମନ୍ତରାୟ କଲେଜରେ ସଂସ୍କୃତ ସପ୍ତାହ



ବଡ଼ଚଣା, ୧୪।୮ (ସମିସ): ବଡ଼ଚଣା ବ୍ଲକ ଅନ୍ତର୍ଗତ ନୂଆହାଟସ୍ଥ ବିଷ୍ଣୁ ସାମନ୍ତରାୟ ମହାବିଦ୍ୟାଳୟରେ ଦୁଇଦିନ ଧରି ବିଭିନ୍ନ ପ୍ରତିଯୋଗିତା ଓ ସଂସ୍କୃତ ସପ୍ତାହ ପାଳିତ ହୋଇଯାଇଛି। ସାଂସ୍କୃତିକ ପରିଷଦ ଆନୁକୂଲ୍ୟରେ ଆୟୋଜିତ ସଂସ୍କୃତ ସପ୍ତାହ ପାଳନ ଅବସରରେ ସଂସ୍କୃତ ଶ୍ଳୋକ ଆବୃତ୍ତି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏଥିରେ ବାବା ଭୈରବାନନ୍ଦ ସ୍ୱୟଂଶାସିତ ମହାବିଦ୍ୟାଳୟ ସଂସ୍କୃତ ବିଭାଗ ଅଧ୍ୟାପିକା ଗୀତାଞ୍ଜଳି ସେଠୀ ବିଷୟ ବିଶେଷଜ୍ଞ ଭାବେ ଯୋଗଦେଇ ଆଲୋଚନା କରିଥିଲେ। ପରେ ଜାତୀୟ ସେବା ଯୋଜନା ଆନୁକୂଲ୍ୟରେ ସଂଯୋଜକ କିଶୋର ସାହୁ ଓ ସଂଯୋଜିକା ଗୀତାଞ୍ଜଳି ମହାନ୍ତିଙ୍କ ସହଯୋଗରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ସଚେତନତା ସୃଷ୍ଟି ଓ ନିଶାମୁକ୍ତ ଅଭିଯାନ ପାଇଁ ଶପଥ ପାଠ କରାଯାଇଥିଲା। ଦ୍ୱିତୀୟ ଦିବସରେ କ୍ୟାରିୟର ଡେଭେଲପମେଣ୍ଟ ଆଣ୍ଡ ପ୍ଲେସମେଣ୍ଟ ସେଲ ଆନୁକୂଲ୍ୟରେ ଆୟୋଜିତ ଷ୍ଟାର୍ଟ ଅପ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ବିଚାରକ ଭାବେ ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆର ପ୍ରାକ୍ତନ ପ୍ରବନ୍ଧକ ଅରୁଣ ସାହୁ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ଏହାର ମୌଳିକତା ଓ ପ୍ରାସଙ୍ଗିକତା ସମ୍ପର୍କରେ ବହୁ ତତ୍ତ୍ୱଭିତ୍ତିକ ତଥ୍ୟ ପ୍ରଦାନ କରିଥିଲେ। ମୁଖ୍ୟଅତିଥି ଭାବେ ଅଧ୍ୟକ୍ଷ ପ୍ରଫେସର୍ ପବିତ୍ର ମୋହନ ମାହାଲା ଯୋଗ ଦେଇଥିବାବେଳେ ସମ୍ମାନିତ ଅତିଥି ଭାବେ ଅଧ୍ୟାପକ ନାରାୟଣ ମୁଦୁଲି ଓ ଅଧ୍ୟାପିକା ଡକ୍ଟର ଅମ୍ବିକା ତ୍ରିପାଠୀ ଯୋଗ ଦେଇଥିଲେ। ଅଧ୍ୟାପକ ଡକ୍ଟର ହରି ନାରାୟଣ ସାହୁ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଅଧ୍ୟାପିକା ଇପ୍ସିତା ସାହୁ ଧନ୍ୟବାଦ୍ ଅର୍ପଣ କରିଥିଲେ।

## ଦଶରଥପୁର ବିଜେପି ପକ୍ଷରୁ ତ୍ରିରଙ୍ଗା ଶୋଭାଯାତ୍ରା




ଦଶରଥପୁର, ୧୪।୮ (ସମିସ): ସ୍ୱାଧୀନତା ଦିବସ ଅବ୍ୟାହତି ପୂର୍ବରୁ ସାରା ଦେଶରେ ତ୍ରିରଙ୍ଗା ଶୋଭାଯାତ୍ରା ଆୟୋଜିତ ହେଉଛି। ଏ ଅବସରରେ ଆଜି ଯାଜପୁର ନିର୍ବାଚନମଣ୍ଡଳୀ ଅଧୀନସ୍ଥ ଦଶରଥପୁର ବ୍ଲକ ଅନ୍ତର୍ଗତ ମଲ୍ଲିକାପୁର ଛକଠାରୁ ଅହିୟାସସ୍ଥ କାଳୀ ପଡ଼ିଆ ପର୍ଯ୍ୟନ୍ତ ତ୍ରିରଙ୍ଗା ଶୋଭାଯାତ୍ରା କରାଯାଇଛି। ଯାଜପୁର ଜିଲ୍ଲା ବିଜେପିର ପୂର୍ବତନ ସଭାପତି ଗୌତମ ରାୟଙ୍କ ନେତୃତ୍ୱରେ ଅନୁଷ୍ଠିତ ଏହି ଯାତ୍ରାରେ ବହୁ ସଂଖ୍ୟାରେ ମହିଳା, ପୁରୁଷ, ଯୁବକ ଓ ଛାତ୍ର ସାମିଲ ହୋଇଥିଲେ। ସୁବାସ ମହାନ୍ତି, ରମେଶ ସାମଲ, ଯୁବନେତା ସବ୍ୟସାଚୀ ଦାସଙ୍କ ନେତୃତ୍ୱରେ ଆୟୋଜିତ ଏହି କାର୍ଯ୍ରକ୍ରମରେ ମଣ୍ଡଳ ସଭାପତି ସୁନୀଲ ରାଉତ, ରାଜ୍ୟ କମିଟି ସଭ୍ୟ ବିନୋଦ ବିହାରୀ ଜେନା, ଲକ୍ଷ୍ମୀଧର ସାହୁ, ସରିତା ପଣ୍ଡା, ନିମାଇଁ ବେହେରା, ପ୍ରମୋଦ ପଣ୍ଡା, ପ୍ରିୟବ୍ରତ ମହାନ୍ତି, ସୁନୀଲ ରାଉତ, ପଦ୍ମଲୋଚନ ଦାସ, ଲକ୍ଷ୍ମୀଧର ସାହୁ ପ୍ରମୁଖ ଯୋଗ ଦେଇଥିଲେ।

### ବସ୍‌ଷ୍ଟାଣ୍ଡ ନାମକରଣ ନେଇ ତେଜିଲା ବିବାଦ

# ନାମ ନ ବଦଳିଲେ ଆନ୍ଦୋଳନ ପାଇଁ ଚେତାବନୀ

ମଙ୍ଗଳପୁର, ୧୪।୮ (ସମିସ)

ଦଶରଥପୁର ବ୍ଲକର ପ୍ରମୁଖ ବଜାର ଓ ବ୍ୟବସାୟ ପେଣ୍ଠସ୍ଥଳ କହିଲେ ମଙ୍ଗଳପୁର ବଜାରକୁ ବୁଝାଇଥାଏ। ମଙ୍ଗଳପୁର ବଜାରରେ ୭/୮ଟି ଇଂଲିଶ ମିଡିୟମ ସ୍କୁଲ, ଶିଶୁମନ୍ଦିର, ମହତାବ ଉଚ୍ଚ ବିଦ୍ୟାଳୟ, ମହିଳା ମହାବିଦ୍ୟାଳୟ ସମେତ ୫ଟି ଜାତୀୟକରଣ ବ୍ୟାଙ୍କ ରହିଛି। ଉକ୍ତ ବଜାର ଉପରେ ପ୍ରତିଦିନ ୫୦ ହଜାରରୁ ଅଧିକ ଲୋକ ନିର୍ଭର କରି ଚଳୁଥିବ ବେଳେ ୨୦ ନମ୍ବର ଜାତୀୟ ରାଜପଥ ଉପରେ ବସ୍, ଟ୍ରେକର, କାର୍ ପାର୍କିଂ କରି ଭିଡ଼ କରିଆସୁଛନ୍ତି। ଏ ସମସ୍ୟାର ସମାଧାନ ପାଇଁ ମଙ୍ଗଳପୁରଠାରେ ଏକ ବସ୍‌ଷ୍ଟାଣ୍ଡ କରିବାକୁ ଯାଜପୁରର ପ୍ରାକ୍ତନ ବିଧାୟକ ପ୍ରଣବ ପ୍ରକାଶ ଦାସଙ୍କ ନିକଟରେ ସ୍ଥାନୀୟ ଅଞ୍ଚଳବାସୀ ଦାବି କରିଥିଲେ। ପରିବେଶ ଓ ପରିସ୍ଥିତିକୁ ହୃଦୟଙ୍ଗମ କରି ପ୍ରଣବ ପ୍ରକାଶ ଦାସଙ୍କ ଉଦ୍ୟମ କ୍ରମେ ମଙ୍ଗଳପୁରଠାରେ ଏକ ବସ୍‌ଷ୍ଟାଣ୍ଡ ନିର୍ମାଣ ପାଇଁ ସରକାରଙ୍କ ପକ୍ଷରୁ ଅର୍ଥ ମଞ୍ଜୁର ହୋଇଥିଲା। ବର୍ତ୍ତମାନ ବସ୍‌ଷ୍ଟାଣ୍ଡ ନିର୍ମାଣ କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଞ୍ଚିଥିବାବେଳେ ନାମକରଣକୁ ନେଇ ବିବାଦ ଦେଖାଦେଇଛି। ବସ୍‌ଷ୍ଟାଣ୍ଡଟି ମଙ୍ଗଳପୁର ବଜାରରେ



ନିର୍ମାଣ ହୋଇଥିବାବେଳେ ବସଷ୍ଟାଣ୍ଡ ନାମ ଦଶରଥପୁର ବସ୍‌ଷ୍ଟାଣ୍ଡ ଲେଖାଯାଇଛି। ଏହାକୁ ମଙ୍ଗଳବାରବାସୀଙ୍କ ପକ୍ଷରୁ ବିରୋଧ କରାଯାଇଛି।

ସୂଚନା ମୁତାବକ, ଦଶରଥପୁରଠାରୁ ମଙ୍ଗଳପୁର ବଜାର ୮ କିମି ଦୂର। ମଙ୍ଗଳପୁରରେ ରାଜ୍ୟ ପରିବହନ ବିଭାଗ କେମିତି ଆଉ କାହା ନିର୍ଦ୍ଦେଶରେ ଦଶରଥପୁର ବସଷ୍ଟାଣ୍ଡ ଲେଖିଛି ବୋଲି ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। ଏହି ଲେଖା ମଙ୍ଗଳପୁର ଅଞ୍ଚଳବାସୀଙ୍କୁ ବେଶ ବ୍ୟଥିତ କରିଛି। ସରକାର ବଦଳିବା ପରେ ନୂତନ ସରକାର ପୁରୁଣା କାର୍ଯ୍ୟ ଉପରେ ବ୍ୟତିବ୍ୟସ୍ତ ହୋଇ କେବଳ ରଙ୍ଗ ମାରିବା ସହିତ ଉଦଘାଟନ ପାଇଁ ବ୍ୟସ୍ତ ଥିବାରୁ ଭୁଲ ଠିକ୍ ବିଚାର ଶକ୍ତି ହରାଇ ଏମିତି କାର୍ଯ୍ୟ କରୁଛନ୍ତି ବୋଲି ଯାଜପୁର ଜିଲ୍ଲା ବିଜେଡି ସଭାପତି ସରୋଜ ମହାପାତ୍ର କହିଛନ୍ତି। ଆଗାମୀ ଦିନରେ ଯଦି ବସ୍‌ଷ୍ଟାଣ୍ଡର ନାମ ମଙ୍ଗଳପୁର ବସଷ୍ଟାଣ୍ଡ ଲେଖା ନ ଯାଏ, ତେବେ ଆଗାମୀ ଦିନରେ ଆନ୍ଦୋଳନର ରୂପ ନେବ ବୋଲି ମଙ୍ଗଳପୁର ପଞ୍ଚାୟତ ପ୍ରାକ୍ତନ ସରପଞ୍ଚ ଶିଶିର ଧଳ, କନିକାପଡ଼ା ସରପଞ୍ଚ ପ୍ରଦୀପ ଜେନା, କନିକାପଡ଼ା ପଞ୍ଚାୟତ ପ୍ରାକ୍ତନ ସମିତି ସଭ୍ୟ ରାକେଶ କୁମାର ସାହୁ ପ୍ରମୁଖ ଚେତାବନୀ ଦେଇଛନ୍ତି।

ବସ୍‌ଷ୍ଟାଣ୍ଡ ଫଳକ ଭାଙ୍ଗିଲେ କଂଗ୍ରେସ କର୍ମୀ: ମଙ୍ଗଳପୁରରେ ନିର୍ମାଣଧୀନ ବସ୍‌ଷ୍ଟାଣ୍ଡର ନାମକରଣକୁ ନେଇ ବିବାଦ ଦେଖାଦେଇଥିବାବେଳେ ଆଜି କଂଗ୍ରେସ କର୍ମୀ ବସ୍‌ଷ୍ଟାଣ୍ଡ ନାମ ଫଳକକୁ ଭାଙ୍ଗି ଦେଇଛନ୍ତି। ଏହି ବସ୍‌ଷ୍ଟାଣ୍ଡ ମଙ୍ଗଳପୁର ଅଞ୍ଚଳରେ ହୋଇଥିବାବେଳେ ଏହାକୁ ଦଶରଥପୁର ବସଷ୍ଟାଣ୍ଡ ବୋଲି ଲେଖାଯାଇଛି। ଯାହାକୁ ବିରୋଧ କରି ଏହି ବିବାଦ ଉପୁଜିଥିବା ଜଣାପଡ଼ିଛି।

## ନର୍କକୁଣ୍ଡ ପାଲଟିଛି ବ୍ରହ୍ମାକୁଣ୍ଡ; ପୁନରୁଦ୍ଧାର କେବେ

ଯାଜପୁର, ୧୪।୮ (ସମିସ): ଯଜ୍ଞପୁର ଭାବେ ଯାଜପୁର ପ୍ରସିଦ୍ଧି ଲାଭ କରିଛି। ଯାଜପୁରର ଅଧିଷ୍ଠାତ୍ରୀ ଦେବୀ ହେଉଛନ୍ତି ମା' ବିରଜା। ପୁରାଣ ପ୍ରସିଦ୍ଧ ଯଜ୍ଞ ପୁଷ୍କରିଣୀ ହେଉଛି ବିରଜା ଦେବୀଙ୍କ ଜନ୍ମସ୍ଥାନ ବ୍ରହ୍ମାକୁଣ୍ଡ ପୁଷ୍କରିଣୀ। ବ୍ରହ୍ମାକୁଣ୍ଡ ପୁଷ୍କରିଣୀ ଏବେ ଜରାଜୀର୍ଣ୍ଣ ଅବସ୍ଥାରେ ରହିଛି। ପୁଷ୍କରିଣୀଟି ଏବେ ପ୍ରଶାସନ ନଜର ଆଢୁଆଳରେ ରହିଯାଇଛି। ଏହା ଏବେ ଅଳିଆ ଆବର୍ଜନାରେ ଭର୍ତି ହୋଇ ତାହାର ପବିତ୍ରତା ହରାଉଥିଲେ ବି ଏଥିପ୍ରତି କେହି ଦୃଷ୍ଟି ନ ଦେଉଥିବାରୁ ଅସନ୍ତୋଷ ଦେଖାଦେଇଛି।

ରାତି ହେଲେ ଏହା ଅସାମାଜିକ ଲୋକଙ୍କ ଆଡ୍ଡାସ୍ଥଳୀ ପାଲଟୁଛି। ରକ୍ଷଣାବେକ୍ଷଣର ଅଭାବରୁ ଏହା ଦିନକୁ ଦିନ ନର୍କକୁଣ୍ଡରେ ପରିଣତ ହେବାରେ ଲାଗିଛି। ପୁରାଣ ବର୍ଣ୍ଣିତ ବ୍ରହ୍ମାକୁଣ୍ଡକୁ ନେଇ ରହିଛି ଅନେକ କିମ୍ବଦନ୍ତୀ। ତ୍ରିବେଣୀ ଅମାବାସ୍ୟାରେ ମା' ବିରଜା ଏହି ଯଜ୍ଞକୁଣ୍ଡରୁ ଜନ୍ମ ନେଇଥିଲେ। ମା'ଙ୍କ ଶାରଦୀୟ ପୂଜାୟଠାରୁ ଆରମ୍ଭ କରି ସମସ୍ତ ପୂଜାର୍ଚ୍ଚନା ଲାଗି ଜଳ ଏହିଠାରୁ ନିଆଯାଏ। କିନ୍ତୁ ଏହି କୁଣ୍ଡ ଏବେ ନର୍କକୁଣ୍ଡ ପାଲଟିଗଲାଣି। ବିରଜା ମନ୍ଦିର ପ୍ରକଳ୍ପ ଲାଗି କୋଟି କୋଟି ଟଙ୍କା ଖର୍ଚ୍ଚ କରି ଏହାର ପୁନରୁଦ୍ଧାର ପାଇଁ ଯୋଜନା କରିଥିଲେ ପୂର୍ବ ସରକାର। କିନ୍ତୁ ପ୍ରକଳ୍ପ ନକସାରେ ଏହା ସ୍ଥାନ ପାଇଥିଲେ ବି ଆଜିଯାଏଁ ଏହାର ରକ୍ଷଣାବେକ୍ଷଣ କି ଉନ୍ନତିକରଣ କରାଯାଇପାରିନି। ନାନା ଅଳିଆ ଅବର୍ଜନା, ମଦ ବୋତଲ, ଅନାବନା ଗଛ କାରଣରୁ ଏହି ପୁଷ୍କରିଣୀ ଅଳିଆ କୁଣ୍ଡ ହୋଇପଡ଼ିଛି। ଯାହାର ପ୍ରତିବାଦରେ ଧୀରେ ଧୀରେ ଭକ୍ତଙ୍କ ମଧ୍ୟରେ ନାନା ଅସନ୍ତୋଷ ଦେଖାଦେଇଛି। ଆଗକୁ ମା' ବିରଜାଙ୍କ ଦୁର୍ଗୋତ୍ସବ। ଆଜି ପର୍ଯ୍ୟନ୍ତ ଏହା ଉପରେ କାହାର ନଜର ପଡୁନି। ରକ୍ଷଣାବେକ୍ଷଣ ଅଭାବରୁ ଏହି ପୁଷ୍କରିଣୀ ଜଳ ଠାକୁରଙ୍କ କାର୍ଯ୍ୟରେ ଲାଗିବା ସମ୍ଭବ ନୁହେଁ। ଏହି ପୁଷ୍କରିଣୀ ସମ୍ପୂର୍ଣ୍ଣ ଉଦ୍ଧାର ଓ ଅଳିଆ ଆବର୍ଜନା ବାହାର କରାଯାଇ ପରିଷ୍କାର କରିବାକୁ ଯାଜପୁର ବିରଜା ବାହିନୀ ପକ୍ଷରୁ ଦାବି ହୋଇଛି। ଏ ନେଇ ଜିଲ୍ଲାପାଳଙ୍କୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି। ବିରଜା ପରିକ୍ରମା ପ୍ରକଳ୍ପ ନକସା ଅନୁଯାୟୀ ତୁରନ୍ତ ସମସ୍ୟାର ସମାଧାନ ନ ହେଲେ ଆଗାମୀ ଦିନରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଧାରଣା ଦିଆଯିବ ବୋଲି ଚେତାବନୀ ଦିଆଯାଇଛି।

### ● ଟାଟା ଷ୍ଟିଲ୍ ଉଦ୍ୟମରେ ୧୫ ଜଣ ଯୁବତୀଙ୍କୁ ତାମିଲନାଡୁ ଟାଟା ଇଲେକ୍ଟ୍ରୋନିକ୍ସରେ ନିଯୁକ୍ତି

## ମଲ୍ଟି ସ୍କିଲ୍ ଡେଭଲପମେଣ୍ଟ ସେଣ୍ଟରରେ ସମ୍ମାନିତ



ଦାନଗଦି, ୧୪।୮ (ସମିସ): ଟାଟା ଷ୍ଟିଲ ଫାଉଣ୍ଡେସନ୍ (ଟିଏସଏଫ) ଓଡ଼ିଶାର ୧୫ ଜଣ ଯୁବତୀଙ୍କୁ ତାମିଲନାଡୁର ହୋସୁରସ୍ଥ ଟାଟା ଇଲେକ୍ଟ୍ରୋନିକ୍ସରେ ନିଯୁକ୍ତି ସୁଯୋଗ ଦେବାରେ ସହାୟତା ପ୍ରଦାନ କରିଛି। ଆନ୍ତର୍ଜାତିକ ଯୁବ ଦିବସ ଉପଲକ୍ଷେ ଯାଜପୁର ଜିଲ୍ଲା ଦାନଗଦିସ୍ଥ ମଲ୍ଟି ସ୍କିଲ ଡେଭଲପମେଣ୍ଟ ସେଣ୍ଟର (ଏମଏସଡିସି)ରେ ଆୟୋଜିତ ସମାରୋହରେ ମନୋନୀତ ପ୍ରାର୍ଥୀଙ୍କୁ ସମ୍ମାନିତ କରାଯାଇଥିଲା। ଏହି ପ୍ରାର୍ଥୀ ହୋସୁରସ୍ଥ ନିଜ କାର୍ଯ୍ୟ କ୍ଷେତ୍ରରେ ଯୋଗଦେବେ। ଜୁନ ମାସରେ ଆୟୋଜିତ ନିଯୁକ୍ତି ଅଭିଯାନରେ ଏହି ପ୍ରାର୍ଥୀ ମନୋନୀତ ହୋଇଥିଲେ। ଏଥିରେ ୧୨ ଜଣ ଯୁବତୀ ଯାଜପୁର ଜିଲ୍ଲା ସୁକିନ୍ଦା, ଦାନଗଦୀ ଓ କୋରେଇ ବ୍ଲକର ହୋଇଥିବା ବେଳେ ଜଣେ କେନ୍ଦୁଝର ଜିଲ୍ଲାର ହରିଚନ୍ଦନପୁର ବ୍ଲକର, ଅନ୍ୟଜଣେ ମୟୂରଭଞ୍ଜ ଜିଲ୍ଲାର ସୁକୁରୁଳି ବ୍ଲକ ଓ ଜଣେ କଟକ ଜିଲ୍ଲା ମହାଙ୍ଗା ବ୍ଲକ ଅଞ୍ଚଳର ବାସିନ୍ଦା ଅଟନ୍ତି। ଟାଟା ଇଲେକ୍ଟ୍ରୋନିକ୍ସ ପକ୍ଷରୁ ପ୍ରାର୍ଥୀଙ୍କୁ ବେତନ ସହିତ ରହିବା, ଖାଇବାର ବ୍ୟବସ୍ଥା ଓ ଚିକିତ୍ସା ସୁବିଧା ମଧ୍ୟ ପ୍ରଦାନ କରାଯିବ। ଟାଟା ଷ୍ଟିଲ ଫାଉଣ୍ଡେସନ୍ ସମାଜରେ ପରିବର୍ତ୍ତନ ଆଣିବା ଓ ବିଭିନ୍ନ ପ୍ରୟାସ ଦ୍ୱାରା ସ୍ଥାନୀୟ ଲୋକଙ୍କ ଜୀବିକାରେ ଉନ୍ନତି ଆଣିବା ପାଇଁ ପ୍ରତିଶ୍ରୁତିବଦ୍ଧ। ଏହାର ସ୍କିଲ ଡେଭଲପମେଣ୍ଟ ପ୍ରୋଗ୍ରାମ୍ ଅନ୍ତର୍ଗତ ମଡେଲ କ୍ୟାରିଅର ସେଣ୍ଟର (ଏମସିସି) ଗୁରୁତ୍ୱପୂର୍ଣ୍ଣ ପ୍ରୟାସ, ଯାହାକି ଟାଟା ଷ୍ଟିଲ ଫାଉଣ୍ଡେସନ୍ ଏବଂ କନଫେଡେରେସନ୍ ଅଫ୍ ଇଣ୍ଡିଆନ୍ ଇଣ୍ଡଷ୍ଟ୍ରି (ସିଆଇଆଇ) ମିଳିତ ଭାବରେ ପରିଚାଳନା କରୁଛନ୍ତି।

## ନଗର ବିଜେପି ପକ୍ଷରୁ ତ୍ରିରଙ୍ଗା ଶୋଭାଯାତ୍ରା

ଯାଜପୁର, ୧୪।୮ (ସମିସ): ଯାଜପୁର ପୌରପାଳିକାରେ ନଗର ବିଜେପି ପକ୍ଷରୁ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ନଗର ସଭାପତି ତପନ ନାୟକଙ୍କ ନେତୃତ୍ୱରେ ଅନୁଷ୍ଠିତ ତ୍ରିରଙ୍ଗା ଶୋଭାଯାତ୍ରା ଯାଜପୁର ରାମମନ୍ଦିର ନିକଟରୁ ବାହାରି ସହର ପରିକ୍ରମା କରିବା ପରେ ଗାନ୍ଧୀ ଛକରେ ପହଞ୍ଚି ଗାନ୍ଧୀ ଓ ଓଡ଼ିଶାର ବରପୁତ୍ରଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ରାଜ୍ୟ ଯୁବମୋର୍ଚ୍ଚା ଉପସଭାପତି ସଂଗ୍ରାମ ପାତ୍ର, ରାଜ୍ୟ ମହିଳା ମୋର୍ଚ୍ଚା ଉପସଭାନେତ୍ରୀ ମନୀଷା ବେହେରା, ବିଜେପି ଜିଲ୍ଲା ଉପସଭାପତି ମୃତ୍ୟୁଞ୍ଜୟ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ସହରର ବହୁ ବୁଦ୍ଧିଜୀବୀ, ବରିଷ୍ଠ ନାଗରିକ, ଆଇନଜୀବୀଙ୍କ ସମେତ ବିଭିନ୍ନ ବିଦ୍ୟାଳୟ ଓ ମହାବିଦ୍ୟାଳୟ ଛାତ୍ରଛାତ୍ରୀ ଓ ବିଜେପି କର୍ମୀ ସାମିଲ ହୋଇଥିଲେ।

## ବିଦ୍ୟୁତ୍ ତାର ଲାଗି ୩ ଗାଈ ମୃତ

କବାଟବନ୍ଧ, ୧୪।୮ (ସମିସ): ଧର୍ମଶାଳା ବ୍ଲକ ଅନ୍ତର୍ଗତ ବୃନ୍ଦାଦେଇପୁର ପଞ୍ଚାୟତ ରଘୁନାଥପୁର ଗ୍ରାମରେ ଚରିବାକୁ ଯାଇ ୩ ଗୋରୁଙ୍କ ମୃତ୍ୟୁ ହୋଇଥିବା ଜଣାପଡ଼ିଛି। ଫରଘୁନାଥପୁର ଗ୍ରାମ ସଂଖ୍ୟାଲଘୁ ସମ୍ପ୍ରଦାୟର ଏସ୍‌କେ ସାଜୁ ନାମକ ଜଣେ ଚାଷୀ ନିଜ କ୍ଷେତରେ କୁକୁଡ଼ା ଫାର୍ମ ଓ ଧାନ ଚାଷ କରିଥିଲେ। ଫସଲ ନଷ୍ଟ ଓ



କୁକୁଡ଼ା ମାରି ଦେଉଥିବା ଜଙ୍ଗଲୀ ଜୀବଜନ୍ତୁ କ୍ଷତି କରୁଥିଲେ। ଚାଷୀ ଜଣକ ଏହି କ୍ଷତିରୁ ବର୍ତ୍ତିବା ପାଇଁ କ୍ଷେତ ଚାରିପଟେ ଇଲେକ୍ଟ୍ରି କରେଣ୍ଟ ସଂଯୋଗ କରିଥିଲେ। ସେହି ଗ୍ରାମର ଏସ୍‌କେ ଜାଲୁଆଙ୍କ ୨ଟି, ଏସ୍‌କେ ସନିଆଙ୍କ ଗୋଟିଏ ଗୋରୁ ଓ ଏସ୍‌କେ ବାବୁଲାଙ୍କ ଗୋଟିଏ ଛେଳି ଚରିବାକୁ ଯାଇଥିଲେ। ସେଠାରେ ୩ଟି ଗୋରୁ ଓ ଗୋଟିଏ ଛେଳି ସେଠାରେ ବିଦ୍ୟୁତ ଆଘାତ ଲାଗି ମୃତ୍ୟୁ ଘଟିଥିଲା। ଏ ନେଇ ଥାନାରେ କୌଣସି ଅଭିଯୋଗ ହୋଇ ନ ଥିବା ଜଣାପଡ଼ିଛି।

## ମଲ୍ଲିକାପୁର ଆଦର୍ଶ ବିଦ୍ୟାଳୟରେ ମକ୍‌ଡ୍ରିଲ

ମଙ୍ଗଳପୁର, ୧୪।୮ (ସମିସ): ଦଶରଥପୁର ବ୍ଲକର ମଲ୍ଲିକାପୁର ଆଦର୍ଶ ବିଦ୍ୟାଳୟରେ ବୁଧବାର ଅପରାହ୍ନରେ ମକ୍‌ଡ୍ରିଲ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ଛାତ୍ରଛାତ୍ରୀ ଘରେ ବ୍ୟବହାର ହେଉଥିବା ଗ୍ୟାସ ଚୁଲା ନିଆଁରୁ ସୁରକ୍ଷା ଓ କୌଶଳ, ଆହତ ବ୍ୟକ୍ତିଙ୍କୁ ନିଆଁରୁ କିପରି ଉଦ୍ଧାର କରିବା ବାବଦରେ ଶିକ୍ଷା ଗ୍ରହଣ କରିଥିଲେ। ଦଶରଥପୁର ଦମକଳ ବାହିନୀ ଅଧିକାରୀ ପର୍ଶୁରାମ ଜେନା, ମୁଖ୍ୟ ଅଗ୍ନିକ ବିଭୂତି ଭୂଷଣ ନାୟକଙ୍କ ସହ ମୃତ୍ୟୁଞ୍ଜୟ ଲେଙ୍କା, ସୌମ୍ୟରଞ୍ଜନ ମହାନ୍ତି, ଲିଙ୍ଗରାଜ ସାହୁ, ସତ୍ୟନାରାୟଣ ସିଂହ ଓ ଜଗନ୍ନାଥ ଦାସ ପ୍ରମୁଖ ଯୋଗ ଦେଇଥିଲେ। ଏଥିରେ ବିଦ୍ୟାଳୟର ଅଧ୍ୟକ୍ଷ ଏମଡ଼ି ମୁରତେଜା ଖାନ ଓ ଶିକ୍ଷକ ଶିକ୍ଷୟିତ୍ରୀ ଓ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ।

## ଶିକ୍ଷାବିତ୍ ଶଶିଭୂଷଣ ନନ୍ଦଙ୍କ ଶ୍ରାଦ୍ଧୋତ୍ସବ



ଯାଜପୁର, ୧୪।୮ (ସମିସ): ପଣସା ପଞ୍ଚାୟତର ଆଦର୍ଶ ଶିକ୍ଷକ ଶଶୀଭୂଷଣ ନନ୍ଦଙ୍କ ୬ଷ୍ଠ ଶ୍ରାଦ୍ଧବାର୍ଷିକୀ ଅବସରରେ ଶ୍ରଦ୍ଧାଞ୍ଜଳି ସଭା ପ୍ରାକ୍ତନ ପ୍ରଶାସକ ବିନୋଦ ବିହାରୀ ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ସଭାପତି ଶ୍ରୀ ନାୟକ ସ୍ୱର୍ଗତ ନନ୍ଦଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ। ସଭାରେ ମନୋଜ ରାଉତ, ଅଞ୍ଚଳ ଦାସ, ବିଷ୍ଣୁ ରାଉତ, ଦିଲ୍ଲୀପ ଦାଶ, ଦୁର୍ଯ୍ୟୋଧନ ବେହେରା, ବିଳାସ ରାଉତ, ଅନାଦୀ ମିଶ୍ର, ଅଖିଳ ଦାସ, ସ୍ମୃତିକାନ୍ତ ମିଶ୍ର, ସଂଗ୍ରାମ ଜେନା, ସୁବାସ ମହାପାତ୍ର, ରାଜୀବ ଦାସ, ହୃଷିକେଶ ପତି, ହରିଶ୍ଚନ୍ଦ୍ର ପଣ୍ଡା, ବିନୋଦ ନାୟକ ପ୍ରମୁଖ ଯୋଗଦେଇ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ।

## ଜିନ୍ଦଲ୍ ଷ୍ଟେନ୍‌ଲେସ ଫାଉଣ୍ଡେସନ ପକ୍ଷରୁ ଚାରାରୋପଣ

ଦାନଗଦି, ୧୪।୮ (ସମିସ)



କଳିଙ୍ଗନଗର ଜିନ୍ଦଲ୍ ଷ୍ଟେନ୍‌ଲେସ୍ ଲିମିଟେଡ ସିଏସ୍‌ଆର୍ ବିଭାଗ ଜିନ୍ଦଲ୍ ଷ୍ଟେନ୍‌ଲେସ୍ ଫାଉଣ୍ଡେସନ ପକ୍ଷରୁ ଧୂଳିଗଡ଼ ଓ ତ୍ରିଜଙ୍ଗାଠାରେ ବୃକ୍ଷ ଓ ମଞ୍ଜି ଗୋଲା ରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କମ୍ପାନୀର କର୍ମଚାରୀଙ୍କୁ ପରିବେଶ ସୁରକ୍ଷା ଓ ବୃକ୍ଷରୋପଣ କାର୍ଯ୍ୟକ୍ରମରେ ସାମିଲ କରାଯିବା ସହ ୫୫ ଜଣ କର୍ମଚାରୀଙ୍କୁ ନେଇ ମଞ୍ଜି ଗୋଲା ତିଆରି କରାଯାଇଥିଲା। ପରେ ପରିବେଶ ସମ୍ବନ୍ଧୀୟ ଏକ ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମ କରାଯାଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଧୂଳିଗଡ଼, ତ୍ରିଜଙ୍ଗା ଗ୍ରାମର ସ୍ୱୟଂସହାୟକ ଗୋଷ୍ଠୀର ସଭ୍ୟା, ତ୍ରିଜଙ୍ଗା ସରପଞ୍ଚ କାଗେଜୀ ପାତ୍ର, ଧୂଳିଗଡ଼ ସରପଞ୍ଚ ମାନସ ରଣା, ଦାନଗଦି ପଞ୍ଚାୟତ ସମିତି ଆର୍ ଡବ୍ଲୁଏସ୍‌ଏସ୍ ସଂଯୋଜକ ଦୀପ୍ତି ମଲ୍ଲିକ୍, ତ୍ରିଜଙ୍ଗା, ଧୂଳିଗଡ଼ ପଞ୍ଚାୟତ ୱାର୍ଡମେମ୍ବର ଓ ସମିତି ସଭ୍ୟ ଯୋଗ ଦେଇଥିଲେ। ଜିନ୍ଦଲ କାରଖାନା ମୁଖ୍ୟ ଦୀପକ ଅଗ୍ରୱାଲ କହିଛନ୍ତି, ଏକ ଦାୟିତ୍ୱବାନ ସଂଗଠନ ଭାବେ ଆମେ ବିଶ୍ୱାସ କରୁ ଯେ ସ୍ଥାୟୀ ଅଭିବୃଦ୍ଧି ପରିବେଶଗତ ପରିଚାଳନା ସହିତ ସମନ୍ୱୟରେ ଚାଲିଥାଏ। ଆମର ବୃକ୍ଷରୋପଣ ଅଭିଯାନ ଆମେ ସେବା କରୁଥିବା ସମ୍ପ୍ରଦାୟ ପାଇଁ ଏକ ସବୁଜ, ସୁସ୍ଥ ଭବିଷ୍ୟତ ସୃଷ୍ଟି କରିବା ଦିଗରେ ଏକ ଛୋଟ ଓ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ଅଟେ। ବର୍ଜ୍ୟବସ୍ତୁ ପରିଚାଳନା ପ୍ରକଳ୍ପ କାର୍ଯ୍ୟକାରୀ କରି ଦାନଗଦି ପଞ୍ଚାୟତ ସମିତି ଅଧୀନସ୍ଥ ସୋଲେଇ, ସିଙ୍ଗାଗାଡ଼ିଆ, ଦାନଗଦି ପ୍ରଭୃତି ଗ୍ରାମ ବର୍ଜ୍ୟ ମୁକ୍ତ ଗ୍ରାମରେ ପରିଣତ କରିବାର ପ୍ରୟାସ ଜାରି ରହିଛି। ଏହି କାର୍ଯ୍ୟକ୍ରମ ଅଧୀନରେ ସୋଲେଇ ଗ୍ରାମକୁ ଆଦର୍ଶ ଗ୍ରାମରେ ପରିଣତ କରିବା ପାଇଁ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇଛି।



Lunching of Zoom 125, Courtesy Soumik Hero, Jajpur Road

## ଠକେଇରେ ଲାଗିବ ଲଗାମ୍

# ୟୁପିଆଇରୁ ପଠାଇହେବନି ଟଙ୍କା ପାଇଁ ଅନୁରୋଧ



### ଅକ୍ଟୋବରରୁ ପି-ଟୁ-ପି କଲେକ୍ଟ ରିକ୍ୱେଷ୍ଟ ବନ୍ଦ କରିବାକୁ ଏନ୍‌ପିସିଆଇର ନିର୍ଦ୍ଦେଶ

ନୂଆଦିଲ୍ଲୀ,୧୪।୮ (ଏଜେନ୍ସି): ଏଣିକି ଆଉ ୟୁପିଆଇରୁ ଟଙ୍କା ପାଇଁ କାହାକୁ ଅନୁରୋଧ ପଠାଇ ହେବନାହିଁ। କାରଣ ଭାରତୀୟ ଜାତୀୟ ପେମେଣ୍ଟ କର୍ପୋରେସନ୍ (ଏନ୍‌ପିସିଆଇ) ଅକ୍ଟୋବର ପହିଲାରୁ ୟୁପିଆଇ ରେ ପିଅର-ଟୁ-ପିଅର (ପି-ଟୁ-ପି) କଲେକ୍‌ସନ୍ ଅନୁରୋଧକୁ ସମ୍ପୂର୍ଣ୍ଣ ବନ୍ଦ କରିବାକୁ ନିର୍ଦ୍ଦେଶ ଦେଇଛି। ଏହାର ଅର୍ଥ ହେଉଛି ଯେ ଏବେ ଜଣେ ବ୍ୟକ୍ତି ୟୁପିଆଇ ମାଧ୍ୟମରେ ଅନ୍ୟ ବ୍ୟକ୍ତିଙ୍କଠାରୁ ଟଙ୍କା ମାଗିବା ପାଇଁ ଅନୁରୋଧ ପଠାଇପାରିବ ନାହିଁ।

ଏଠାରେ ସୂଚନାଯୋଗ୍ୟ ଯେ ପି-ଟୁ-ପି କଲେକ୍‌ସନ୍ ଅନୁରୋଧ କିମ୍ବା 'ପୁଲ୍ ଟ୍ରାଞ୍ଜାକ୍ସନ୍' ଏକ ସୁବିଧା ଯେଉଁଥିରେ ଜଣେ ୟୁପିଆଇ ବ୍ୟବହାରକାରୀ ଅନ୍ୟ ଜଣେ ବ୍ୟବହାରକାରୀଙ୍କଠାରୁ ଟଙ୍କା ମାଗିବା ପାଇଁ ଅନୁରୋଧ ପଠାଇଥାନ୍ତି। ଅନୁରୋଧ ପାଇବା ପରେ, ଦେୟ ପ୍ରଦାନ କରୁଥିବା ବ୍ୟକ୍ତି ତାଙ୍କ ୟୁପିଆଇ ପାନ୍ ମାଧ୍ୟମରେ ଦେୟ ଅନୁମୋଦନ କରନ୍ତି।ତେବେ ଠକମାନେ ଏହି ବୈଶିଷ୍ଟ୍ୟର ଅପବ୍ୟବହାର କରି ୟୁପିଆଇ ବ୍ୟବହାରକାରୀଙ୍କୁ ଲୁଟୁଥିଲେ। ସେମାନେ ଅଜଣା ଅନୁରୋଧ ପଠାଇ ଲୋକଙ୍କୁ ଭୁଲରେ ଟଙ୍କା ସ୍ଥାନାନ୍ତର କରିବାକୁ ବାଧ କରୁଥିଲେ। ବର୍ଦ୍ଧିତ ସାଇବର ଠକେଇକୁ ରୋକିବା ପାଇଁ ଏନ୍‌ପିସିଆଇ ଏହି ନିଷ୍ପତ୍ତି ନେଇଛି।ଏହି ନିଷେଧାଦେଶ କେବଳ ପି-ଟୁ-ପି କଲେକସନ୍ ଅନୁରୋଧ ଉପରେ ଅର୍ଥାତ୍ ବ୍ୟକ୍ତିଗତ ବ୍ୟବହାରକାରୀଙ୍କ ମଧ୍ୟରେ ଲାଗୁ ହେବ। ଫ୍ଲିପ୍‌କାର୍ଟ, ଆମାଜନ୍, ସ୍ୱିଗୀ ଏବଂ ଆଇଆର୍‌ସିଟିସି ଭଳି ମର୍ଚ୍ଚାଣ୍ଟଙ୍କ କ୍ଷେତ୍ରରେ ବୈଧ ବ୍ୟବସାୟ ପାଇଁ କଲେକ୍‌ସନ୍ ଅନୁରୋଧ ବ୍ୟବହାର କରିପାରିବେ, ଯଦି ବ୍ୟବହାରକାରୀ ପେମେଣ୍ଟକୁ ଅନୁମୋଦନ କରନ୍ତି। ଏଡ଼୍‌ପିସିଆଇ ସମସ୍ତ ବ୍ୟାଙ୍କ ଏବଂ ୟୁପିଆଇ ଆପ୍ସକୁ ଅକ୍ଟୋବର ପହିଲା ସୁଦ୍ଧା ପି-ଟୁ-ପି ସଂଗ୍ରହ କାରବାର ଆରମ୍ଭ କରିବା, ରାଉଟିଂ କରିବା କିମ୍ବା ପ୍ରକ୍ରିୟାକରଣ ବନ୍ଦ କରିବାକୁ ନିର୍ଦ୍ଦେଶ ଦେଇଛି।

# ବିକ୍ରି ହେବ ଏଲ୍‌ଆଇସି ଅଂଶଧନ

### ରୋଡ ଶୋ' କରିବେ ସରକାର


### ୧୭ ହଜାର କୋଟିର ରାଜସ୍ୱ ସଂଗ୍ରହ ଲକ୍ଷ୍ୟ

ନୂଆଦିଲ୍ଲୀ,୧୪।୮ (ଏଜେନ୍ସି): ବିକ୍ରି ହେବ ଦେଶର ବୃହତ୍ ଜୀବନ ବୀମା କମ୍ପାନୀ ଭାରତୀୟ ଜୀବନ ବୀମା ନିଗମ(ଏଲ୍‌ଆଇସି)। ସରକାରୀ ଉଦ୍ୟୋଗରୁ ପୁଞ୍ଜି ପ୍ରତ୍ୟାହାରର ଅଂଶସ୍ୱରୂପ କେନ୍ଦ୍ର ସରକାର ଏଲ୍‌ଆଇସିରୁ ଅଂଶଧନ ବିକ୍ରି କରିବେ। ଏଥିପାଇଁ ସରକାର ଆଗାମୀ ଦୁଇ ସପ୍ତାହ ମଧ୍ୟରେ ରୋଡ ଶୋ' ଆରମ୍ଭ କରାଯାଇପାରେ।




ଯୋଜନାନୁଯାୟୀ, ପ୍ରଥମ ପର୍ଯ୍ୟାୟରେ ଏଲ୍‌ଆଇସି ସେୟାରର ୨.୫%ରୁ ୩% ବିକ୍ରି କରାଯାଇପାରିବ। ମୋତିଲାଲ ଓସୱାଲ ଏବଂ ଆଇଡିବିଆଇ କ୍ୟାପିଟାଲକୁ ଏହି ଅଫର ଫର୍ ସେଲ୍ (ଓଏଫ୍‌ଏସ୍) ର ପରିଚାଳକ ନିଯୁକ୍ତ କରାଯାଇଛି। ରିପୋର୍ଟରେ କୁହାଯାଇଛି ଯେ ପ୍ରଥମ ପର୍ଯ୍ୟାୟର ଚୂଡ଼ାନ୍ତ ଆକାର ଏବଂ ମୂଲ୍ୟ ରୋଡ ଶୋ' ପରେ ନିର୍ଣ୍ଣୟ କରାଯିବ। ଏହି ଅଂଶଧନ ବିକ୍ରିରୁ କେନ୍ଦ୍ର ସରକାର ୧୭ ହଜାର କୋଟିର ରାଜସ୍ୱ ସଂଗ୍ରହ ଲକ୍ଷ୍ୟ ରଖିଛନ୍ତି।

ତେବେ ପ୍ରଥମ ପର୍ଯ୍ୟାୟରେ, କେନ୍ଦ୍ର ସରକାର ଏହି ଅଂଶଧନ ବିକ୍ରିରୁ ପ୍ରାୟ ୧୪,୦୦୦ କୋଟି ରୁ ୧୭,୦୦୦ଟଙ୍କା କୋଟି ରୋଜଗାର କରିବାକୁ ଆଶା କରିଛନ୍ତି। ବର୍ତ୍ତମାନ ସରକାରଙ୍କର ଏଲ୍‌ଆଇସିରେ ୯୬.୫% ଅଂଶଧନ ରହିଛି। ଭାରତୀୟ ପ୍ରତିଭୂତି ଏବଂ ବିନିମୟ ବୋର୍ଡ ଏଲ୍‌ଆଇସି କୁ ଏହାର ସାର୍ବଜନୀନ ଅଂଶଧନକୁ ବର୍ତ୍ତମାନର ୩.୫% ରୁ ଅତି କମ୍‌ରେ ୧୦% କୁ ବୃଦ୍ଧି କରିବା ପାଇଁ ୨୦୨୭ ମେ' ୧୬ ପର୍ଯ୍ୟନ୍ତ ସମୟ ଦେଇଛି। ଚଳିତମାସ ମାସର ପ୍ରାରମ୍ଭରେ,ଏଲ୍‌ଆଇସି ୨୦୨୫-୨୬ ଆର୍ଥିକବର୍ଷର ପ୍ରଥମ ତ୍ରୈମାସିକ ପାଇଁ ଏହାର ଫଳାଫଳ ଘୋଷଣା କରିଥିଲା। ଏହି ସମୟରେ ବୀମା କମ୍ପାନୀର ନେଟ୍ ଲାଭ ୫.୦୨% ବୃଦ୍ଧି ପାଇ ୧୦,୯୮୬ କୋଟି ଟଙ୍କାରେ ପହଞ୍ଚିଛି।




# ସେପ୍ଟେମ୍ବରରୁ ରୁପାରେ ବି ଲାଗିବ ହଲ୍‌ମାର୍କିଂ




### ସ୍ୱେଚ୍ଛାକୃତ ଭାବେ ହେବ ଲାଗୁ

### ୬ ଗ୍ରେଡ୍ ରୁପା ଅଳଙ୍କାରରେ ହଲ୍‌ମାର୍କ ଲାଗୁ କରିବାକୁ ନିଷ୍ପତ୍ତି

ନୂଆଦିଲ୍ଲୀ,୧୪।୮ (ଏଜେନ୍ସି): ସୁନା ପରେ ଏବେ ସରକାର ରୁପା ଅଳଙ୍କାରରେ ମଧ୍ୟ ହଲମାର୍କିଂ ନିୟମ ଲାଗୁ କରିବାକୁ ପ୍ରସ୍ତୁତ ହେଉଛନ୍ତି। ଏହା ସେପ୍ଟେମ୍ବର ପହିଲାରୁ ସ୍ୱେଚ୍ଛାକୃତ ଭାବରେ ଲାଗୁ ହେବ। ସୁନା ପରି ଏହି ନିୟମ ୬ ଗ୍ରେଡ୍ ରୂପା ଅଳଙ୍କାର ଉପରେ ଲାଗୁ ହେବ। ରୁପା ଉପରେ ୬ ଅଙ୍କ ବିଶିଷ୍ଟ ଏଚ୍‌ୟୁଆଇଡି ହଲମାର୍କିଂ ଲାଗୁ ହେବ। ଏଠାରେ ସୂଚନାଯୋଗ୍ୟ ଯେ, ୨୦୨୪ ଏପ୍ରିଲ ପହିଲାରୁ ସୁନା ଏବଂ ଏହାର ଅଳଙ୍କାର ଉପରେ ବାଧ୍ୟତାମୂଳକ ହଲମାର୍କିଂ ନିୟମ ଲାଗୁ ହୋଇଥିଲା।

ସୁନାର ୨୨ କ୍ୟାରେଟ୍ କିମ୍ବା ୧୮ କ୍ୟାରେଟ୍‌ରେ ହଲମାର୍କିଂ ଚିହ୍ନ ରହିଛି। ସେହିପରି ଏବେ ରୁପାରେ ମଧ୍ୟ ଏକ ସ୍ୱତନ୍ତ୍ର ହଲ୍‌ମାର୍କିଂ ଚିହ୍ନ ରହିବ, ଯାହା କହିବ ଯେ ଏଥିରେ ରୁପାର କେତେ ଶୁଦ୍ଧତା ଅଛି। ଭାରତୀୟ ମାନକ ବ୍ୟୁରୋ (ବିଆଇଏସ୍) ଏହାକୁ ଯାଞ୍ଚ କରେ, ଯାହା ଦ୍ୱାରା ଆପଣଙ୍କୁ ନକଲି କିମ୍ବା ଠକେଇରୁ ନିସ୍ତାର ମିଳିଥାଏ। ସେପ୍ଟେମ୍ବର ମାସରୁ ଏହି ନିୟମ ଅନୁପାଳନ ପ୍ରାରମ୍ଭରେ ସ୍ୱେଚ୍ଛାକୃତ ହେବ। ଅର୍ଥାତ୍, ଅଳଙ୍କାର ବ୍ୟବସାୟୀମାନେ ଚାହିଁଲେ ଏହାକୁ ଗ୍ରହଣ କରିବେ। କିନ୍ତୁ ପରେ ଏହାକୁ ବାଧ୍ୟତାମୂଳକ ମଧ୍ୟ କରାଯିବ, ଯେପରି ଏହା ସୁନା କ୍ଷେତ୍ରରେ ଲାଗୁ କରାଯାଇଥିଲା। ଅନେକ ସମୟରେ ଲୋକମାନେ କମ୍ ମୂଲ୍ୟରେ ରୂପା କିଣନ୍ତି, କିନ୍ତୁ ପରେ ଜଣାପଡ଼େ ଯେ ଏଥିରେ ରୁପା କମ୍ ଏବଂ ଅନ୍ୟାନ୍ୟ ଧାତୁ ଅଧିକ ଥିଲା। ହଲମାର୍କିଂ ଏହି ଠକେଇକୁ ବନ୍ଦ କରିବ।








# କଟକରେ ଜୟଆଲୁକ୍କାସ୍‌ର ନୂଆ ଶୋ'ରୁମ୍



କଟକ, ୧୪।୮ (ସମିସ) : ଅଗ୍ରଣୀ ଅଳଙ୍କାର ବିକ୍ରେତା ଜୟଆଲୁକ୍କାସ୍‌ର ନୂତନ ସ୍ୱର୍ଣ୍ଣ ଅଳଙ୍କାର ଶୋ' ରୁମ୍ ବୁଧବାର ସନ୍ଧ୍ୟାରେ କଟକ ସ୍ଥିତ କ୍ୟାଣ୍ଟନ୍‌ମେଣ୍ଟ ରୋଡରେ ଉଦ୍‌ଘାଟିତ ହୋଇଯାଇଛି। ଏହି ଉଦ୍‌ଘାଟନୀ ଉତ୍ସବରେ ବିଧାୟିକା ସୋଫିଆ ଫିର୍ଦୌଷ, କଟକ ମେୟର ସୁବାସ ସିଂ, ୨୫ ନମ୍ବର ୱାର୍ଡ କର୍ପୋରେଟର ସତ୍ୟରାମ ସାହୁ ପ୍ରମୁଖ ଯୋଗଦେଇଥିଲେ।

ଚଳଚ୍ଚିତ୍ର ଅଭିନେତ୍ରୀ ତଥା ଜଣାଶୁଣା ମଡେଲ ମାଲ୍‌ଭିକା ଶର୍ମା କାର୍ଯ୍ୟକ୍ରମର ଅନ୍ୟତମ ଆକର୍ଷଣ ସାଜିଥିଲେ। ଏତଦ୍‌ବ୍ୟତୀତ ଜୟଆଲୁକ୍କାସ୍ ଗ୍ରୁପର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଥୋମାସ୍ ମାଥ୍ୟୁ ଭାଇଚାରା ଓ ପରମ୍ପରାର ଏକହଜାର ବର୍ଷର ସହରରେ ଜୟଆଲୁକ୍କାସ୍ ଉପସ୍ଥିତିର ଗୁରୁତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ଏହି ନୂଆ ସୋ' ରୁମ୍ ଖୋଲିବା ଅବସରରେ ଜୟଆଲୁକ୍କାସ୍ ପକ୍ଷରୁ ହୀରା ଓ ଅନକଟ୍ ହୀରା ଅଳଙ୍କାର ଉପରେ ୨୫% ରିଆତି ଏବଂ ୧ ଲକ୍ଷ ଟଙ୍କା ଓ ତା' ଠାରୁ ଅଧିକ ମୂଲ୍ୟର ସୁନା ଓ ମୂଲ୍ୟବାନ ଷ୍ଟୋନ୍ ଅଳଙ୍କାର ଉପରେ ଗ୍ରାହକଙ୍କ ପାଇଁ ୫ ଗ୍ରାମର ରୁପା ବାର ପ୍ରଦାନ ବ୍ୟବସ୍ଥା ରହିଛି। ପ୍ରତ୍ୟେକ ଗ୍ରାହକ କିଣାକିଣି ଉପରେ ନିଶ୍ଚିତ ମାଗଣା ଉପହାର ପାଇବେ। ଅନ୍ତର୍ଜାତୀୟ ମାନଦଣ୍ଡ ଅନୁସାରେ ନିର୍ମାଣ କରାଯାଇଥିବା ଜୟଆଲୁକ୍କାସ୍ ନୂତନ ସୋ'ରୁମ୍ ଏକ ବି ବିଶ୍ୱସ୍ତରୀୟ ତଥା ବିଳାସପୂର୍ଣ୍ଣ ସପିଂ ଅନୁଭୂତି ପ୍ରଦାନ କରିବ । ଗ୍ରାହକମାନେ ଏକ ଚମତ୍କାର ପରିବେଶରେ ପାରମ୍ପାରିକ ସୁନା, ବିବାହ ଅଳଙ୍କାର, ହୀରା ଓ ମୂଲ୍ୟବାନ ଷ୍ଟୋନ୍ ଆଦି କିଣିପାରିବେ। ଏହି ଅବସରରେ ଜୟଆଲୁକ୍କାସ୍ ଗ୍ରୁପ ଅଧ୍ୟକ୍ଷ ଡଃ ଜୟଆଲୁକ୍କାସ୍ କହିଛନ୍ତି କଟକ ଐତିହ୍ୟ ଓ ପରମ୍ପରାରେ ପରିପୂର୍ଣ୍ଣ ସହରର ସୂକ୍ଷ୍ମ ତାରକସୀ କାରିଗରୀ କୌଶଳ ପାଇଁ ବିଶ୍ୱ ଦରବାର ବାରରେ କଟକ ପ୍ରସିଦ୍ଧି ହାସଲ କରିଥିବାବେବେଳେ ଏଠାରେ ବ୍ୟବସାୟ ଆରମ୍ଭ କରିବା ଆମ ପାଇଁ ଅତ୍ୟନ୍ତ ଗୌରବ ଓ ସୌଭାଗ୍ୟର ବିଷୟ।



## ସ୍ମରଣୀୟ ହୋଇରହିବ ଅପରେସନ ସିନ୍ଦୂର: ରାଷ୍ଟ୍ରପତି



ନୂଆଦିଲ୍ଲୀ, ୧୪।୮: ପହଲଗାମରେ ଆତଙ୍କବାଦୀ ଆକ୍ରମଣର ପ୍ରତିଶୋଧ ନେବା ଲାଗି ଭାରତର 'ଅପରେସନ ସିନ୍ଦୂର' ଥିଲା ଆତଙ୍କବାଦ ବିରୋଧରେ ମାନବିକତାର ଲଢ଼େଇ। ଆତଙ୍କବାଦୀଙ୍କ ପହଲଗାମ ଆକ୍ରମଣ ଥିଲା କାପୁରୁଷପଣିଆ ଏବଂ ଅମାନବିକତାର ପରିଚୟ। ଅପରେସନ ସିନ୍ଦୂର ଜରିଆରେ ଭାରତୀୟ ସେନା ଏହାର ମୁହଁତୋଡ଼ ଜବାବ ଦେଇଛନ୍ତି। ଏଭଳି କାର୍ଯ୍ୟାନୁଷ୍ଠାନ ଜରିଆରେ ଆମର ସେନା ଜଣାଇ ଦେଇଛନ୍ତି ଯେ ଯେକୌଣସି ପରିସ୍ଥିତିର ମୁକାବିଲା ଲାଗି ଆମର ଯବାନ ସର୍ବଦା ପ୍ରସ୍ତୁତ ରହିଛନ୍ତି।

ସ୍ୱାଧୀନତା ଦିବସ ଅବ୍ୟବହିତ ପୂର୍ବରୁ ଆଜି ସନ୍ଧ୍ୟାରେ ଜାତି ଉଦ୍ଦେଶ୍ୟରେ ଉଦ୍‌ବୋଧନ ଦେଇ ଏହା କହିଛନ୍ତି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ। ଭାରତୀୟ ସେନାର ପ୍ରଶଂସା କରି ସେ କହିଛନ୍ତି ଯେ ଆତଙ୍କବାଦ ବିରୋଧରେ ଅପରେସନ ସିନ୍ଦୂର ଥିଲା ମାନବିକତାର ଲଢେଇ ଏବଂ ଇତିହାସରେ ଏହା ଲିପିବଦ୍ଧ ହୋଇରହିବ। ଯେଉଁମାନେ ଆମକୁ ଭାଗ ଭାଗ କରିବାକୁ ଚାହିଁଥିଲେ ସେମାନଙ୍କୁ ଭାରତବାସୀ ଏକ ହୋଇ ଠିକଣା ଜବାବ ଦେଇଛନ୍ତି। ଭାରତ କାହା ଉପରେ ଆକ୍ରମଣ କରିବ ନାହିଁ। କିନ୍ତୁ ଆକ୍ରମଣର ଶିକାର ହେଲେ ଭାରତ କିପରି ଉଚିତ ଜବାବ ଦେଇପାରୁଛି, ଭାରତର ସେହି ଶକ୍ତିକୁ ସାରା ବିଶ୍ୱ ଦେଖିଲା।

ଏହି ଅବସରରେ ଭାରତର ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ସ୍ୱାଧୀନତା ସଂଗ୍ରାମୀଙ୍କୁ ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି। ରାଷ୍ଟ୍ରପତି ତାଙ୍କ ଉଦବୋଧନରେ ଦେଶର ଗଣତାନ୍ତ୍ରିକ ମୂଲ୍ୟବୋଧର ପ୍ରଶଂସା କରିବା ସହିତ ଭାରତର ଅର୍ଥନୈତିକ ବିକାଶ ଉପରେ ଆଲୋକପାତ କରିଛନ୍ତି। ଜିଡିପିରେ ୬.୫ ପ୍ରତିଶତ ଅଭିବୃଦ୍ଧି ହୋଇଛି। ମେକ୍ ଇନ୍ ଇଣ୍ଡିଆ ଏବଂ ଆତ୍ମନିର୍ଭର ଭାରତ ସଫଳ ହେଉଛି। ୨୦୪୭ ସୁଦ୍ଧା ଭାରତକୁ ବିକଶିତ ରାଷ୍ଟ୍ରରେ ପରିଣତ କରିବା ଲାଗି ସଂକଳ୍ପ ନେବାକୁ ରାଷ୍ଟ୍ରପତି ଦେଶବାସୀଙ୍କୁ ଆହ୍ୱାନ ଜଣାଇଛନ୍ତି।

## ଅଭିନେତା ଦର୍ଶନଙ୍କ ଜାମିନ ବାତିଲ୍ କଲେ ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ରେଣୁକାସ୍ୱାମୀ ହତ୍ୟା ମାମଲାରେ ମୁଖ୍ୟ ଅଭିଯୁକ୍ତ ତଥା ଅଭିନେତା ଦର୍ଶନ ଓ ଅନ୍ୟ ଲୋକଙ୍କୁ ଦିଆଯାଇଥିବା ଜାମିନକୁ ରଦ୍ଦ କରିଛନ୍ତି ସୁପ୍ରିମକୋର୍ଟ। ଜଷ୍ଟିସ ଜେବି ପାରଦିୱାଲା ଓ ଜଷ୍ଟିସ ଆର ମହାଦେବନଙ୍କୁ ନେଇ ଗଠିତ ଖଣ୍ଡପୀଠ ଏ ସଂକ୍ରାନ୍ତରେ କର୍ଣ୍ଣାଟକ ହାଇକୋର୍ଟଙ୍କ ଆଦେଶକୁ ଖାରଜ କରିବା ସହ ଏଥିରେ ବହୁତ ତ୍ରୁଟି ରହିଛି ବୋଲି କହିଛନ୍ତି। ଅଭିଯୁକ୍ତ ଯେତେ ବଡ଼ ହୁଅନ୍ତୁ ନା କାହିଁକି, ତାଙ୍କ ଲୋକପ୍ରିୟତା ଯେତେ ହେଉ ନା କାହିଁକି ସେ ଆଇନ୍‌ର ଊର୍ଦ୍ଧ୍ୱରେ ନୁହନ୍ତି ବୋଲି ସୁପ୍ରିମ କୋର୍ଟ ସ୍ପଷ୍ଟ କରିଦେଇଛନ୍ତି। ଏହାଦ୍ୱାରା ପୂରା ସମାଜକୁ ଏକ ଗଠନମୂଳକ ବାର୍ତ୍ତା ଯିବ। ତେଣୁ ଯଥାଶୀଘ୍ର ଅଭିଯୁକ୍ତ ଆତ୍ମସମର୍ପଣ କରନ୍ତୁ ବୋଲି କୋର୍ଟ କହିଛନ୍ତି। କୋର୍ଟ ଦର୍ଶନଙ୍କ ସମେତ ସବୁ ଅଭିଯୁକ୍ତଙ୍କୁ ଗିରଫ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏଥିସହ ଜେଲରେ ଅଭିଯୁକ୍ତମାନଙ୍କୁ ବିଶେଷ ସୁବିଧା ସୁଯୋଗ ନ ଦେବାକୁ ତାଗିଦ କରିଛନ୍ତି। କର୍ଣ୍ଣାଟକ ହାଇକୋର୍ଟ ଦର୍ଶନ ଓ ତାଙ୍କ ସହଯୋଗୀଙ୍କୁ ଜାମିନ ପ୍ରଦାନ କରିଥିଲେ। ଏହାକୁ ବିରୋଧ କରି କର୍ଣ୍ଣାଟକ ସରକାର ସୁପ୍ରିମକୋର୍ଟରେ ଆବେଦନ କରିଥିଲେ। ଦର୍ଶନ ଓ ଅନ୍ୟ ଅଭିଯୁକ୍ତମାନଙ୍କୁ ହାଇକୋର୍ଟ ୨୦୨୪ ଡିସେମ୍ବର ୧୩ରେ ଜାମିନ ପ୍ରଦାନ କରିଥିଲେ। ଏବେ ବଲ୍ଲାରୀ ଜେଲ୍‌ରେ ଦର୍ଶନ ଓ ଅନ୍ୟମାନଙ୍କୁ ରଖାଯିବ ଓ ଏଥିପାଇଁ ସେଠାରେ ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଛି। ଉଲ୍ଲେଖଥାଉ କି ଦର୍ଶନ ଓ ପବିତ୍ର ଗୌଡା ସମେତ ଅନ୍ୟ ଅଭିଯୁକ୍ତମାନେ ୩୩ ବର୍ଷୀୟ ରେଣୁକାସ୍ୱାମୀ ନାମକ ଜଣେ ପ୍ରଶଂସକଙ୍କୁ ଅପହରଣ କରିବା ସହ ନିର୍ଯାତନା ଦେଇଥିଲେ। ତାଙ୍କ ମୃତଦେହ ଏକ ନାଳରୁ ମିଳିଥିଲା।

## ପାଇଲଟ୍‌ଙ୍କ ଡ୍ୟୁଟି ନେଇ ଏୟାର ଇଣ୍ଡିଆକୁ ଡିଜିସିଏର ଚେତାବନୀ

ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ପାଇଲଟମାନଙ୍କ ଡ୍ୟୁଟି ସମୟସୀମା ଉଲ୍ଲଂଘନ ନେଇ ବେସାମରିକ ବିମାନ ଚଳାଚଳ ନିର୍ଦ୍ଦେଶାଳୟ (ଡିଜିସିଏ) ଏୟାର ଇଣ୍ଡିଆକୁ ଚେତାବନୀ ଦେଇଛି। ଦୁଇଟି ଅନ୍ତର୍ଜାତୀୟ ଉଡାଣକୁ ନେଇ ଡିଜିସିଏ ଏହି ଚେତାବନୀ ଦେଇଛି। ଗତ ମେ ମାସରେ ବେଙ୍ଗାଲୁରୁ ଓ ଲଣ୍ଡନ ମଧ୍ୟରେ ଚାଲୁଥିବା ଦୁଇଟି ବିମାନରେ ପାଇଲଟମାନେ ୧୦ ଘଣ୍ଟାରୁ ଅଧିକ ସମୟ ବିମାନ ଚଳାଇଥିଲେ। ଏହା ନିୟମର ଘୋର ଉଲ୍ଲଂଘନ ବୋଲି ଡିଜିସିଏ ତରଫରୁ କୁହାଯାଇଛି। ଡିଜିସିଏ ଏସଂକ୍ରାନ୍ତରେ ଏୟାରଲାଇନକୁ କାରଣ ଦର୍ଶାଅ ନୋଟିସ ଜାରି କରିଥିଲେ। କିନ୍ତୁ ଏହାର କୌଣସି ସନ୍ତୋଷଜନକ ଉତ୍ତର ମିଳି ନଥିଲା। ଭବିଷ୍ୟତରେ ଏପରି ନ କରିବାକୁ ଡିଜିସିଏ ଚେତାବନୀ ଦେଇଛି। କିନ୍ତୁ ପାକିସ୍ତାନର ଆକାଶ ସୀମା ବନ୍ଦ କାରଣରୁ ଏଭଳି ସମସ୍ୟା ସୃଷ୍ଟି ହୋଇଥିଲା। କାରଣ ଏଥିପାଇଁ ଅଧିକ ଦୂର ଅତିକ୍ରମ କରିବାକୁ ପଡୁଛି ବୋଲି ଏୟାରଲାଇନ୍ସର ମୁଖପାତ୍ର କହିଛନ୍ତି। କିନ୍ତୁ ପରେ ଏହି ନିୟମକୁ ଠିକ୍ ଭାବେ ପାଳନ କରାଯାଉଛି ବୋଲି ସେ କହିଛନ୍ତି। ଉଲ୍ଲେଖଥାଉ କି ଜଣେ ପାଇଲଟ ଗୋଟିଏ ଦିନରେ ଅତିବେଶିରେ ୧୦ ଘଣ୍ଟା ବିମାନ ଉଡାଇବାର ନିୟମ ରହିଛି। ପାଇଲଟଙ୍କୁ କ୍ଲାନ୍ତିରୁ ମୁକ୍ତି ଦେବା ଓ ବିମାନ ଉଡ଼ାଣକୁ ସୁରକ୍ଷିତ କରିବା ହେଉଛି ଏହାର ଲକ୍ଷ୍ୟ। ପୁଣି ପ୍ରତ୍ୟେକ ଉଡ଼ାଣ ପରେ ଜଣେ ପାଇଲଟଙ୍କୁ ୧୨ ଘଣ୍ଟା ବିଶ୍ରାମ ନେବା ଜରୁରି ବୋଲି କୁହାଯାଇଛି।

## ୭୦ ଦେଶର ଜେଲ୍‌ରେ ଅଛନ୍ତି ୧୦,୫୭୪ ଭାରତୀୟ କଏଦୀ

ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ବର୍ତ୍ତମାନ ବିଶ୍ୱର ୭୦ଟି ଦେଶରେ ୧୦ ହଜାର ୫୭୪ ଜଣ ଭାରତୀୟ କଏଦୀ ରହିଛନ୍ତି। ବୈଦେଶିକ ମନ୍ତ୍ରଣାଳୟ ପକ୍ଷରୁ ଲୋକସଭାରେ ଏହି ତଥ୍ୟ ଉପସ୍ଥାପନ କରାଯାଇଛି। ମଧ୍ୟପ୍ରାଚ୍ୟ ଦେଶ ୟେମେନ ସମେତ ୧୧ଟି ଦେଶରେ ୪୩ ଜଣ ଭାରତୀୟ ମୃତ୍ୟୁଦଣ୍ଡର ସମ୍ମୁଖୀନ ହୋଇଛନ୍ତି। ଏହି କଏଦୀମାନଙ୍କ ମଧ୍ୟରେ କେତେଜଣ ବିଚାରାଧୀନ କଏଦୀ ରହିଛନ୍ତି। ଆଉକେତେ ଜଣ ଦଣ୍ଡିତ ହୋଇ ସାରିଛନ୍ତି। ଆଉ କେତେକ ସଜା ପୂରା କରିବା ପରେ ମୁକ୍ତି ଓ ପ୍ରତ୍ୟାର୍ପଣ ଅପେକ୍ଷାରେ ରହିଛନ୍ତି। ଏମାନଙ୍କ ମଧ୍ୟରେ ୧୪ଟି ଦେଶରେ ୧୦୦ରୁ ଅଧିକ ଭାରତୀୟ ଜେଲ୍‌ରେ ଅଛନ୍ତି। କିନ୍ତୁ ଏହି ସଂଖ୍ୟା ଅଧିକ ହୋଇପାରେ ବୋଲି ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। କିଛି କାରଣରୁ ସବୁ ଦେଶ ସବୁ ତଥ୍ୟ ଦେଇ ନଥାନ୍ତି। ୟୁନାଇଟେଡ ଆରବ ଏମିରେଟ୍ସ (ୟୁଏଇ)ରେ ୨୧ ଜଣ ଭାରତୀୟଙ୍କୁ ମୃତ୍ୟୁ ଦଣ୍ଡରେ ଦଣ୍ଡିତ କରାଯାଇଛି। ଗତ ଗୋଟିଏ ଦଶକରେ ବିଦେଶରେ ଭାରତୀୟ କଏଦୀ ସଂଖ୍ୟାରେ ୬୩ ପ୍ରତିଶତ ବୃଦ୍ଧି ପାଇଛି। ୨୦୧୬ରେ ବିଦେଶୀ ଜେଲ୍‌ରେ ୬, ୪୮୯ ଭାରତୀୟ କଏଦୀ ରହିଥିଲେ। ୨୦୧୬ରେ ୬, ୪୮୯ କଏଦୀ ଥିଲେ। ୨୦୨୫ରେ ଏହି ସଂଖ୍ୟା ୧୦, ୫୭୪ରେ ପହଞ୍ଚିଛି ବୋଲି କୁହାଯାଇଛି।

## ଫାଙ୍କା ଗୁଳିଚାଳନାରେ ୩ ମୃତ, ୬୦ରୁ ଊର୍ଦ୍ଧ୍ୱ ଆହତ

କରାଚି, ୧୪।୮(ଏଜେନ୍ସି): ପାକିସ୍ତାନ ସ୍ୱାଧୀନତା ଦିବସ ପାଳନ ଅବସରରେ କରାଚିରେ ଗୁଳିକାଣ୍ଡ ଘଟିଛି। ଗୁଳି ଚାଳନା କରି ଉତ୍ସବ ମନାଯାଉଥିବା ବେଳେ ଜଣେ ୮ ବର୍ଷର ବାଳକଙ୍କ ସମେତ ୩ ଜଣ ମୃତ୍ୟୁବରଣ କରିଛନ୍ତି। ଏମାନଙ୍କ ମଧ୍ୟ ଜଣେ ବରିଷ୍ଠ ନାଗରିକ ମଧ୍ୟ ସାମିଲ ରହିଛନ୍ତି। ଏହି ଘଟଣାରେ ୬୦ରୁ ଊର୍ଦ୍ଧ୍ୱ ଲୋକ ଆହତ ହୋଇଛନ୍ତି। ଅଗଷ୍ଟ ୧୩ ଓ ୧୪ରେ କରାଚିର ଭିନ୍ନ ଭିନ୍ନ ସ୍ଥାନରେ ଲୋକେ ଉତ୍ସବ ପାଳନ କରିଥିଲେ। କେତେକ ସ୍ଥାନରେ ଲୋକେ ଉପରକୁ ଫାଙ୍କା ଗୁଳି ଚାଳନା କରି ଭିନ୍ନ ଢଙ୍ଗରେ ଉତ୍ସବ ମନାଇଥିଲେ। କିନ୍ତୁ ନିରିହ ଲୋକଙ୍କ ଦେହରେ ଗୁଳି ବାଜିଥିଲା। ଏହାପୂର୍ବରୁ କରାଚିରେ ଏକାଧିକବାର ଏଭଳି ଘଟଣା ଘଟିଛି। ୨୦୨୫ ଜାନୁଆରୀରେ କରାଚିର ଅଲଗା ଅଲଗା ସ୍ଥାନରେ ଗୁଳି ଚାଳନା ଘଟଣାରେ ୪୨ ଜଣ ଲୋକ ପ୍ରାଣ ହରାଇଥିଲେ। ଏଥିରେ ୫ ଜଣ ମହିଳା ସାମିଲ ରହିଥିଲେ। ୨୩୩ଜଣ ଲୋକ ଆହତ ହୋଇଥିଲେ।

## ପାକିସ୍ତାନକୁ ଭାରତର ଚେତାବନୀ

### ନିଜ ଭାଷା ଉପରେ ନିୟନ୍ତ୍ରଣ ରଖ
### ନଚେତ ପରିଣାମ ଯନ୍ତ୍ରଣାଦାୟକ ହେବ



ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ଭାରତ ଓ ପାକିସ୍ତାନ ମଧ୍ୟରେ କୂଟନୈତିକ ସମ୍ପର୍କରେ ତିକ୍ତତା ଶୀର୍ଷରେ ପହଞ୍ଚିଛି। କେତେକ ପାକିସ୍ତାନ ନେତା ଭାରତ ବିରୋଧରେ ଦାୟିତ୍ୱହୀନ ମନ୍ତବ୍ୟ ଦେବା ପରେ ଭାରତ ମଧ୍ୟ ଏହାର ଜବାବ ଦେଇଛି। ନିଜ ଭାଷା ଉପରେ ନିୟନ୍ତ୍ରଣ ରଖିବାକୁ ଭାରତ ପାକିସ୍ତାନକୁ ଚେତାବନୀ ଦେଇଛି। ବୈଦେଶିକ ମନ୍ତ୍ରଣାଳୟ ମୁଖପାତ୍ର ରଣଧୀର ଜୟସ୍ୱାଲ ଗୁରୁବାର ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି ଯେ, ନିଜର ଅପାରଗତାକୁ ଲୁଚାଇବା ପାଇଁ ପାକିସ୍ତାନ ନେତାମାନେ ଭାରତ ବିରୋଧରେ ଏଭଳି ଦାୟିତ୍ୱହୀନ, ଯୁଦ୍ଧ ପାଇଁ ଉସ୍‌କାଇବା ଓ ଘୃଣା ସୃଷ୍ଟି କଲା ଭଳି ମନ୍ତବ୍ୟ ଦେଉଛନ୍ତି। ପାକ୍ ନେତାମାନେ ନିଜର ଭାଷା ଓ ବକ୍ତବ୍ୟ ଉପରେ ନିୟନ୍ତ୍ରଣ ରଖିବା ଉଚିତ। ଯଦି ପାକିସ୍ତାନ କୌଣସି ଭୁଲ ପଦକ୍ଷେପ ନିଏ, ତେବେ ତା'ର ପରିଣତି ପାକିସ୍ତାନ ପାଇଁ ବହୁତ ଯନ୍ତ୍ରଣାଦାୟକ ହେବ ବୋଲି ଜୟସ୍ୱାଲ ଚେତାଇଛନ୍ତି। ସିନ୍ଧୁ ନଦୀ ଚୁକ୍ତିରୁ ଭାରତ ଓହରିଯିବା ପରେ ଗତ ୪୮ ଘଣ୍ଟା ମଧ୍ୟରେ ପାକିସ୍ତାନର ତିନି ଜଣ ନେତା ଭାରତ ବିରୋଧରେ ପରମାଣୁ ଆକ୍ରମଣ ଧମକ ଦେଇଥିଲେ। ଏମାନଙ୍କ ମଧ୍ୟରେ ପାକ୍ ସେନାମୁଖ୍ୟ ଆସିମ ମୁନୀର, ପ୍ରଧାନମନ୍ତ୍ରୀ ଶାହବାଜ ସରିଫ ଓ ପୂର୍ବତନ ବୈଦେଶିକ ମନ୍ତ୍ରୀ ବିଲାୱଲ ଭୁଟ୍ଟୋ ସାମିଲ ରହିଛନ୍ତି।

ଯଦି ସିନ୍ଧୁ ନଦୀରେ ଭାରତ କୌଣସି ବନ୍ଧ ନିର୍ମାଣ କରେ ତେବେ ପାକିସ୍ତାନ କ୍ଷେପଣାସ୍ତ୍ର ମାଡ କରି ତାକୁ ଧ୍ୱଂସ କରିଦେବ ବୋଲି ମୁନୀର ଧମକ ଦେଇଥିଲେ। ସେହିପରି ଭାରତ ସହ ଯୁଦ୍ଧ କରି ଆମେ ସବୁ ୬ଟି ନଦୀକୁ ଫେରାଇ ଆଣିବୁ ବୋଲି ବିଲାୱଲ କହିଥିଲେ। ଯଦି ଶତ୍ରୁ ପାଣି ରୋକେ ତେବେ ଆମେ ଏଭଳି ଶାସ୍ତି ଦେବୁ ଯେ, ତାହାକୁ ସାରା ଜୀବନ ଭୁଲି ପାରିବ ନାହିଁ ବୋଲି ଶାହବାଜ ସରିଫ କହିଥିଲେ। ସିନ୍ଧୁ ଚୁକ୍ତି ନେଇ ପାକିସ୍ତାନର ଦାବିକୁ ଜୟସ୍ୱାଲ ପ୍ରତ୍ୟାଖାନ କରିଛନ୍ତି। ପହଲଗାମ ଆକ୍ରମଣ ସହିତ ସୀମାରେ ପାକିସ୍ତାନ ପ୍ରାୟୋଜିତ ଆତଙ୍କବାଦୀ କାର୍ଯ୍ୟକଳାପ ଜବାବରେ ଭାରତ ସିନ୍ଧୁ ଚୁକ୍ତିକୁ ସ୍ଥଗିତ ରଖିଛି ବୋଲି ସେ ସ୍ପଷ୍ଟ କରିଛନ୍ତି। ୨୦୨୫ ଜୁନ୍ ୨୭ରେ ଏକ ପ୍ରେସ ବିବୃତି ରେ ଭାରତ ଏନେଇ ସ୍ପଷ୍ଟ କରିଥିଲା ବୋଲି ସେ କହିଛନ୍ତି।

## ଅପରେସନ ସିନ୍ଦୂରରେ ପାକିସ୍ତାନକୁ ଧୂଳି ଚଟାଇଥିବା ୯ ପାଇଲଟଙ୍କୁ ବୀର ଚକ୍ର

ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ଅପରେସନ ସିନ୍ଦୂରରେ ସାହସିକତା ପ୍ରଦର୍ଶନ କରିଥିବା ସଶସ୍ତ୍ର ବଳର ୮୬ ଜଣ ଯବାନଙ୍କୁ ଗାଲାଣ୍ଟ୍ରି ପୁରସ୍କାର ଦେବାକୁ ଘୋଷଣା କରାଯାଇଛି। ବାୟୁସେନାର ୫୨ ଜଣ ଯବାନଙ୍କୁ ବୀରତା ପୁରସ୍କାରରେ ସମ୍ମାନିତ କରାଯିବ। ସ୍ୱାଧୀନତା ଦିବସ ଅବ୍ୟବହିତ ପୂର୍ବରୁ ଆଜି ସନ୍ଧ୍ୟାରେ ଏହା ଘୋଷଣା କରାଯାଇଛି। ଅପରେସନ ସିନ୍ଦୂରରେ ପାକିସ୍ତାନକୁ ଧୂଳି ଚଟାଇଥିବା ବାୟୁସେନାର ୯ ଜଣ ପାଇଲଟଙ୍କୁ ବୀରଚକ୍ର ପୁରସ୍କାର ପ୍ରଦାନ କରାଯିବ। ଅପରେସନ ସିନ୍ଦୂରରେ ପାକିସ୍ତାନର ଆତଙ୍କୀ ଠିକଣାକୁ ଧ୍ୱଂସ କରିଥିବା ପାଇଲଟ ଏଥିରେ ସାମିଲ ରହିଛନ୍ତି। ପରମବୀର ଚକ୍ର ଓ ମହାବୀର ଚକ୍ର ପରେ ବୀର ଚକ୍ରକୁ ତୃତୀୟ ସର୍ବୋଚ୍ଚ ସାମରିକ ପୁରସ୍କାର ରୂପେ ବିବେଚନା କରାଯାଇଥାଏ। ଅପରେସନ ସିନ୍ଦୂର ପାଇଁ ଭାରତୀୟ ବାୟୁ ସେନାର ୱିଙ୍ଗ କମାଣ୍ଡର ଅଭିମନ୍ୟୁ ସିଂଙ୍କୁ ସୌର୍ଯ୍ୟ ଚକ୍ରରେ ସମ୍ମାନିତ କରାଯାଇଛି। ସେହିପରି ୯ ଜଣ ରଞ୍ଜିତ ସିଂ



ସିଦ୍ଧୁ, ମନୀଷ ଅରୋଡା, ଅନିମେଷ ପାଟନୀ, କୃଣାଳ କାଲରା (ସମସ୍ତେ ଗ୍ରୁପ୍ କ୍ୟାପଟେନ), ସାର୍ଥକ କୁମାର, ସିଦ୍ଧାନ୍ତ ସିଂ, ରିଜୱାନ ମଲିକ (ସମସ୍ତେ ସ୍କ୍ୱାଡ୍ରନ ଲିଡର) ଏବଂ ଫ୍ଲାଇଟ୍ ଲେଫଟନାଣ୍ଟ ଅର୍ଣ୍ଣବୀର ସିଂ ଠାକୁରଙ୍କୁ ବୀର ଚକ୍ର ପ୍ରଦାନ କରାଯାଇଛି।

ସଶସ୍ତ୍ର ବଳର ୭ ଜଣ ଅଧିକାରୀଙ୍କୁ ସର୍ବୋତ୍ତମ ଯୁଦ୍ଧ ସେବା ପଦକ ପ୍ରଦାନ କରାଯାଇଛି। ଏମାନଙ୍କ ମଧ୍ୟରେ ବାୟୁସେନାର ୩ ଓ ସେନାର ୨ ଓ ନୌସେନାର ଜଣେ ଅଧିକାରୀ ସାମିଲ ରହିଛନ୍ତି। ଏହାପୂର୍ବରୁ ଏହି ପୁରସ୍କାର କାରିଗିଲ ଯୁଦ୍ଧ ସମୟରେ ଶେଷଥର ପାଇଁ ଦିଆଯାଇଥିଲା। ସେହିପରି ଭାରତୀୟ ସେନାର ୧୮ ଜଣ ଯବାନଙ୍କୁ ବୀରତା ମେଡାଲରେ ସମ୍ମାନିତ କରାଯାଇଛି। ଦୁଇଜଣ ବରିଷ୍ଠ ସେନା ଅଧିକାରୀଙ୍କୁ ସର୍ବୋତ୍ତମ ଯୁଦ୍ଧ ସେବା ପଦକରେ ମଧ୍ୟ ସମ୍ମାନିତ କରାଯାଇଛି। ସେହିପରି ୪ କୀର୍ତ୍ତି ଚକ୍ର, ୪ ବୀର ଚକ୍ର ଓ ୮ ସୌର୍ଯ୍ୟ ଚକ୍ର ପୁରସ୍କର ମଧ୍ୟ ଭାରତୀୟ ସେନା ଅଧିକାରୀଙ୍କୁ ପ୍ରଦାନ କରାଯାଇଛି। ସେହିପରି ବିଏସ୍‌ଏଫ୍‌ର ୧୬ ଯବାନଙ୍କୁ ବୀରତା ମେଡାଲରେ ସମ୍ମାନିତ କରାଯାଇଛି।

### ଜମ୍ମୁ-କଶ୍ମୀରକୁ ପୁଣିଥରେ ରାଜ୍ୟର ମର୍ଯ୍ୟାଦା ଦେବା ମାମଲା

## କେନ୍ଦ୍ରଠାରୁ ଜବାବ ମାଗିଲେ ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ଜମ୍ମୁ-କଶ୍ମୀରକୁ ରାଜ୍ୟର ମର୍ଯ୍ୟାଦା ଫେରାଇବା ଦାବିରେ ଗୁରୁବାର ସୁପ୍ରିମକୋର୍ଟରେ ଶୁଣାଣି ହୋଇଛି। କେନ୍ଦ୍ର ସରକାରଙ୍କୁ ୮ ସପ୍ତାହ ମଧ୍ୟରେ ଏ ନେଇ ଲିଖିତ ଭାବେ ଉତ୍ତର ଦେବାକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଗତ ଏପ୍ରିଲରେ ପହଲଗାମ୍‌ରେ ହୋଇଥିବା ଆତଙ୍କବାଦୀ ଆକ୍ରମଣ କଥା ମଧ୍ୟ କୋର୍ଟ ଉଲ୍ଲେଖ କରିଛନ୍ତି। ଏଭଳି ଆକ୍ରମଣକୁ ଅଣଦେଖା କରିହେବନାହିଁ ବୋଲି କୋର୍ଟ ସ୍ପଷ୍ଟ କରିଛନ୍ତି। ପ୍ରଧାନ ବିଚାରପତି (ସିଜେଆଇ) ଜଷ୍ଟିସ ବିଆର ଗଭାଇ ଓ ଜଷ୍ଟିସ କେ ବିନୋଦ ଚନ୍ଦ୍ରନଙ୍କୁ ଗଠିତ ଖଣ୍ଡପୀଠ ଏହାକୁ ଚନ୍ତାଜନକ ବୋଲି କହିଛନ୍ତି। ଜମ୍ମୁ-କଶ୍ମୀରରେ ତୃଣମୂଳ ସ୍ତରରେ ଥିବା ସମସ୍ୟା, ବାସ୍ତବ ସ୍ଥିତି ଓ ପହଲଗାମ ଭଳି ଆତଙ୍କବାଦୀ ଘଟଣାକୁ ଆଦୌ ଅଣଦେଖା କରିହେବ ନାହିଁ ବୋଲି ଶୁଣାଣି ବେଳେ ଖଣ୍ଡପୀଠ ସ୍ପଷ୍ଟ କରିଛନ୍ତି।

ଉଲ୍ଲେଖଥାଉ କି ୨୦୧୯ ଅଗଷ୍ଟ ୫ରେ ସମ୍ବିଧାନର ୩୭୦ ଧାରାକୁ ଉଚ୍ଛେଦ କରାଯାଇଥିଲା। ଏହାପରେ କେନ୍ଦ୍ର ସରକାର ଜାମ୍ମୁ-କଶ୍ମୀରକୁ ଏକ କେନ୍ଦ୍ର ଶାସିତ ଅଞ୍ଚଳରେ ପରିଣତ କରିଥିଲେ। ଏହା ବିରୋଧରେ କେନ୍ଦ୍ର ସରକାରଙ୍କ ନିଷ୍ପତ୍ତିକୁ ସୁପ୍ରିମକୋର୍ଟରେ ଚ୍ୟାଲେଞ୍ଜ କରାଯାଇଥିଲା। ତେବେ ୨୦୨୩ରେ ସୁପ୍ରିମକୋର୍ଟ କେନ୍ଦ୍ର ସରକାରଙ୍କ ଏହି ନିଷ୍ପତ୍ତିକୁ ଠିକ୍ ବୋଲି କହିଥିଲେ। ସେତେବେଳେ ସଲିସିଟର ଜେନେରାଲ ତୁଷାର ମେହେଟା କେନ୍ଦ୍ର ସରକାର ଜମ୍ମୁ-କଶ୍ମୀରକୁ ରାଜ୍ୟର ମର୍ଯ୍ୟାଦା ଦେବାକୁ ଅଶ୍ୱାସନା ଦେଇଥିଲେ। ତେବେ ଜମ୍ମୁ-କଶ୍ମୀରକୁ ରାଜ୍ୟର ମର୍ଯ୍ୟାଦା ଦେବାକୁ କୋର୍ଟ କୌଣସି ସମୟସୀମା ଧାର୍ଯ୍ୟ କରିନଥିଲେ।

ଜମ୍ମୁ-କଶ୍ମୀର ସ୍ଥିତିକୁ ବିଚାର କଲେ ବର୍ତ୍ତମାନ ଏନେଇ କୌଣସି କଥା ଉଠାଯିବା କଥା ନୁହେଁ। ଆମେ ସବୁ କଥା ମାନିବୁ ଓ ଏଥିପାଇଁ ୮ ସପ୍ତାହ ସମୟ ଦିଆଯାଉ ବୋଲି ତୁଷାର କୋର୍ଟଙ୍କୁ କହିଥିଲେ। ଆଠ ସପ୍ତାହ ପରେ ଏ ନେଇ ଶୁଣାଣି ହେବ। ୩୭୦ ଧାରା ହଟାଯିବା ପରେ ଜମ୍ମୁ-କଶ୍ମୀରରେ ୨୦୨୪ ସେପ୍ଟେମ୍ବରରେ ବିଧାନସଭା ନିର୍ବାଚନ ଅନୁଷ୍ଠିତ ହୋଇଥିଲା। ୩ଟି ପର୍ଯ୍ୟାୟରେ ହୋଇଥିବା ନିର୍ବାଚନ ଫଳାଫଳ ଅକ୍ଟୋବର ୮ରେ ପ୍ରକାଶିତ ହୋଇଥିଲା। କିନ୍ତୁ ରାଜ୍ୟର ମର୍ଯ୍ୟାଦା ନ ମିଳିବା ପର୍ଯ୍ୟନ୍ତ ନିର୍ବାଚିତ ସରକାରଙ୍କ ମହତ୍ତ୍ୱ ପ୍ରାୟ ନାହିଁ ବୋଲି ଆବେଦନକାରୀଙ୍କ ତରଫରୁ ଯୁକ୍ତି କରାଯାଇଥିଲା।

## ପୁତିନଙ୍କୁ ପୁଣି ଧମକ ଦେଲେ ଟ୍ରମ୍ପ

### ଯୁଦ୍ଧ ବନ୍ଦ ନକଲେ ପରିଣତି ଭୟଙ୍କର ହେବ



ୱାଶିଂଟନ, ୧୪।୮(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ରୁଷିଆ ରାଷ୍ଟ୍ରପତି ଭ୍ଲାଦିମିର ପୁତିନଙ୍କୁ ପୁଣି ଧମକ ଦେଇଛନ୍ତି। କହିଛନ୍ତି ଯେ ଶୁକ୍ରବାର ଆଲାସ୍କାରେ ପୁତିନଙ୍କ ସହିତ ହେବାକୁ ଥିବା ଶିଖର ବୈଠକ ବିଫଳ ହେଲେ ରୁଷକୁ ଭୟଙ୍କର ପରିଣାମ ଭୋଗିବାକୁ ପଡ଼ିବ।

ଟ୍ରମ୍ପ କହିଛନ୍ତି ଯେ ୟୁକ୍ରେନରେ ଯୁଦ୍ଧ ସମାପ୍ତ ପାଇଁ ସେ ପୁତିନଙ୍କୁ ବୁଝାଇବେ। ଯୁଦ୍ଧ ଶେଷ କରିବାକୁ ପୁତିନ ରାଜି ନହେଲେ ତାଙ୍କୁ ଗମ୍ଭୀର ପରିଣତି ଭୋଗିବାକୁ ହେବ। ଅଗଷ୍ଟ ୧୫ ଅର୍ଥାତ ଶୁକ୍ରବାର ଟ୍ରମ୍ପ ଓ ପୁତିନ ଆଲାସ୍କାରେ ଶିଖର ବୈଠକ କରିବେ। ୟୁକ୍ରେନରେ ଗତ ସାଢ଼େ ୩ ବର୍ଷ ହେବ ଚାଲିଥିବା ଯୁଦ୍ଧକୁ ରୋକିବା ହେଉଛି ଏହି ବୈଠକର ମୂଳ ଲକ୍ଷ୍ୟ। ଦୁଇ ନେତା ପ୍ରଥମଥର ପାଇଁ ଆମେରିକା ମାଟିରେ ପରସ୍ପରକୁ ଭେଟିବାକୁ ଯାଉଛନ୍ତି। ପୂର୍ବରୁ ବୁଧବାର ଟ୍ରମ୍ପ ୟୁକ୍ରେନ ରାଷ୍ଟ୍ରପତି ଭୋଲୋଦିମିର ଜେଲେଁସ୍କି ଓ ଅନ୍ୟ ୟୁରୋପୀୟ ନେତାଙ୍କ ସହ ଆଭାସୀ ବୈଠକରେ ମିଳିତ ହୋଇଥିଲେ। ଯୁଦ୍ଧ ଶେଷ କରିବାକୁ ହେଲେ ଦୁଇ ଦେଶକୁ ଜମି ଅଦଳବଦଳ କରିବାକୁ ହେବ ବୋଲି ଟ୍ରମ୍ପ କହିଥିଲେ। କିନ୍ତୁ ଏଥିରେ ୟୁକ୍ରେନ କ୍ଷତିଗ୍ରସ୍ତ ହେବ ବୋଲି ୟୁରୋପୀୟ ନେତାମାନେ ଟ୍ରମ୍ପଙ୍କୁ ଅବଗତ କରାଇଥିଲେ। ଅପରପକ୍ଷରେ ଯୁଦ୍ଧ ଶେଷ କରିବାକୁ ନିଜ ଦେଶର ଜମି ଛାଡିବାକୁ ଜେଲେଁସ୍କି ମନା କରି ଦେଇଛନ୍ତି। ତେଣୁ ଆଲାସ୍କା ବୈଠକ ଉପରେ ଏବେ ସାରା ବିଶ୍ୱର ନଜର ରହିଛି ଓ ଏହି ବୈଠକ ଫଳାଫଳ କ'ଣ ହେବ ସେ ନେଇ ବିଭିନ୍ନ ଆକଳନ କରାଯାଉଛି। ପୁଣି ଯଦି ଟ୍ରମ୍ପ ଓ ପୁତିନଙ୍କ ମଧ୍ୟରେ ଏହି ବୈଠକ ବିଫଳ ହୁଏ, ତେବେ ଭାରତ ଉପରେ ମଧ୍ୟ ଏହାର ନକାରାତ୍ମକ ପ୍ରଭାବ ପଡ଼ିବ। ଭାରତ ଉପରେ ଆହୁରି ଶୁଳ୍କ ଲାଗୁ କରାଯିବ ବୋଲି ଆମେରିକାର ଅର୍ଥ ସଚିବ ସ୍କଟ ବେସେଣ୍ଟ କହିଛନ୍ତି। ରୁଷିଆଠାରୁ ଭାରତ ତୈଳ କ୍ରୟ କରୁଥିବାରୁ ଆମେରିକାର ପୂର୍ବରୁ ୨୫ ଓ ପରେ ଆଉ ୨୫ ପ୍ରତିଶତ ଶୁଳ୍କ ଲାଗୁ କରିଥିଲା। ତେଣୁ ଆଲସ୍କା ବୈଠକ ସଫଳତା ଉପରେ ସବୁ କିଛି ନିର୍ଭର କରୁଛି।

### ବିଧାୟିକା ପୂଜା ପାଲଙ୍କୁ ପାର୍ଟିରୁ ବହିଷ୍କାର କଲେ ଅଖିଳେଶ

## ଯୋଗୀଙ୍କୁ ପ୍ରଶଂସା କରିବା ମହଙ୍ଗା ପଡ଼ିଲା



ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ସମାଜବାଦୀ ପାର୍ଟି ସୁପ୍ରିମୋ ଅଖିଳେଶ ଯାଦବ ବିଧାୟିକା ପୂଜା ପାଲଙ୍କୁ ପାର୍ଟିରୁ ଗୁରୁବାର ବହିଷ୍କାର କରିଛନ୍ତି। ତାଙ୍କ ସ୍ୱାମୀ ରାଜୁ ପାଲଙ୍କୁ ଗ୍ୟାଙ୍ଗଷ୍ଟର ଅତିକ ଅହମ୍ମଦ ହତ୍ୟା କରିଥିଲା। ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥ ଏହି ହତ୍ୟାକାଣ୍ଡ ପାଇଁ ତାଙ୍କୁ ନ୍ୟାୟ ପ୍ରଦାନ କରିଛନ୍ତି ବୋଲି ପୂଜା ବିଧାନସଭାରେ କହିଥିଲେ। ଅପରାଧୀଙ୍କ ବିରୋଧରେ ରାଜ୍ୟ ସରକାରଙ୍କ ଶୂନ୍ୟ ସହନଶୀଳତା ନୀତି ଯୋଗୁଁ ଏହା ସମ୍ଭବ ହୋଇଥିଲା ବୋଲି ସେ କହିଥିଲେ।

ଦଳୀୟ ବିଚାରଧାରା ବିରୋଧରେ ଯାଇ ବିଧାୟିକା ପୂଜା ହିଂସା ପାଇଁ ଯୋଗୀ ଆଦିତ୍ୟନାଥଙ୍କୁ ପ୍ରଶଂସା କରିଥିବାରୁ ତାଙ୍କୁ ପାର୍ଟିରୁ ବହିଷ୍କାର କରିଛନ୍ତି ଦଳର ସୁପ୍ରିମୋ ଅଖିଳେଶ ଯାଦବ। ବିଧାୟିକା ପୂଜା ପାଲ ହେଉଛନ୍ତି ରାଜୁ ପାଲଙ୍କ ପତ୍ନୀ। ୨୦୦୫ରେ ଅତିକ ରାଜୁ ପାଲଙ୍କୁ ହତ୍ୟା କରିଥିଲା। ପରେ ଅତିକ ଓ ତା ଭାଇ ଆଶ୍ରଫଙ୍କୁ ପୁଲିସ ଉପସ୍ଥିତିରେ ହତ୍ୟା କରାଯାଇଥିଲା। ଏଥିପାଇଁ ପୂଜା ମୁଖ୍ୟମନ୍ତ୍ରୀ ଯୋଗୀଙ୍କୁ ଧନ୍ୟବାଦ ଜଣାଇଥିଲେ। 'ମୋତେ ଯାହା ଠିକ୍ ଲାଗିଲା ତାହା ହିଁ କହିଛି। ମୁଁ ସମାଜବାଦୀ ପାର୍ଟିର କିମ୍ବା ଅଖିଳେଶଙ୍କ ନାମ ନେଇ ନଥିଲି। ମୁଁ କେବଳ ଅତିକ ଅହମ୍ମଦର ନାଁ ନେଇଥିଲି ଓ ଯୋଗୀଙ୍କୁ ଧନ୍ୟବାଦ ଜଣାଇଥିଲି। ତେଣୁ କୌଣସି ଅପରାଧ କରିନାହିଁ' ବୋଲି ପୂଜା ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି। କିନ୍ତୁ ତାଙ୍କ ମନ୍ତବ୍ୟର ନିନ୍ଦ କରିଛି ସମାଜବାଦୀ ପାର୍ଟି।

## 'ବୁଲା କୁକୁର ମାମଲାରେ ନିୟମର ପାଳନ ହେଉନି'



ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ବୁଲା କୁକୁର ମାମଲାରେ ଆଜି ସୁପ୍ରିମକୋର୍ଟରେ ଶୁଣାଣି ହୋଇଛି। ଜଷ୍ଟିସ ବିକ୍ରମ ନାଥ, ଜଷ୍ଟିସ ସନ୍ଦୀପ ମେହେଟ୍ଟା ଓ ଜଷ୍ଟିସ୍ ଏନ୍‌ବି ଅଞ୍ଜାରିଆଙ୍କୁ ନେଇ ଗଠିତ ସ୍ୱତନ୍ତ୍ର ଖଣ୍ଡପୀଠ ଏହି ମମାଲାରେ ସବୁ ପକ୍ଷରୁ ଦଲିଲ ଶୁଣିବା ପରେ ରାୟ ସଂରକ୍ଷିତ ରଖିଛନ୍ତି। କୋର୍ଟ କହିଛନ୍ତି ଯେ ନିୟମ ପ୍ରସ୍ତୁତ ହେଉଛି, କିନ୍ତୁ ପ୍ରଶାସନ ଏହା ପାଳନ କରୁନାହିଁ।

ସରକାରଙ୍କ ତରଫରୁ ସଲିସିଟର ଜେନେରାଲ ତୁଷାର ମେହେଟା ଦଲିଲ ଦେଇ କହିଥିଲେ ଯେ, ଏଭଳି ମାଂସାହାରୀ ବ୍ୟକ୍ତି ଅଛନ୍ତି ଯେଉଁମାନେ ନିଜକୁ ପଶୁପ୍ରେମୀ ଭାବେ ଉପସ୍ଥାପନ କରୁଛନ୍ତି। ଅନ୍ୟପଟେ ବରିଷ୍ଠ ଓକିଲ କପିଲ ସିବଲ ମାମଲାର ସମାଧାନ ହେଉ ବୋଲି କହିଥିଲେ। ଦିଲ୍ଲୀ- ଏନ୍‌ସିଆର ସବୁ ବୁଲା କୁକୁରଙ୍କୁ ଏକାଠି କରି ଏକ ଆଶ୍ରୟସ୍ଥଳୀରେ ରଖିବା ଏବେ ସମ୍ଭବ ନୁହଁ। କାରଣ ବର୍ତ୍ତମାନ ଏଭଳି ଆଶ୍ରୟସ୍ଥଳୀ ନାହିଁ ବୋଲି ସିବଲ କହିଥିଲେ।

ସମସ୍ତ ବୁଲା କୁକୁରଙ୍କୁ ଉଠାଇ ଆଣି ଆଶ୍ରୟସ୍ଥଳୀରେ ରଖିବା ସହ ବନ୍ଧ୍ୟାକରଣ କରିବାକୁ ସୋମବାର ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଥିଲେ ଓ ଏ ନେଇ ବିବାଦ ସୃଷ୍ଟି ହୋଇଥିଲା। ଏହି କାର୍ଯ୍ୟରେ ବାଧା ସୃଷ୍ଟି କରୁଥିବା ବ୍ୟକ୍ତିଙ୍କ ବିରୋଧରେ କଡ଼ା କର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ କୋର୍ଟ ନିର୍ଦ୍ଦେଶ ଦେଇଥିଲେ। ତେବେ ବିବାଦ ହେବା ପରେ ଗୁରୁବାର ଏହି ୩ ଜଣ ବିଚାରପତିଙ୍କୁ ନେଇ ଗଠିତ ଏହି ଖଣ୍ଡପୀଠ ଶୁଣାଣି କରିଥିଲେ। କିଛି ଲୋକ ଦିଲ୍ଲୀ-ଏନ୍‌ସିଆର ରାସ୍ତାଗୁଡିକୁ କୁକୁରମୁକ୍ତ କରିବା ନିର୍ଦ୍ଦେଶକୁ ସ୍ୱାଗତ କରିଥିବା ବେଳେ ଆଉ କେତେକ ଏହାର ବିରୋଧ କରିଥିଲେ। ଏହାଦ୍ୱାରା ମଣିଷ ଓ କୁକୁର ମଧ୍ୟରେ ସଂଘର୍ଷ ଉଗ୍ରରୂପ ନେବ ବୋଲି ସେମାନେ ଯୁକ୍ତି କରିଥିଲେ।

# ଭାରତ-ଅଷ୍ଟ୍ରେଲିଆ ହକି ସିରିଜ ଆଜିଠୁ



ପର୍ଥ, ୧୪।୮ (ଏଜେନ୍ସି): ଘରୋଇ ଅଷ୍ଟ୍ରେଲିଆ ଓ ଭାରତୀୟ ପୁରୁଷ ହକି ଦଳ ମଧ୍ୟରେ ଶୁକ୍ରବାରଠାରୁ ୪ ମ୍ୟାଚ୍‌ବିଶିଷ୍ଟ ସିରିଜ ଆରମ୍ଭ ହେବାକୁ ଯାଉଛି। ସିରିଜର ସମସ୍ତ ମ୍ୟାଚ୍ ପର୍ଥ ହକି ଷ୍ଟାଡିୟମରେ ଖେଳାଯିବ। ଅଗଷ୍ଟ ୧୬, ୧୯ ଓ ୨୧ ତାରିଖରେ ପରବର୍ତ୍ତୀ ୩ଟି ମ୍ୟାଚ୍ ଅନୁଷ୍ଠିତ ହେବ। ହରମନପ୍ରୀତ୍ ସିଂହଙ୍କ ନେତୃତ୍ୱାଧୀନ ଭାରତୀୟ ଦଳ ବର୍ତ୍ତମାନ ଏଫ୍‌ଆଇଏଚ୍ ର୍‍ୟାଙ୍କିଙ୍ଗରେ ୮ମ ସ୍ଥାନରେ ରହିଛି। ସେହିଭଳି ଘରୋଇ ଅଷ୍ଟ୍ରେଲିଆ ବିଶ୍ୱ ମାନ୍ୟତାର ୫ମ ସ୍ଥାନରେ ଥିବାରୁ ଏହି ସିରିଜ ରୋମାଞ୍ଚକ ହେବ ବୋଲି ଆଶା କରାଯାଉଛି। ସେହିଭଳି ଅଗଷ୍ଟ ୨୯ରୁ ବିହାରରେ ଏସିଆ କପ୍ ହକି ଖେଳାଯିବ। ତେଣୁ ଅଷ୍ଟ୍ରେଲିଆ ବିପକ୍ଷ ସିରିଜ ଭାରତୀୟ ଦଳ ଲାଗି ଏକ ଭଲ ପ୍ରସ୍ତୁତି ସଦୃଶ ହେବ ବୋଲି ମୁଖ୍ୟ ପ୍ରଶିକ୍ଷକ କ୍ରେଗ ଫୁଲଟନ୍ କହିଛନ୍ତି।

ନିକଟରେ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଉଭୟ ଦଳ ପରସ୍ପର ବିପକ୍ଷରେ ଦୁଇଥର ଖେଳିଥିଲେ। ଉଭୟ ମ୍ୟାଚରେ ଅଷ୍ଟ୍ରେଲିଆ ୩-୨ ଗୋଲରେ ବିଜୟୀ ହୋଇଥିଲା। କିନ୍ତୁ ୨୦୨୪ ପ୍ୟାରିସ ଅଲିମ୍ପିକ୍ସରେ ଭାରତ ୩-୨ ଗୋଲରେ ଅଷ୍ଟ୍ରେଲିଆକୁ ମାତ୍ ଦେଇଥିଲା। ୧୯୭୨ ମ୍ୟୁନିକ ଗେମ୍ସ ପରେ ଅଲିମ୍ପିକ୍ସରେ ଅଷ୍ଟ୍ରେଲିଆ ବିପକ୍ଷରେ ଭାରତର ଏହା ପ୍ରଥମ ବିଜୟ ଥିଲା। ୨୦୧୩ ପରଠାରୁ ଯଦି ଦୁଇ ଦଳର ରେକର୍ଡ ଉପରେ ନଜର ପକାଇବା ତେବେ ଅଷ୍ଟ୍ରେଲିଆର ପଲା ଭାରି ରହିଛି। ଗତ ୧୨ ବର୍ଷ ମଧ୍ୟରେ ଦୁଇ ଦଳ ୫୧ଟି ମ୍ୟାଚରେ ସାମ୍ନାସାମ୍ନି ହୋଇଛନ୍ତି। ସେଥିମଧ୍ୟରୁ ୩୫ ମ୍ୟାଚରେ ଅଷ୍ଟ୍ରେଲିଆ ବିଜୟୀ ହୋଇଛି। ଅଷ୍ଟ୍ରେଲିଆ ସିରିଜ ଲାଗି ଘୋଷିତ ୨୪ ଜଣିଆ ଭାରତୀୟ ଦଳରେ ଓଡ଼ିଶାରୁ ୩ଜଣ ଖେଳାଳି ରହିଛନ୍ତି। ସେମାନେ ହେଲେ ଅମିତ ରୋହିଦାସ, ନୀଲମ ସଞ୍ଜୀପ ଖେସ୍ ଓ ଶିଳାନନ୍ଦ ଲାକ୍ରା।

### ଭାରତୀୟ ଦଳ


**ଗୋଲରକ୍ଷକ:** କ୍ରିଷାନ ବାହାଦୂର ପାଠକ, ସୂରଜ କେରକେରା

**ଡିଫେଣ୍ଡର:** ସୁମିତ, ଜରମନପ୍ରୀତ୍ ସିଂହ, ହରମନପ୍ରୀତ୍ ସିଂହ (ଅଧିନାୟକ), ସଞ୍ଜୟ, ଅମିତ ରୋହିଦାସ, ନୀଲମ ସଞ୍ଜୀପ ଖେସ, ଯୁଗରାଜ ସିଂହ, ସିବି ପୁଭାନ୍ନା।

**ମିଡ୍‌ଫିଲ୍ଡର:** ରାଜିନ୍ଦର ସିଂହ, ରାଜ କୁମାର ପାଲ୍, ହାର୍ଦ୍ଦିକ ସିଂହ, ମନପ୍ରୀତ୍ ସିଂହ, ବିବେକ ସାଗର ପ୍ରସାଦ, ରବିଚନ୍ଦ୍ରନ ସିଂ ମୋଇରଙ୍ଗଥେମ, ବିଷ୍ଣୁ କାନ୍ତ ସିଂ।

**ଫରୱାର୍ଡ:** ମନଦୀପ୍ ସିଂହ, ଶିଳାନନ୍ଦ ଲାକ୍ରା, ଅଭିଷେକ, ସୁଖଜିତ୍ ସିଂହ, ଦିଲପ୍ରୀତ୍ ସିଂହ, ସେଲଭାମ କାର୍ଥିଓ ଆଦିତ୍ୟ ଲାଲାଗେ।

# ଲିଆଣ୍ଡରଙ୍କ ପିତା ଅଲିମ୍ପିଆନ ଭେସ୍ ପେସ୍‌ଙ୍କ ବିୟୋଗ



କୋଲକାତା, ୧୪।୮: ଭାରତର ମହାନ ଟେନିସ ଖେଳାଳି ଲିଆଣ୍ଡର ପେସ୍‌ଙ୍କ ପିତା ତଥା ଅଲିମ୍ପିକ ପଦକ ବିଜେତା ଭେସ୍ ପେସଙ୍କ ବିୟୋଗ ଘଟିଛି। ମୃତ୍ୟୁବେଳକୁ ତାଙ୍କୁ ୮୦ ବର୍ଷ ବୟସ ହୋଇଥିଲା। ଭେସ୍ କିଛିଦିନ ଧରି ଅସୁସ୍ଥ ଥିଲେ। ଚିକିତ୍ସାଧୀନ ଅବସ୍ଥାନରେ ଗୁରୁବାର ସକାଳେ କୋଲକାତାର ଏକ ହସ୍ପିଟାଲରେ ସେ ଶେଷ ନିଶ୍ୱାସ ତ୍ୟାଗ କରିଥିଲେ।

ଭେସ୍ ୧୯୪୫ ମସିହା ଏପ୍ରିଲ ୩୦ରେ ଗୋଆରେ ଜନ୍ମଗ୍ରହଣ କରିଥିଲେ। ସେ ଏକାଧାରାରେ ବହୁ ପ୍ରତିଭାର ଅଧିକାରୀ ଥିଲେ। ୧୯୬୬ରେ କୋଲକାତାର ପ୍ରେସିଡେନ୍ସି କଲେଜରେ ମେଡିକାଲ ପଢୁଥିବାବେଳେ ଭେସ୍ ଭାରତୀୟ ହକି ଦଳରେ ଖେଳିବାର ସୁଯୋଗ ପାଇଥିଲେ। ହମବର୍ଗ ଇଣ୍ଟରନ୍ୟାସନାଲ କପ୍ ଖେଳି ସେ ଜାତୀୟ ହକି ଦଳରୁ ପଦାର୍ପଣ କରିଥିଲେ। ମଧ୍ୟକ୍ରମରେ ଜଣେ ଦକ୍ଷ ଖେଳାଳି ଥିବା ଭେସ୍ ୧୯୭୧ରେ ବାର୍ସିଲୋନାରେ ଅନୁଷ୍ଠିତ ହକି ବିଶ୍ୱକପ୍ ଖେଳିଥିଲେ। ଏହି ବିଶ୍ୱକପ୍‌ରେ ଭାରତ କାଂସ୍ୟ ପଦକ ଜିତିଥିଲା। ଏହା ପରବର୍ଷ ମ୍ୟୁନିକ ଅଲିମ୍ପିକ୍ସରେ କାଂସ୍ୟ ବିଜୟୀ ଭାରତୀୟ ଦଳର ସେ ପ୍ରମୁଖ ସଦସ୍ୟ ଥିଲେ। ଏହାବାଦ୍ ସେ କ୍ରିକେଟ୍, ଫୁଟବଲ ଓ ରଗବୀରେ ଡିଭିଜନ ଲେଭଲ ମ୍ୟାଚ୍ ଖେଳିଛନ୍ତି। ସେ ମଧ୍ୟ ସ୍ପୋର୍ଟ୍ସ ମେଡିସନରେ ଜଣେ ସାର୍ଟିଫାଏଡ୍ ଡାକ୍ତର ଥିଲେ। ଏସିଆନ କ୍ରିକେଟ କାଉନସିଲ ଓ ବିସିସିଆଇର ଆଣ୍ଟି-ଡୋପିଂ ପ୍ରୋଗ୍ରାମରେ ମଧ୍ୟ ଭେସ୍ କାମ କରିଥିଲେ। ସେହିଭଳି ୧୯୯୬ରୁ ୨୦୦୨ ପର୍ଯ୍ୟନ୍ତ ଭାରତୀୟ ରଗବୀ ଫୁଟବଲ ୟୁନିୟନର ସେ ସଭାପତି ଭାବେ ଦାୟିତ୍ୱରେ ରହିଥିଲେ। କଲକତା କ୍ରିକେଟ୍ ଓ ଫୁଟବଲ କ୍ଲବର ସଭାପତି ଭାବେ ମଧ୍ୟ କିଛି ବର୍ଷ ଦାୟିତ୍ୱ ତୁଲାଇଥିଲେ। ଭେସ୍ ଜେନିଫର ପେସ୍‌ଙ୍କୁ ବିବାହ କରିଥିଲେ। ଜେନିଫର୍ ଭାରତୀୟ ମହିଳା ବାସ୍କେଟବଲ୍ ଦଳର ଅଧିନାୟିକା ଥିଲେ। ତାଙ୍କ ପୁଅ ଲିଆଣ୍ଡର ପେସ୍ ଭାରତୀୟ ଟେନିସର ଜଣେ ମହାନ ଖେଳାଳି।

**ଅଲିମ୍ପିକ୍ସ ଇତିହାସରେ ପ୍ରଥମଥର**

## ବିକ୍ରି ହେବେ ଭେନ୍ୟୁ ନେମିଂ ରାଇଟ୍

ଲସ୍ ଏଞ୍ଜେଲ୍ସ,୧୪।୮(ଏଜେନ୍ସି): ଅଲିମ୍ପିକ୍ସ ଓ ପାରା ଅଲିମ୍ପିକ୍ସ ଇତିହାସରେ ପ୍ରଥମଥର ପାଇଁ ଭେନ୍ୟୁ ନେମିଂ ରାଇଟ୍ ଅର୍ଥାତ କ୍ରୀଡ଼ା ଆୟୋଜନସ୍ଥଳର ନାମକରଣ ଅଧିକାର ବିକ୍ରି ହେବ। ଆମେରିକାର ଲସ୍ ଏଞ୍ଜେଲ୍ସରେ ୨୦୨୮ରେ ଆୟୋଜନ ହେବାକୁ ଥିବା ଅଲିମ୍ପିକ୍ସରେ ଏହି ଅଧିକାର ବିକ୍ରି କରିବାକୁ ଆୟୋଜକମାନେ ନିଷ୍ପତ୍ତି ନେଇଛନ୍ତି। ଏହାଦ୍ୱାରା ବିପୁଳ ପରିମାଣରେ ଅର୍ଥ ଉପାର୍ଜନ ହେବ। ଏହି ଲକ୍ଷ୍ୟରେ ହିଁ ପ୍ରଥମଥର ପାଇଁ ଏଭଳି ନିଷ୍ପତ୍ତି ନିଆଯାଇଛି ବୋଲି ଆୟୋଜକଙ୍କ ପକ୍ଷରୁ କୁହାଯାଇଛି। ଏହାକୁ ଅନ୍ତର୍ଜାତୀୟ ଅଲିମ୍ପିକ କମିଟି (ଆଇଓସି) ମଧ୍ୟ ସମର୍ଥନ ଜଣାଇଛି। ଏହିକ୍ରମରେ 'କମକାଷ୍ଟ' ଓ 'ହୋଣ୍ଡା' ଭଳି କମ୍ପାନୀ ପ୍ରାରମ୍ଭିକ ଦୁଇଟି ଭେନ୍ୟୁର ନାମକରଣ ଅଧିକାର ହାସଲ କରିଛନ୍ତି। ଆଗକୁ ଆହୁରି କେତୋଟି କର୍ପୋରେଟ୍ ହାଉସ୍ ମଧ୍ୟ ଏହି ନାକମରଣ ଅଧିକାର ହାସଲ କରିବେ ବୋଲି ଆଶା କରାଯାଉଛି। ଏହି ପ୍ରକ୍ରିୟାରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିଥିବାରୁ ଆଇଓସିକୁ ଆୟୋଜକମାନେ କୃତଜ୍ଞତା ଜଣାଇଛନ୍ତି।




# ଆଜି କିସ୍‌ର ୩ ଖୋ ଖୋ ଖେଳାଳିଙ୍କୁ ସମ୍ବର୍ଦ୍ଧିତ କରିବେ ପ୍ରଧାନମନ୍ତ୍ରୀ



ଭୁବନେଶ୍ୱର, ୧୪।୮ (ସମିସ): ସାଧାରଣତନ୍ତ୍ର ଦିବସ ଅବସରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶୁକ୍ରବାର ନୂଆଦିଲ୍ଲୀର ଲାଲ୍ କିଲ୍ଲାରେ ଜାତୀୟ ପତାକା ଉତ୍ତୋଳନ କରିବେ। ଏହି ଅବସରରେ ପ୍ରଧାନମନ୍ତ୍ରୀ ବିଶ୍ୱକପ୍ ବିଜୟୀ ଭାରତୀୟ ପୁରୁଷ ଓ ମହିଳା ଖୋ ଖୋ ଦଳକୁ ସମ୍ବର୍ଦ୍ଧିତ କରିବାର କାର୍ଯ୍ୟକ୍ରମ ରହିଛି। ସମ୍ବର୍ଦ୍ଧିତ ହେବାକୁ ଥିବା ଭାରତୀୟ ପୁରୁଷ ଓ ମହିଳା ଖୋ ଖୋ ଦଳରେ କିସ୍ ବିଶ୍ୱବିଦ୍ୟାଳୟର ୩ଜଣ ଖେଳାଳି ରହିଛନ୍ତି। ସେମାନେ ହେଲେ ପବନୀ ଶବର, ଶୁଭଶ୍ରୀ ସିଂ ଓ ମଗାଇ ମାଝୀ। ଏହି ଅବସରରେ କିଟ୍ ଓ କିସର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମ୍ବର୍ଦ୍ଧିତ ହେବାକୁ ଥିବା ୩ ଖେଳାଳିଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ସେମାନଙ୍କ ସଫଳତା ଆମ ସମସ୍ତଙ୍କ ପାଇଁ ଗର୍ବର ବିଷୟ ବୋଲି ସେ ତାଙ୍କ ଶୁଭେଚ୍ଛା ବାର୍ତ୍ତାରେ ଉଲ୍ଲେଖ କରିଛନ୍ତି। ଉଲ୍ଲେଖଯୋଗ୍ୟ, ଚଳିତ ବର୍ଷ ପ୍ରାରମ୍ଭରେ ଖୋ ଖୋ ବିଶ୍ୱକପ୍‌ର ପ୍ରଥମ ସଂସ୍କରଣ ନୂଆଦିଲ୍ଲୀରେ ଅନୁଷ୍ଠିତ ହୋଇଥିଲା। ଏଥିରେ ଆୟୋଜକ ଭାରତର ଉଭୟ ପୁରୁଷ ଓ ମହିଳା ଦଳ ଚାମ୍ପିଅନ ହୋଇ ସ୍ୱର୍ଣ୍ଣ ପଦକ ଜିତିଥିଲା। ଦୁଇ ମହାରାଷ୍ଟ୍ର ଖେଳାଳି ପ୍ରତୀକ ୱାଇକର ଓ ପ୍ରିୟଙ୍କା ଇଙ୍ଗଲେ ଯଥାକ୍ରମେ ଭାରତୀୟ ପୁରୁଷ ଓ ମହିଳା ଦଳର ନେତୃତ୍ୱ ନେଉଥିଲେ।

**■ ସିନ୍‌ସିନ୍ନାଟି ଓପନ**

## କ୍ୱାର୍ଟରରେ ସିନ୍ନର, ସାବାଲେଙ୍କା

ନ୍ୟୁୟର୍କ, ୧୪।୮ (ଏଜେନ୍ସି): ଡିଫେଣ୍ଡିଂ ଚାମ୍ପିଅନ ଜାନ୍ନିକ ସିନ୍ନର ଓ ଆରିନା ସାବାଲେଙ୍କା ଏଠାରେ ଚାଲିଥିବା ସିନ୍‌ସିନ୍ନାଟି ଓପନ୍‌ର କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ପୁରୁଷ ସିଙ୍ଗଲ୍ସ ରାଉଣ୍ଡ-୧୬ ମୁକାବିଲାରେ ସିନ୍ନର ୬-୪, ୭-୬ (୭/୪) ସେଟରେ ଆଦ୍ରିଆନ ମାନ୍ନାରିନୋଙ୍କୁ ପରାସ୍ତ କରିଥିଲେ। କ୍ୱାର୍ଟର ଫାଇନାଲରେ ସିନ୍ନରଙ୍କ ମୁକାବିଲା କାନାଡାର ଫେଲିକ୍ସ ଆଗର ଆଲିଆସିମେଙ୍କ ସହ ହେବ। ସେହିଭଳି ୨ୟ ସିଡ୍ ତଥା ସ୍ପାନିଶ ତାରକା କାର୍ଲୋସ ଆଲ୍‌କାରାଜ ୬-୧, ୬-୪ ସିଧାସଳଖ ସେଟ୍‌ରେ ଇଟାଲୀର ଲୁକା ନାର୍ଦ୍ଦିଙ୍କୁ ମାତ୍ ଦେଇ ରାଉଣ୍ଡ-୮ରେ ପହଞ୍ଚିଛନ୍ତି। ଅପରପକ୍ଷରେ ମହିଳା ବିଭାଗରେ ଟପ୍ ସିଡ୍ ସାବାଲେଙ୍କା ୬-୧, ୭-୫ ସେଟ୍‌ରେ ସ୍ପେନର ଜେସିକା ବୌଜାସ ମାନେଇରୋ ହରାଇଥିଲେ। ଶୁକ୍ରବାର କ୍ୱାର୍ଟର ଫାଇନାଲରେ ସାବାଲେଙ୍କା କାଜାଖସ୍ତାନର ଏଲିନା ରିବାକିନାଙ୍କୁ ଭେଟିବେ।








**ପୁରୀରେ ଟି-୨୦ ଟେନିସ୍ ବଲ୍ କ୍ରିକେଟ**

# ସିଂହଦ୍ୱାରରେ ଟ୍ରଫି ଓ ବ୍ରୋଚର ଉନ୍ମୋଚନ

ପୁରୀ,୧୪।୮(ସମିସ): ସର୍ବଭାରତୀୟ ଟି-୨୦ ଟେନିସ ବଲ୍ କ୍ରିକେଟ ଚାମ୍ପିଅନସିପ୍‌ର ୩ୟ ସଂସ୍କରଣ ସେପ୍ଟେମ୍ବର ୧୧ରୁ ପୁରୀରେ ଆରମ୍ଭ ହେବ। ଗୁରୁବାର ଏହାର ବ୍ରୋଚର ଉନ୍ମୋଚନ କରିଛନ୍ତି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ। ସିଂହଦ୍ୱାରରେ ସେବକମାନଙ୍କ ଉପସ୍ଥିତିରେ ଟୁର୍ଣ୍ଣାମେଣ୍ଟର ଟ୍ରଫି ମଧ୍ୟ ଉନ୍ମୋଚିତ ହୋଇଛି। ପୂର୍ବତନ ଅନ୍ତର୍ଜାତୀୟ କ୍ରିକେଟର ଦେବାଶିଷ ମହାନ୍ତି ପ୍ରତିଯୋଗିତାର ଅଫିସିଆଲ୍ ବ୍ରାଣ୍ଡ ଆମ୍ବାସଡର ରହିଛନ୍ତି। ଏହି ପ୍ରତିଯୋଗିତାରେ ୨୫ ରାଜ୍ୟର ୩୨ ଦଳ ଭାଗନେବେ। ଟି-୨୦ ଫର୍ମାଟ୍ ବା ୨୦ ଓଭର ବିଶିଷ୍ଟ ଏହି ଟୁର୍ଣ୍ଣାମେଣ୍ଟ ପୁରୀର ଜଗନ୍ନାଥ କ୍ରିକେଟ ଷ୍ଟାଡିୟମ୍‌ରେ ଖେଳାଯିବ। ଟି-୨୦ ଟେନିସ ବଲ୍ କ୍ରିକେଟ ଆସୋସିଏସନ ଅଫ୍ ଇଣ୍ଡିଆର ସଭାପତି ତଥା ଶ୍ରୀମନ୍ଦିର ସେବକ ଭବାନୀ ଦାସ ମହାପାତ୍ର ଏହି ସୂଚନା ଦେଇଛନ୍ତି। ପୂର୍ବରୁ ଏହି ଚାମ୍ପିଅନସିପ୍ ଉତ୍ତର ପ୍ରଦେଶ ଓ ଗୋଆରେ ଅନୁଷ୍ଠିତ ହୋଇସାରିଛି। ଚାରିଦିନ ଧରି ଆୟୋଜିତ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୩୨ ଦଳକୁ ୪ଟି ଗ୍ରୁପ୍‌ରେ ବିଭକ୍ତ କରାଯାଇଛି। ଆୟୋଜକ ଓଡ଼ିଶା ଗ୍ରୁପ୍ 'ଏ'ରେ ପଶ୍ଚିମବଙ୍ଗ, ଆସାମ, ୟୁପି, ବିହାର ଦଳ ସ୍ଥାନ ପାଇଛି। ଉଦ୍‌ଘାଟନୀ ଉତ୍ସବରେ ବଲିଉଡ୍ ସେଲିବ୍ରିଟିମାନେ ପ୍ରଦର୍ଶନ କରିବା କାର୍ଯ୍ୟକ୍ରମ ରହିଛି।






PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS